

**କୁଲଦୀପ ସିରିଜ୍‌ର ଶ୍ରେଷ୍ଠ**

▸ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-109 ◆WEDNESDAY ◆15 OCTOBER 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୧୦୯ ◆ବୁଧବାର ◆୧୫ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦






indriya.com
ADITYA BIRLA
JEWELLERY
INDRIYA
ADITYA BIRLA | JEWELLERY
presents
alka
FESTIVE COLLECTION
ଏହି ପର୍ବର ଦିନରେ ଇନ୍ଦ୍ରିୟା ଷ୍ଟୋର୍ କୁ ଆସନ୍ତୁ
ଆଉ ଦେଖନ୍ତୁ ପ୍ରେମରେ ଝିଲିମିଲି ନୂଆ ଅଳକା କଲେକ୍ଶନ୍ କୁ ।
ତାହାର ଆଲୋକେ ପର୍ବଣ ହେବ ଅଧିକ ପ୍ରିୟ ।
ପ୍ରତି କ୍ଷଣରେ ଦୀପ୍ତି ହେଇଛି ପ୍ରିୟଜନଙ୍କର ସ୍ମିତା ।
ସୁନା, ପୋଲ୍କୀ ଓ ହୀରାର 20,000 ରୁ ଅଧିକ
ଡିଜାଇନ ଦେଖି ହୃଦୟରେ ଭରିଯିବ ଅସୀମ ପ୍ରେମର ସ୍ପନ୍ଦନ ।
ତଥାପି ମନ କହିବ, ମନ ଏବେବି ଭରି ନାହିଁ
ଷ୍ଟୋର୍ ଏବେ ଖୋଲାଥିବା ଠିକଣା: କ୍ରିଷ୍ଟାଲ୍ କୋର୍ଟୟାର୍ଡ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର



ଆଜିଠୁ ରଣଜୀ ଟ୍ରଫି
▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-109 ◆WEDNESDAY ◆15 OCTOBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୦୯ ◆ବୁଧବାର ◆୧୫ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


### ହିମାଳୟର ୮୬% ଅଞ୍ଚଳ ବରଫାବୃତ୍ତ

## ଆଗୁଆ ଆସିବ ଶୀତ, ଅଧିକ ଦିନ ରହିବ



■ ନୂଆଦିଲ୍ଲୀ/ଭୁବନେଶ୍ୱର, ୧୪।୧୦ (ସମିସ): ଚଳିତ ବର୍ଷ ଶୀଘ୍ର ମୌସୁମୀ ଆସିଥିଲା, ସ୍ୱାଭାବିକ ଭାବରେ ବର୍ଷିବା ସହ ଧାର୍ଯ୍ୟ ସମୟରେ ବିଦାୟ ନେଇଛି। ଅନ୍ୟପକ୍ଷରେ ଚଳିତ ବର୍ଷ ପୂର୍ବ ବର୍ଷଗୁଡ଼ିକ ତୁଳନାରେ ଶୀଘ୍ର ଆସିବ ଥଣ୍ଡା। ଏପରିକି ପୂର୍ବ ବର୍ଷଗୁଡ଼ିକ ତୁଳନାରେ ଚଳିତ ବର୍ଷ ଅଧିକ ଥଣ୍ଡା ପଡ଼ିବ ବୋଲି ପାଣିପାଗବିଜ୍ଞାନୀମାନେ ଆକଳନ କରୁଛନ୍ତି। ପ୍ରାୟ ୨ ମାସ ପୂର୍ବରୁ ହିମାଳୟ ଉପରାର୍ଦ୍ଧର ୮୬% ଅଞ୍ଚଳ ବରଫରେ ଆବୃତ୍ତ ହୋଇଛି ଓ ହିମାଳୟର ନିମ୍ନଭାଗ ଅଞ୍ଚଳର ତାପମାତ୍ରା ସ୍ୱାଭାବିକ ତାପମାତ୍ରାଠାରୁ ପ୍ରାୟ ୩ ଡ଼ିଗ୍ରୀ ପର୍ଯ୍ୟନ୍ତ କମ୍ ହୋଇଛି ଓ ବରଫ ତରଳିବା ହାର ପ୍ରାୟ ଶୂନ୍ୟକୁ ଖସି ଆସିଛି। ଡିସେମ୍ବରରେ ଲା ନିନା ସକ୍ରିୟ ହେବା ସମ୍ଭାବନା ଥିବାରୁ ଚଳିତବର୍ଷ ଭାରତରେ ଭଲ ବର୍ଷା ହୋଇଛି ଓ ଅଧିକ ଥଣ୍ଡା ପଡ଼ିବାର ଆଶଙ୍କା ସୃଷ୍ଟି ହୋଇଛି।

ହିମାଳୟର ଉପରାର୍ଦ୍ଧା ଅର୍ଥାତ୍ ୪ ହଜାର ଫୁଟ ଉଚ୍ଚରୁ ଅଧିକ ଅଞ୍ଚଳରେ ତାପମାତ୍ରା ଏବେ ବିଯୁକ୍ତ ୧୫ ଡ଼ିଗ୍ରୀ ରହିଛି। ଲା ନିନା କାରଣରୁ ଉତ୍ତର, ମଧ୍ୟ ଓ ପୂର୍ବ ଭାରତରେ ତାପମାତ୍ରା ଖୁବ୍ ଶୀଘ୍ର ୩ରୁ ୪ ଡ଼ିଗ୍ରୀ ପର୍ଯ୍ୟନ୍ତ କମିପାରେ ବୋଲି କୁହାଯାଉଛି। ହିମାଚଳ ପ୍ରଦେଶ, ସିକିମ, ଉତ୍ତରାଖଣ୍ଡ, ଜାମ୍ମୁକାଶ୍ମୀର ତାପମାତ୍ରା ଦ୍ରୁତ ବେଗରେ ହ୍ରାସ ପାଇଛି। ଏପରିକି ମଧ୍ୟପ୍ରଦେଶରେ ତାପମାତ୍ରା ୧୬ ଡ଼ିଗ୍ରୀ ଫସିଛି। ଭୋପାଳରେ ତାପମାତ୍ରା ସ୍ୱାଭାବିକଠାରୁ ୪ ଡ଼ିଗ୍ରୀ କମ୍ ହୋଇ ୧୫.୮ ଡ଼ିଗ୍ରୀକୁ ଖସିଛି। ରାଜସ୍ଥାନରେ ଦିନ ଓ ରାତିର ତାପମାତ୍ରା ମଧ୍ୟ ହ୍ରାସ ପାଇଛି । ରାତିର ତାପମାତ୍ରା ୧୫ ଡ଼ିଗ୍ରୀ ତଳକୁ ଖସିଥିବା ▶ପୃଷ୍ଠା-୧୦

# ୧୫.୬୭ ଲକ୍ଷ ହିତାଧିକାରୀଙ୍କ ଚାଉଳ ବନ୍ଦ

### ଗଞ୍ଜାମରୁ ସର୍ବାଧିକ ୧.୬୪ ଲକ୍ଷ ହିତାଧିକାରୀ ବାଦ
### କଟକରୁ ବାଦ୍ ୯୧ ହଜାର, ମୟୂରଭଞ୍ଜରୁ ୮୭ ହଜାର
### ବଲାଙ୍ଗିରରୁ ୮୩ ହଜାର, କଳାହାଣ୍ଡିରୁ ୮୨ ହଜାର ବାଦ
### କେନ୍ଦ୍ର ଦ୍ୱାହି ଦେଇ ହାତ ଟେକିଦେଲେ ଯୋଗାଣ ମନ୍ତ୍ରୀ



■ ଭୁବନେଶ୍ୱର, ୧୪।୧୦ (ସମିସ): ଆସନ୍ତା ମାସରୁ ରାଜ୍ୟର ୧୫.୬୭ ଲକ୍ଷ ହିତାଧିକାରୀଙ୍କୁ ମିଳିବ ନାହିଁ ମାଗଣା ଚାଉଳ। ଇ-କେୱାଇସି କରି ନ ଥିବା ଯୋଗୁଁ ସେମାନଙ୍କୁ ଚାଉଳ ମିଳିବ ନାହିଁ। ରାଜ୍ୟ ଖାଦ୍ୟ ଓ ଯୋଗାଣମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ଏପରି ସୂଚନା ପରେ ରାଜ୍ୟର ୧୫ ଲକ୍ଷରୁ ଊର୍ଦ୍ଧ୍ୱ ଗରିବ ହିତାଧିକାରୀଙ୍କ ମୁଣ୍ଡରେ ଚଡ଼କ ପଡ଼ିଛି। ମନ୍ତ୍ରୀ ଶ୍ରୀ ପାତ୍ରଙ୍କ ସୂଚନା ଅନୁସାରେ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୧୫ ଲକ୍ଷ ୬୭ ହଜାର ହିତାଧିକାରୀ କେୱାଇସି କରିନାହାନ୍ତି। କେନ୍ଦ୍ର ସରକାର ଇ-କେୱାସି ପ୍ରକ୍ରିୟା ବନ୍ଦ କରିଦେଇଛନ୍ତି। କେୱାଇସି କରି ନ ଥିବା ଲୋକଙ୍କୁ ଚଳିତ ମାସ ଚାଉଳ ପ୍ରଦାନ କରାଯାଇଛି; ମାତ୍ର ଶୀଘ୍ର ଏହି ଚାଉଳ ପ୍ରଦାନ ବନ୍ଦ କରିଦିଆଯିବ। ଆଗାମୀ ଦିନରେ ଯଦି କେନ୍ଦ୍ର ସରକାର ଇ-କେୱାଇସି ଅବଧି ବଢ଼ାଇବେ, ତେବେ ଆମେ ମଧ ଏହି ଅବଧି ବଢ଼ାଇବୁ। ଯଦି କିଏ ବାଦ୍ ରହିଯାଇଥିବ, ତେବେ ସେମାନଙ୍କୁ ଲିଖିତ ଭାବେ ଦେବାକୁ ପଡିବ। ତାପରେ ଯାଇ ଆମେ ସେମାନଙ୍କ କଥା ବିଚାର କରିବୁ ବୋଲି ମନ୍ତ୍ରୀ କହିଛନ୍ତି।

ରାସନ କାର୍ଡରେ ଥିବା କିମ୍ବା ପରିବାର ସମସ୍ତ ସଦସ୍ୟଙ୍କୁ ଆଉ ଥରେ କେୱାଇସି କରିବା ବାଧ୍ୟତାମୂଳକ କରାଯାଇଥିଲା। ହେଲେ ଧାର୍ଯ୍ୟ ତାରିଖ ବିତିଯାଇଥିଲେ ମଧ ବର୍ତ୍ତମାନ ସୁଦ୍ଧା ଲକ୍ଷ ଲକ୍ଷ ଯୋଗ୍ୟ ହିତାଧିକାରୀ ଇ-କେୱାଇସି ▶ପୃଷ୍ଠା-୧୦

## ରୁପା ୨ ଲକ୍ଷ ପାର୍

### ସପ୍ତାହକରେ ୩୩ ହଜାର ମହଙ୍ଗା

■ ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ଇତିହାସ ରଚିଲାଣି ସୁନା ଓ ରୁପା ଦର। ଦୈନିକ ଦରରେ ନୂଆ ରେକର୍ଡ ପ୍ରତିଷ୍ଠା ହେଉଛି। ସୋମବାର ଘରୋଇ ବଜାରରେ ପୁନର୍ବାର ସୁନା ଏବଂ ରୂପା ମୂଲ୍ୟ ରେକର୍ଡ ସ୍ତରରେ ପହଞ୍ଚିଛି। ହେଲେ ଦର ବୃଦ୍ଧି କ୍ଷେତ୍ରରେ ବର୍ତ୍ତମାନ ସୁନା ଦରକୁ ବଳିଯାଉଛି ରୁପା ଦର। ରକେଟ୍ ଭଳି ଉଠିବାରେ ଲାଗିଛି ରୁପା ଦର। ଏମିତିକି ମାତ୍ର ଗୋଟିଏ ଦିନରେ ରୁପା କିଲୋ ପିଛା ୭ ହଜାର ଟଙ୍କାରୁ ଅଧିକ ବୃଦ୍ଧି ଘଟିଛି। ଫଳରେ ପ୍ରଥମ ଥର ପାଇଁ ଦେଶରେ ରୁପା ଦର ୨ ଲକ୍ଷ ଟଙ୍କା ଟପି ଇତିହାସ ରଚିଛି। ଏଥିରେ ସୋମବାର ରାଜଧାନୀ ଭୁବନେଶ୍ୱରରେ ▶ପୃଷ୍ଠା-୧୦

### ବୈଷ୍ଣୋଦେବୀରୁ ଫେରିବାବେଳେ ଦୁର୍ଘଟଣା

## ସୋନପୁରର ୩ ଶ୍ରଦ୍ଧାଳୁ ମୃତ




■ ତରଭା, ୧୪।୧୦ (ସମିସ): ଜମ୍ମୁ-କାଶ୍ମୀରର ପ୍ରସିଦ୍ଧ ଦେବୀପୀଠ ବୈଷ୍ଣୋଦେବୀଙ୍କ ଦର୍ଶନ ପାଇ ଯାଇଥିବା ସୋନପୁରର ୩ଶ୍ରଦ୍ଧାଳୁଙ୍କ ସେଠାରେ ଏକ ମର୍ମନ୍ତୁଦ ଦୁର୍ଘଟଣାରେ ମୃତ୍ୟୁ ହୋଇଯାଇଛି। ମୃତକମାନେ ହେଲେ, ତରଭାର ବିଚିତ୍ର କୁମାର ସାହୁ (୬୬), ତାଙ୍କ ପତ୍ନୀ କବିତା ସାହୁ(୫୮) ଓ ବନ୍ଧୁ ଯୋଗିନ୍ଦ୍ର ମଟାରୀ (୬୬)। ଆଜି ସକାଳେ ଏହି ଦୁଃଖଦ ଘଟଣା ଘଟିଛି। ଏମାନେ ଏକ ଅଟୋରେ ଜାମ୍ମୁ-କଟରା ଏକ୍ସପ୍ରେସ୍-ୱେରେ ଯାଉଥିବା ବେଳେ ଏକ ବୁଲାଣିରେ ବିପରୀତ ଦିଗରୁ ଦ୍ରୁତ ଗତିରେ ଆସୁଥିବା ଏକ ବସ୍ ଧକ୍କା ଦେଇଥିଲା। ଏଥିରେ ସ୍ଥାନୀୟ ଅଟୋ ଚାଳକଙ୍କ ମଧ ମୃତ୍ୟୁ ଘଟିଛି। ସୂଚନାନୁଯାୟୀ, ତରଭାର ବିଚିତ୍ର ଓ ଯୋଗିନ୍ଦ୍ରଙ୍କ ପରିବାର ମିଳିତ ଭାବେ ଗତ ୧୧ ତାରିଖରେ ବୈଷ୍ଣୋଦେବୀ ଦର୍ଶନ ପାଇଁ ଯାଇଥିଲେ। ସାଥିରେ ବିଚିତ୍ରଙ୍କ ପତ୍ନୀ କବିତା ଓ ଯୋଗିନ୍ଦ୍ରଙ୍କ ପତ୍ନୀ ସ୍ନେହଲତା ▶ପୃଷ୍ଠା-୧୦

### ଦୀପାବଳିରେ ବାଣଫୁଟା ମାର୍ଗଦର୍ଶିକା ଜାରି

## ଜଗିବ କିଏ ? ମାପିବ କିଏ ?

■ ଭୁବନେଶ୍ୱର, ୧୪।୧୦ (ସମିସ): ଏଥର ଦୀପାବଳିରେ ମାତ୍ର ୨ ଘଣ୍ଟା ବାଣ ଫୁଟାଯାଇ ପାରିବ, ତାହା ପୁଣି ସବୁଜ ବାଣ। ଏଥିପାଇଁ ପୁଣି ସର୍ତ୍ତ ରହିଛି ଯେ ଏହି ବାଣର ଶବ୍ଦ ୧୨୫ ଡ଼େସିବେଲରୁ ଅଧିକ ହେବ ନାହିଁ। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଅନୁରୂପ ମାର୍ଗଦର୍ଶିକା ଜାରି କରିଛି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ। ଏହା ସହ ଯେଉଁମାନେ ଏହି ନିୟମ ନ ମାନିବେ, ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ମଧ ଚେତାବନୀ ଦିଆଯାଇଛି। ମାତ୍ର ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଜାରି କରିଥିବା ଏହି ନିର୍ଦ୍ଦେଶକୁ ନେଇ ମଧ ସ୍ୱାଭାବିକ ପ୍ରଶ୍ନ ଉଠିଛି। ଧାର୍ଯ୍ୟ ସମୟ ମଧରେ ବାଣ ଫୁଟାଯିବା ବେଳେ ଏହାର ଡେସିବେଲ କିଏ ମାପିବ ଏବଂ ୭ଟା ପୂର୍ବରୁ ଓ ୯ଟା ପରେ ବାଣଫୁଟାକୁ କିଏ ଜଗିବ ବୋଲି ପ୍ରଶ୍ନ ଉଠିଛି।

ବିଭାଗ ପକ୍ଷରୁ ଜାରି ନିର୍ଦ୍ଦେଶନାମାରେ କୁହାଯାଇଛି ଯେ ସବୁଜ ବାଣ ବ୍ୟତୀତ ▶ପୃଷ୍ଠା-୧୦



**ସନ୍ଧ୍ୟା ୭ଟାରୁ ୯ଟା ପର୍ଯ୍ୟନ୍ତ ଫୁଟାଯିବ ବାଣ**

**୧୨୫ ଡେସିବେଲରୁ ଅଧିକ ହେବନି ଶବ୍ଦ**

**ନିୟମ ନ ମାନିଲେ କାର୍ଯ୍ୟାନୁଷ୍ଠାନ ଚେତାବନୀ**





| MODEL | 125 CF | NS 125 | 150 | N160 | NS 160 | NS 200 |
|---|---|---|---|---|---|---|
| 100% GST ଲାଭ | ₹7 963/-* | ₹9 240/-* | ₹10 059/-* | ₹11 424/-* | ₹11 636/-* | ₹12 943/-* |
| PF + ବୀମା ସଞ୍ଚୟ | ₹2 900/-* | ₹3 300/-* | ₹3 600/-* | ₹4 200/-* | ₹4 200/-* | ₹4 800/-* |
| ହ୍ୟାଟ୍-ଟ୍ରିକ୍ ସଞ୍ଚୟ | ₹10 863/-* | ₹12 540/-* | ₹13 659/-* | ₹15 624/-* | ₹15 836/-* | ₹17 743/-* |

10 YEAR WARRANTY
BAJAJ SECURE • AMC • ROAD SIDE ASSISTANCE
72198 21111
HDFC BANK | SHRIRAM Finance | IDFC FIRST Bank ALWAYS YOU FIRST | BAJAJ AUTO CREDIT | L&T Finance | TATA CAPITAL Two Wheeler Loans

*ସର୍ତ୍ତ ଓ ନିୟମାବଳୀ ଲାଗିବ । ହ୍ୟାଟ୍-ଟ୍ରିକ୍ ସେଭିଙ୍ଗସ 22 ସେପ୍ଟେମ୍ବର 2025 ରୁ ବୈଧ । ମୋଟ ସଞ୍ଚୟରେ ଅଛି 100% GST ଲାଭ (ଏକ୍ସ-ଶୋରୁମ୍ ମୂଲ୍ୟ ଓ ପ୍ରଯୁଜ୍ୟ RTO କର ରେ), ନିଲ୍ ପ୍ରୋସେସିଙ୍ଗ ଫୀ, ଆଉ 1-ବର୍ଷର ଓନ୍ ଡ୍ୟାମେଜ୍ ଇନ୍ସ୍ୟୋରାନ୍ସ । ଫାଇନାନ୍ସର୍/ଇନ୍ସ୍ୟୋରର୍ ଆଉ ଲୋକେଶନ୍ ଅନୁସାରେ ନିଲ୍ PF ଆଉ OD ରେ ସଞ୍ଚୟ ଭିନ୍ନ ହୋଇପାରେ । ଫାଇନାନ୍ସର୍ ଙ୍କ ନିଜସ୍ୱ ବିବେଚନା ଆଧାରରେ ଫାଇନାନ୍ସ । 5 ବର୍ଷର ଷ୍ଟାଣ୍ଡାର୍ଡ ୱାରେଣ୍ଟୀ + 5 ବର୍ଷର ଏକ୍ସଟେଣ୍ଡେଡ୍ ୱାରେଣ୍ଟୀ @ ₹999/- । ପ୍ରଦର୍ଶିତ ଷ୍ଟଣ୍ଟଗୁଡ଼ିକ ଏକ୍ସପର୍ଟ ମାନଙ୍କ ଦ୍ୱାରା, ପେଶାଦାରମାନଙ୍କ ତତ୍ତ୍ୱାବଧାନରେ, ନିୟନ୍ତ୍ରିତ ପରିବେଶରେ କରାଯାଇଛି । ନକଲ କରିବାର ଅପଚେଷ୍ଟା କରନ୍ତୁ ନାହିଁ, ସବୁବେଳେ ଟ୍ରାଫିକ୍ ଓ ସେଫ୍ଟୀ ନିୟମଗୁଡ଼ିକ ପାଳନ କରନ୍ତୁ ।

**Authorised Dealers for BAJAJ Auto Ltd.: Sambalpur: UJJWAL BAJAJ 9853155550, Sonepur UJJWAL BAJAJ 9348711920 • Bargarh UJJWAL BAJAJ 9124042012 • Keonjhar JR BAJAJ 9937697094 / 9439008692• Angul: JAMUNA BAJAJ 7682899351 Chendipada 9692646493 • Rourkela** RM BAJAJ 9078083803 • **Sundergarh** RM BAJAJ 9078083500 • **Bolangir** URBASI BAJAJ 7381052046 • **Bhawanipatna** KALINGA AUTO SERVICE 8763863692 • **Jharsuguda UTKAL BAJAJ** 9337200356.

# ଆଇଆଇଏମ୍ ସମ୍ବଲପୁର ପକ୍ଷରୁ ଦିଲ୍ଲୀ ଚାପ୍ଟର ଅଫ୍ ଆଇ-ହବ୍ ଫାଉଣ୍ଡେସନ ଘୋଷଣା

ସମ୍ବଲପୁର,୧୪।୧୦(ସମିସ)

ଆଇଆଇଏମ ସମ୍ବଲପୁର ବିକଶିତ ଭାରତ ୨୦୪୭ ପାଇଁ ଭାରତର ଦୃଷ୍ଟିକୋଣ ସହିତ ସମନ୍ୱିତ ହୋଇ ଏହାର ନୂତନ ଉଦ୍ୟୋଗ କେନ୍ଦ୍ର ଆଇ-ହବ୍ ଫାଉଣ୍ଡେସନର ଦିଲ୍ଲୀ ଚାପ୍ଟର ଆରମ୍ଭ କରିବାକୁ ଘୋଷଣା କରିଛି। ଆଇଆଇଏମ ସମ୍ବଲପୁର ଦ୍ୱାରା ସ୍ଥାପିତ ଆଇ-ହବ୍ ଫାଉଣ୍ଡେସନର ଲକ୍ଷ୍ୟ ହେଉଛି ଉଦ୍ୟୋଗୀ, ଆଲୁମିନି ଏବଂ ଶିଳ୍ପ ଅଂଶୀଦାରମାନଙ୍କୁ ଯୋଡ଼ିବା। ଏହା ନୀତିନିର୍ମାତା, ନିବେଶକ ଏବଂ କର୍ପୋରେଟ ଲିଡରମାନଙ୍କ ପାଇଁ ନୂତନତ୍ୱ, ଇନକ୍ୟୁବେସନ ଏବଂ ନିବେଶ ସୁଯୋଗ ବୃଦ୍ଧି କରି ଉଦ୍ୟୋଗୀ କାର୍ଯ୍ୟକଳାପକୁ ପ୍ରୋତ୍ସାହନ ଦେବ। ଏହି ଉଦ୍‌ଘାଟନ ଆଇଆଇଏମ ସମ୍ବଲପୁରର ଦିଲ୍ଲୀ କ୍ୟାମ୍ପସରେ ଆୟୋଜିତ ବାର୍ଷିକ ବ୍ୟବସାୟ ସମ୍ମିଳନୀ ମର୍ମଗ୍ୟା ୧୦.୦ର ଲୋକାର୍ପଣ ସମାରୋହରେ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଓଏନଡିସିର ଭାରପ୍ରାପ୍ତ ସିଇଓ ଓ ସିଏଫଓ ବିଭୋର ଜୈନ, ସମ୍ମାନିତ ଅତିଥି ଭାବେ ଆଇଟିସିର ମାନବସମ୍ବଳ ମୁଖ୍ୟ ଅଲତାଫ ହୁସେନ ଓ ମୁଖ୍ୟବକ୍ତା ଭାବେ ମାଇକ୍ରୋସଫ୍ଟ ଏସିଆର ବରିଷ୍ଠ ନିର୍ଦ୍ଦେଶକ




(କଷ୍ଟମ କନସଲଟିଂ) ଫରହାନା ହକ୍ ଉପସ୍ଥିତ ଥିଲେ।

ଆଇଆଇଏମ ସମ୍ବଲପୁରର ନିର୍ଦ୍ଦେଶକ ପ୍ରଫେସର ମହାଦେବ ଜୟସ୍ୱାଲ କହିଛନ୍ତି ଯେ, ଆଇ-ହବ୍ ଫାଉଣ୍ଡେସନର ଦିଲ୍ଲୀ ଚାପ୍ଟର ନୂତନତ୍ୱ ପାଇଁ ଏକ ସଂଯୁକ୍ତ, ସହଯୋଗୀ ବ୍ୟବସ୍ଥା ସୃଷ୍ଟି କରିବା ଦିଗରେ ଆମ ଯାତ୍ରାରେ ଏକ ନୂଆ ଅଧ୍ୟାୟ। ଉଦ୍ୟମିତା ଆଇଆଇଏମ ସମ୍ବଲପୁରର ମିଶନରେ ମୂଳ ସ୍ଥାନ ରହିଛି ଏବଂ ଏହି ବିସ୍ତାର ଆମ ଆଲୁମିନି ଓ ନୂତନତ୍ୱ ସୃଷ୍ଟିକାରୀମାନଙ୍କୁ ବିକଶିତ ଭାରତ ୨୦୪୭ର ଆତ୍ମା ସହିତ ଜାତୀୟ ପ୍ରଗତିରେ ଯୋଗଦାନ କରିବାକୁ ସଶକ୍ତ କରୁଛି। ଆଇ-ହବ୍ ଫାଉଣ୍ଡେସନ, ଆଇଆଇଏମ ସମ୍ବଲପୁରର ସିଇଓ-ଇନ-ଚାର୍ଜ ପ୍ରଫେସର ଅତୁଲ ପ୍ରସାର କହିଛନ୍ତି ଯେ, ଆଲୁମିନି ଇନକ୍ୟୁବେସନ ସ୍କିମ ଏକ ପ୍ଲାଟଫର୍ମରୁ ଅଧିକ। ଏହା ଧାରଣାଗୁଡ଼ିକୁ ପ୍ରଭାବରେ ପରିଣତ କରିବା ପାଇଁ ଏକ ପ୍ରତିବଦ୍ଧତା। ଆମ ଉଦ୍ୟୋଗୀମାନଙ୍କୁ ସଠିକ ମେଣ୍ଟର ଏବଂ ନିବେଶକମାନଙ୍କ ସହ ସଂଯୋଗ କରି ଆମେ ଆଇଆଇଏମ ସମ୍ବଲପୁର ସମୁଦାୟରୁ ସ୍ଥାୟୀ, ଉଦ୍ଦେଶ୍ୟ ଦ୍ୱାରା ପରିଚାଳିତ ଷ୍ଟାର୍ଟଅପମାନଙ୍କ ଏକ ନୂଆ ତରଙ୍ଗକୁ ସକ୍ଷମ କରୁଛୁ।

ଆଇ-ହବ୍ ଫାଉଣ୍ଡେସନ ପ୍ରଥମ ଉଦ୍ୟୋଗ ଭାବେ ଆଲୁମିନି ଇନକ୍ୟୁବେସନ ସ୍କିମ ଘୋଷଣା କରିଛି ଯାହା ଆଇଆଇଏମ ସମ୍ବଲପୁର ଆଲୁମିନିଙ୍କ ଦ୍ୱାରା ପ୍ରତିଷ୍ଠିତ ଷ୍ଟାର୍ଟଅପମାନଙ୍କୁ ପ୍ରୋତ୍ସାହନ ଦେବା ପାଇଁ ଏକ ନିର୍ଦ୍ଦିଷ୍ଟ ପ୍ଲାଟଫର୍ମ। ଏହି ଯୋଜନା ଆତ୍ମନିର୍ଭର ଭାରତ ପାଇଁ ଉଦ୍ୟୋଗୀ ନେତୃତ୍ୱର ପଥ ପ୍ରଶସ୍ତ କରିବ, ମେଣ୍ଟରସିପ, ଫଣ୍ଡିଂ ନେଟୱାର୍କ ଏବଂ ନିବେଶକ ଅଂଶୀଦାରୀ ମାଧ୍ୟମରେ ଉଦୀୟମାନ ବ୍ୟବସାୟୀ ମାନଙ୍କୁ ସହାୟତା ପ୍ରଦାନ କରିବ।

## କାର୍ ଧକ୍କାରେ ବୃଦ୍ଧଙ୍କ ମୃତ୍ୟୁ

କୁଚିଣ୍ଡା,୧୪।୧୦(ସମିସ): କୁଚିଣ୍ଡା ଥାନା ଅଧିନସ୍ଥ ଆଖଡ଼ାଦାଣ୍ଡ ଗ୍ରାମର ସୁରସିଂ କୁମୁରା(୬୫) ପୂର୍ବାହ୍ନ ୧୧ଟା ସମୟର ବିଞ୍ଜିପାଲି ଗ୍ରାମର ସୌଭାଗ୍ୟ ତ୍ରିପାଠୀଙ୍କ ଘରକୁ ଧାନକୁ ପେଶାଇବା ପାଇଁ ଯାଇଥିଲେ। ତାଙ୍କ ଦୋକାନରୁ କିଛି କିଣି ଫେରୁଥିବା ବେଳେ ସୌଭାଗ୍ୟ ତ୍ରିପାଠୀ ନୂତନ ଭାବେ ମାରୁତି କାର୍ ନଂ ଓଡ଼ି୧୫ଏଡି ୨୧୧୭ କିଣି ଶିଖୁଥିବା ବେଳେ ଘର ଆଗରେ ବୃଦ୍ଧସୁରସିଂ କୁମୁରାଙ୍କୁ ଧକ୍କା ଦେବା ଫଳରେ ସେହି ସ୍ଥାନରେ ତାଙ୍କର ମୃତ୍ୟୁ ଘଟିଯାଇଥିବା। ଦୁର୍ଘଟଣାକୁ ଏଡ଼ାଇବା ପାଇଁ ସୌଭାଗ୍ୟ କରି ମୃତ ସୁରସିଂଙ୍କୁ ତୁରନ୍ତ ଲଇଡା ଡାକ୍ତରଖାନାକୁ ନେଇ ସେଠାରେ ମୃତକଙ୍କ ପରିବାର ଲୋକଙ୍କୁ ଡକାଇ ପୁଲିସକୁ ନ ଜଣାଇ ଘଟଣାକୁ ଚପାଇ ଦେବାର ଯୋଜନା ଚଳାଇଥିଲେ। ଦୁର୍ଘଟଣା ଖବର ଜାଣି ଲଇଡ଼ା ଡାକ୍ତରଖାନା ପକ୍ଷରୁ ସ୍ଥାନୀୟ ପୁଲିସକୁ ଖବର ଦେଇଥିଲେ। ସ୍ଥାନୀୟ ପୁଲିସ ତୁରନ୍ତ ଶବ ବ୍ୟବଚ୍ଛେଦ କଥା ଜାଣିବା ପରେ କୁଚିଣ୍ଡା ପୁଲିସକୁ ଖବର ଦେଇଥିଲା। କୁଚିଣ୍ଡା ପୁଲିସ ପହଞ୍ଚି ଶବ ଜବତ କରିବା ସହ ତୁରନ୍ତ ବ୍ୟବଚ୍ଛେଦ ପାଇଁ କୁଚିଣ୍ଡା ଡାକ୍ତରଖାନାକୁ ପଠାଇ ଥିଲେ। ଅଧିକ ତଥ୍ୟ ସଂଗ୍ରହ ପାଇଁ କୁଚିଣ୍ଡା ପୁଲିସ ବିଂଜିପାଲି ଗ୍ରାମକୁ ଯାଇ ଦୁର୍ଘଟଣାସ୍ଥଳ ପରିଦର୍ଶନ କରିବା ସହ ଦୁର୍ଘଟଣା ଘଟାଇ ଥିବା ଗାଡ଼ିକୁ ଜବତ କରି କୁଚିଣ୍ଡା ଥାନାକୁ ଆଣିଥିଲା। କିନ୍ତୁ ଶିଖୁଥିବା ଗାଡ଼ି ମାଲିକ ସୌଭାଗ୍ୟ ତ୍ରିପାଠୀଙ୍କ ବିରୋଧରେ ଏଯାଏଁ କିଛି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନଥିବା ଜଣାପଡିଛି। ଜଣେ ବ୍ୟକ୍ତିଙ୍କୁ ଦୁର୍ଘଟଣା ଘଟାଇ ମାରି ଦିଆଗଲା ହେଲେ ଉକ୍ତ ଚାଳକ ପ୍ରତି କୌଣସି ସେମିତି ଆଖି ଦୃଶିଆ ପଦକ୍ଷେପ ଗ୍ରହଣ କରାନଯିବାରୁ ପୁଲିସ କାର୍ଯ୍ୟକଳାପକୁ ନେଇ ନାନା ସନ୍ଦେହ ସୃଷ୍ଟି ହେବାର ଲାଗିଛି।ଏନେଇ କୁଚିଣ୍ଡା ଥାନା କେସ ନଂ ୨୮୭/୨୫ରେ ମାମଲା ରୁଜୁ କରି କୁଚିଣ୍ଡା ଡାକ୍ତରଖାନାରେ ଶବବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି।

● ବେଆଇନ ମାଟି ଚୋରାଚାଲାଣ

## ଜେସିବି ଓ ହାଇୱା ଜବତ, ଜଣେ ଅଟକ

ସମ୍ବଲପୁର, ୧୪।୧୦(ସମିସ): ଅଇଁଠାପାଲି ଥାନା ଅନ୍ତର୍ଗତ ସମ୍ବଲପୁର ସିଟି ଷ୍ଟେସନ ନିକଟରେ ଏକ ସରକାରୀ ଜାଗାରୁ ବେଆଇନ ଭାବେ ମାଟି ଚୋରାଚାଲାଣ ହେଉଥିବାବେଳେ ରାଜସ୍ୱ ବିଭାଗ ଓ ପୁଲିସ ଚଢ଼ଉ କରିଛି। ମଙ୍ଗଳବାର ରାତିରେ ସିଟି ଷ୍ଟେସନ ପଛପଟେ ଥିବା ସରକାରୀ ଜମିରେ ବେଆଇନ ଭାବରେ ମାଟି ଖନନ ସହ ଚାଲାଣ ହେଉଥିବା ନେଇ ଖବର ମିଳିଥିଲା। ସଦର ତହସିଲଦାର ଓ ଅଇଁଠାପାଲି ପୁଲିସ ସେହି ସ୍ଥାନକୁ ଯାଇଥିଲେ। ଚଢ଼ଉ ସମୟରେ ପୁଲିସ ଘଟଣାସ୍ଥଳରୁ ଦୁଇଟି ହାଇୱା ସହ ଏକ ଜେସିବି ମେସିନ ଜବତ କରିଛି। ସଦର ତହସିଲଦାର ଅଭିଜିତ ମହନ୍ତ କହିଛନ୍ତି ଯେ, ସିଟି ଷ୍ଟେସନ ପଛପାଖରେ ନାଳପାଶ୍ୱର୍ ଜମିରୁ ମାଟି ଖୋଳି ଚାଲାଣ ହେଉଥିବା ନେଇ ଖବର ମିଳିଥିଲା।

ଏହାପରେ ପୁଲିସ ସହ ଚଢ଼ଉ କରାଯାଇଥିଲା। ଦୁଇଟି ହାଇୱା ଓ ଗୋଟିଏ ଜେସିବି ଜବତ ହୋଇଥିବାବେଳେ କାର୍ଯ୍ୟାନୁଷ୍ଠାନ ଗ୍ରହଣ ପାଇଁ ତାହାକୁ ଖଣି ବିଭାଗକୁ ହସ୍ତାନ୍ତର କରଯାଇଥିବା ତହସିଲଦାର ଶ୍ରୀ ମହନ୍ତ ସୂଚନା ଦେଇଛନ୍ତି। ସଦର ଏସଡିପିଓ ତୋଫାନ ବାଗ କହିଛନ୍ତି ଯେ, ଗତରାତିରେ ମାଟିଖୋଳି ଚୋରାଚାଲାଣ ଖବର ପାଇବାପରେ ଅଇଁଠାପାଲି, ଧନୁପାଲି ଓ ସଦର ପୁଲିସର ଟିମ୍ ଘଟଣାସ୍ଥଳରେ ପହଞ୍ଚିଥିଲେ। ସେଠାରୁ ୨ଟି ହାଇୱା ଓ ଗୋଟିଏ ଜେସିବି ଜବତ କରାଯାଇଛି। ସୋନାପାଲି ଅଞ୍ଚଳର ଏଥିରେ ସମ୍ପୃକ୍ତ ଜଣେ ବ୍ୟକ୍ତିଙ୍କୁ ପୁଲିସ ଅଟକ ରଖି ପଚରାଉଚୁରା କରାଯାଉଛି। ତହସିଲଦାର ଓ ଖଣି ବିଭାଗକୁ ସୂଚନା ଦିଆଯାଇଛି ସେମାନେ ଆଇନଗତ ବ୍ୟବସ୍ଥା ଅନୁଯାୟୀ ଜୋରିମାନା କରିବେ ବୋଲି ସେ କହିଛନ୍ତି।

## 'ଲକ୍ଷ୍ମୀନାଥ ବେଜବରୁଆ ଓ ସମ୍ବଲପୁର' ପୁସ୍ତକ ଉନ୍ମୋଚିତ




ସମ୍ବଲପୁର, ୧୪।୧୦(ସମିସ): ସାହିତ୍ୟରଥୀ ଲକ୍ଷ୍ମୀନାଥ ବେଜବରୁଆଙ୍କ ୧୬୧ତମ ଜୟନ୍ତୀ ଅବସରରେ ଆଜି ସାଧନା ଗୃହରେ ଅନୁଷ୍ଠିତ ସଭାରେ ନ୍ୟାସନାଲ ବୁକ୍ ଟ୍ରଷ୍ଟ ଦ୍ୱାରା ପ୍ରକାଶିତ ଦୀପକ କୁମାର ପଣ୍ଡାଙ୍କ 'ଲକ୍ଷ୍ମୀନାଥ ବେଜବରୁଆ ଓ ସମ୍ବଲପୁର' ପୁସ୍ତକ ଉନ୍ମୋଚିତ ହୋଇଯାଇଛି। ବେଜବରୁଆ ସ୍ମୃତି ରକ୍ଷା କମିଟି ସଦସ୍ୟ ସୂର୍ଯ୍ୟ ପାଣିଗ୍ରାହୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଭାରେ କବି ସୌଭାଗ୍ୟବନ୍ତ ମହାରଣା ମୁଖ୍ୟଅତିଥି, ସାମ୍ବାଦିକ କିଶୋର ସାହୁ ମୁଖ୍ୟବକ୍ତା ଏବଂ ଡଃ ପ୍ରଦୀପ ପଣ୍ଡା, ଡଃ ସତ୍ୟନାରାୟଣ ଠାକୁର, ପ୍ରଶାନ୍ତ ମାଝୀ, ପ୍ରଦୀପ ପାଣିଗ୍ରାହୀ ପ୍ରମୁଖ ସମ୍ମାନୀତ ଅତିଥି ଭାବେ ଯୋଗ ଦେଇଥିଲେ। ଲେଖକ ଶ୍ରୀ ପଣ୍ଡା କହିଥିଲେ ଯେ, ଏହି ପୁସ୍ତକରେ ସମ୍ବଲପୁରରେ ବେଜବରୁଆଙ୍କ ସାହିତ୍ୟିକ ଓ ସାମାଜିକ ଜୀବନ ଉପରେ ଆଲୋକପାତ କରାଯାଇଛି। ସମ୍ବଲପୁର ମ୍ୟୁନିସିପାଲିଟିର ଜଣେ କାଉନସିଲର, ଜଣେ ନାଟ୍ୟ ଅଭିନେତା ଓ ଜଣେ ଅଗ୍ରଣୀ ଲେଖକ ଭାବରେ ସମ୍ବଲପୁରରେ ତାଙ୍କ ଜୀବନର ଗତିବିଧିର ଚର୍ଚ୍ଚା କରାଯାଇଛି। ବେଜବରୁଆଙ୍କ ରଚିତ ଗଳ୍ପ ଗୁଡ଼ିକରେ ସମ୍ବଲପୁର ଅଞ୍ଚଳର ସାମାଜିକ ଜୀବନ ପ୍ରତିଫଳନ ହେବା ଉଲ୍ଲେଖନୀୟ ବୋଲି ଅତିଥିମାନେ ମତ ରଖିଥିଲେ। ଶେଷରେ କମଳ ଲୋଚନ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

## କୌଶଳ ବିକାଶ ଯାତ୍ରା ଏବଂ ଏଆଇ ସାକ୍ଷରତା ମିଶନ



ସମ୍ବଲପୁର, ୧୪।୧୦ (ସମିସ): ଆଇସେକ୍ଟ ଓଡ଼ିଶା ଶାଖା ଓ ଏନ୍‌ଏସ୍‌ସିବି ମହାବିଦ୍ୟାଳୟର ମିଳିତ ଉଦ୍ୟମରେ କୌଶଳ ବିକାଶ ଯାତ୍ରା ଏବଂ ଏଆଇ ସାକ୍ଷରତା ମିଶନ ଆୟୋଜିତ ହୋଇଯାଇଛି। ଏଥିରେ ମାଗଣା ଏଆଇ ସେମିନାର, କର୍ମଶାଳା, କ୍ୟାରିଅର ପରାମର୍ଶ ଅଧିବେଶନ ଏବଂ ବୈଷୟିକ ପ୍ରଦର୍ଶନ ଆୟୋଜନ କରାଯାଇଥିଲା। ଆଇସେକ୍ଟ ମୁଖପାତ୍ର ସନ୍ତୋଷ ଚୋବେ କହିଛନ୍ତି, ଦକ୍ଷତା ବିକାଶ ଯାତ୍ରା ୨୦୨୫ କେବଳ ଏକ ଶିକ୍ଷାଗତ ଅଭିଯାନ ନୁହେଁ, ବରଂ ଯୁବପିଢ଼ିଙ୍କୁ ଭବିଷ୍ୟତର ପ୍ରଯୁକ୍ତିବିଦ୍ୟା ସହିତ ସଂଯୋଗ କରିବା, ନିଯୁକ୍ତି-ମୁଖୀ ଶିକ୍ଷା ପ୍ରଦାନ କରିବା ଏବଂ ଭାରତକୁ ଏକ ବିକଶିତ ରାଷ୍ଟ୍ର କରିବା ପାଇଁ ଏକ ପଦକ୍ଷେପ। କାର୍ଯ୍ୟକ୍ରମରେ ଏନ୍‌ଏସସିବି କଲେଜ ଅଧ୍ୟକ୍ଷ ଡଃ ପ୍ରଦୀପ ହରପାଲ ଓ ଆଇସେକ୍ଟ ସମ୍ବଲପୁର ଅଧ୍ୟକ୍ଷ ପ୍ରଶାନ୍ତ ମିଶ୍ର ଉପସ୍ଥିତ ଥିଲେ। ଆଇସେକ୍ଟ ଓଡ଼ିଶା କ୍ଷେତ୍ରୀୟ ସଂଯୋଜକ ରଞ୍ଜିତ ସାହୁ ଉପସ୍ଥିତ ଛାତ୍ରଛାତ୍ରୀଙ୍କୁ ଏଆଇର ଭବିଷ୍ୟତ ଆବଶ୍ୟକତା ଉପରେ ବୁଝାଇଥିଲେ। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧ୍ୟାପକ ଅଧ୍ୟାପିକା ମାନେ ଯୋଗ ଦେଇଥିଲେ।

## କୃତ୍ରିମ ଗହଣା ତିଆରି ପ୍ରଶିକ୍ଷଣ କେନ୍ଦ୍ର ଉଦ୍‌ଘାଟିତ



ସମ୍ବଲପୁର, ୧୪।୧୦(ସମିସ): ସମ୍ବଲପୁର ଜିଲ୍ଲା ରେଙ୍ଗାଲି ବ୍ଲକ କଟାପାଲିଠାରେ କୃତ୍ରିମ ଗହଣା ତିଆରି ପ୍ରଶିକ୍ଷଣ କେନ୍ଦ୍ର ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦରଙ୍କ ଦ୍ୱାରା ଆଜି ଉଦ୍‌ଘାଟିତ ହୋଇଯାଇଛି। ଏହାର ଉଦ୍ଦେଶ୍ୟ ସ୍ୱୟଂ ସହାୟତା ଗୋଷ୍ଠୀ (ଏସ୍‌ଏଚ୍‌ଜି) ସଦସ୍ୟାଙ୍କୁ ବ୍ୟବସାୟିକ କୌଶଳ ଦ୍ୱାରା ସଶକ୍ତ କରିବା। ଏହି ପ୍ରଶିକ୍ଷଣ କାର୍ଯ୍ୟକ୍ରମ ମିଶନ ଶକ୍ତି ଏବଂ ଜେମ୍ ଆଣ୍ଡ ଜ୍ୱେଲେରୀ ସେକ୍ଟର ସ୍କିଲ୍ କାଉନସିଲ ମିଳିତ ସହଯୋଗରେ ପରିଚାଳିତ ହେବ। ପ୍ରତ୍ୟେକ ବ୍ୟାଚ୍‌ରେ ପ୍ରାୟ ୬୦ ଜଣ ପ୍ରଶିକ୍ଷାର୍ଥୀ ଅଂଶଗ୍ରହଣ କରିପାରିବେ। ଉଦଘାଟନୀ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଶ୍ରୀ ବୋନ୍ଦର ପ୍ରଶିକ୍ଷଣର ଗୁରୁତ୍ୱ ବିଷୟରେ ଜୋର୍ ଦେଇ ମହିଳା ସଶକ୍ତିକରଣ ଓ ଆର୍ଥିକ କ୍ଷେତ୍ରରେ ଆତ୍ମନିର୍ଭରଶୀଳ କରିବାକୁ ପ୍ରକଳ୍ପର ଭୂମିକା ବିଷୟରେ ଉଲ୍ଲେଖ କରିଥିଲେ।

# କ୍ଲଷ୍ଟରସ୍ତରୀୟ 'ସୁରଭି'କାର୍ଯ୍ୟକ୍ରମ





ଜମନକିରା,୧୪।୧୦(ସମିସ): ବଡ଼ମାଲ ଆଞ୍ଚଳିକ ପଞ୍ଚାୟତ ଆବାସିକ ଉଚ୍ଚ ବିଦ୍ୟାଳୟ, ଟାଙ୍ଗରାଣୀଠାରେ ଭୋଜପୁର କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ୨୦୨୫ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଆଞ୍ଚଳିକ ସାଧନ କେନ୍ଦ୍ର ଭୋଜପୁର (ସିଆରସିସି) ସୁଧାଂଶୁ ନାଏକଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କ୍ଲଷ୍ଟରର ୯ଟି ସ୍କୁଲ କଲେଜର ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ଟାଙ୍ଗରାଣୀ ହାଇସ୍କୁଲ ପ୍ରଧାନ ଶିକ୍ଷକ ବୀରେନ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବରେ ପୂର୍ବତନ ବିଧାୟକ ତଥା ହାଇସ୍କୁଲର ପ୍ରତିଷ୍ଠାତା ବୃନ୍ଦାବନ ମାଝି, ମୁଖ୍ୟବକ୍ତା ଭାବରେ ଭୋଜପୁର ଏସଏସଡି ହାଇସ୍କୁଲର ପ୍ରଧାନ ଶିକ୍ଷକ ନିକୁଞ୍ଜ ରଣା, ବିଆରଜି ଅଧ୍ୟକ୍ଷ ପ୍ରତାପ ମହାକୁଲ, ସମ୍ମାନିତ ଅତିଥି ଭାବେ ଭୋଜପୁର ପୂର୍ବତନ ସରପଞ୍ଚ ଟିକେଶ୍ୱର ପାତ୍ର, ବଡମାଲ ପଞ୍ଚାୟତ ଆବାସିକ ଉଚ୍ଚ ବିଦ୍ୟାଳୟର ପରିଚାଳନା କମିଟି ସଭାପତି ହୃଦାନନ୍ଦ ନାଏକ, ସହକାରୀ ଶିକ୍ଷକ ମାନସ ପଟେଲ, ହରେକୃଷ୍ଣ ନାଏକ, ବିରେନ୍ଦ୍ର କୁମାର ଦାସ, ଅଧ୍ୟାପକ ତପନ ଜୟପୁରିଆ, ଟାଙ୍ଗରାଣୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପରିଚାଳନା କମିଟି ଚେୟାରମେନ ସୁମନ୍ତ ପଟେଲ, ପ୍ରଧାନ ଶିକ୍ଷୟିତ୍ରୀ ପ୍ରମୁଖ ଯୋଗ ଦେଇଥିଲେ।

ସେହିପରି ବିଶ୍ୱସେବା ସରକାରୀ ଉଚ୍ଚ ବିଦ୍ୟାଳୟ କୁଲୁଣ୍ଡିଠାରେ କୁଲୁଣ୍ଡି କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ୨୦୨୫ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବ୍ରଜକିଶୋର ପଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ କୁଲୁଣ୍ଡି ପଞ୍ଚାୟତର ସରପଞ୍ଚ ପଙ୍କଜିନୀ କୁମୁରା ମୁଖ୍ୟଅତିଥି ଭାବରେ ଯୋଗଦାନ କରି କାର୍ଯ୍ୟକ୍ରମକୁ ଉଦ୍ଘାଟନ କରିଥିଲେ। କୁଲୁଣ୍ଡି ଉଚ୍ଚ ବିଦ୍ୟାଳୟର ସୁଶାନ୍ତ କୁଜୁର, ପ୍ରଶାନ୍ତ କୁଜୁର, ରାଜା ନାୟକ, ଆଶିଷ କୁଲୁ ଏବଂ କୁଲୁଣ୍ଡି ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଲିପୁନ ଭୁଏଁଙ୍କୁ ଖୋ ଖୋ ଖେଳରେ ରାଜ୍ୟସ୍ତରକୁ ମନୋନୀତ ହୋଇଥିବାରୁ କ୍ଲଷ୍ଟର ତରଫରୁ ସମ୍ମାନୀତ କରାଗଲା। ଖେଳ ଶିକ୍ଷକ ଶିଶିଲିଆ ତିର୍କୀଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଗଲା। ଉଦ୍‌ଘାଟନୀ ସଭାରେ ସମ୍ମାନୀତ ଅତିଥି ଭାବେ ପ୍ରଧାନ ଶିକ୍ଷକ ପଦ୍ମିନୀ ପଟେଲ, ଆଶିଷ ସୁନାନି, ସଞ୍ଜୟ ଝାଙ୍କର, ଜଗଦୀଶ ପାଣିଗ୍ରାହୀ, ବନିତା ସୋହେଲା, ଅନୁପମା ବେହେରା, ଲକ୍ଷ୍ମୀକାନ୍ତ ଉଗର ପ୍ରମୁଖ ଯୋଗଦାନ କରିଥିଲେ। ଶିକ୍ଷୟିତ୍ରୀ ନିହାରିକା ମାଝୀ ମଞ୍ଚ ପରିଚାଳନାରେ ସହଯୋଗ କରିଥିଲେ। ଶିକ୍ଷକ ସମୀର ଭୋଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। କାର୍ଯ୍ୟକ୍ରମରେ କୁଲୁଣ୍ଡି କ୍ଲଷ୍ଟରର ବିଭିନ୍ନ ବିଦ୍ୟାଳୟରୁ ୧୭୦ରୁ ଅଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ୩୩ଜଣ ବ୍ଲକସ୍ତରୀୟ ସୁରଭି ନିମନ୍ତେ ଚୟନ ହୋଇଛନ୍ତି। ପରିଚାଳନା ସମିତି ସଦସ୍ୟ ସୁଦାମ ପଧାନ ପୁରସ୍କାର ପ୍ରଦାନରେ ସହଯୋଗ କରିଥିଲେ। ଶେଷରେ ଶିକ୍ଷୟିତ୍ରୀ ମୁକ୍ତା ରାଣୀ ଧନ୍ୟବାଦ ଅର୍ପଣ କରିଥିଲେ।

# ଜିଲ୍ଲାସ୍ତରୀୟ କଳା ଉତ୍ସବ

ସମ୍ବଲପୁର,୧୪।୧୦(ସମିସ): ସ୍ଥାନୀୟ ବୁଢ଼ାରଜା ଉଚ୍ଚ ବିଦ୍ୟାଳୟରେ ବିକଶିତ ଭାରତ କାର୍ଯ୍ୟକ୍ରମ ଅନ୍ତର୍ଗତ ଜିଲ୍ଲାସ୍ତରୀୟ କଳା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସମଗ୍ର ଶିକ୍ଷା ସମ୍ବଲପୁର ଦ୍ୱାରା ଆୟୋଜିତ ଏହି ଉତ୍ସବକୁ ଜିଲ୍ଲା ଶିକ୍ଷାଧିକାରୀ ଲକ୍ଷ୍ମଣ ଭୋଇ ଦୀପ



ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ। ସମଗ୍ର ଶିକ୍ଷା ସଂଯୋଜକ ଅରୁଣ ଦାସ ଉତ୍ସବର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ସୁମିତା ପତ୍ରୀ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ୧୨ଟି ବିଭାଗ ସଙ୍ଗୀତ, ବାଦ୍ୟ ସଙ୍ଗୀତ, ନାଟକ, ନଟ୍ୟ, ଚିତ୍ରକଳା, ହସ୍ତକଳା ତଥା ପାରମ୍ପରିକ ଗଳ୍ପ କଥନରେ ଏକକ ଓ ଗ୍ରୁପ ଆଧାରରେ ପ୍ରତିଯୋଗିତାମାନ ଆୟୋଜିତ ହେଇଥିଲା। ବିଚାରକ ଭାବେ ନୃତ୍ୟ ବିଶାରଦ ରଞ୍ଜନ ସାହୁ, ସୁରେନ୍ଦ୍ର ବାଗ, ମିତା ପ୍ରଧାନ, ଦେବାଶିଷ ପ୍ରଧାନ, ମମତା ସାହୁ, ରତନ ପୂଜାହାରୀ, ଅଭିନନ୍ଦନ ତ୍ରିପାଠୀ, ସଞ୍ଜୟ ସାହୁ, ସତ୍ୟନାରାୟଣ ବେହେରା, ଶଙ୍କର ପ୍ରଧାନ, ମାନସ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ।

ଉଦ୍‌ଯାପନୀ ଉତ୍ସବରେ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଉଜାଗର ପ୍ରଧାନ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ ଡଃ ଶ୍ୟାମ ସୁନ୍ଦର ଧର ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ୧୨ଟି ପ୍ରତିଯୋଗିତାର ପ୍ରଥମ ସ୍ଥାନ ଅଧିକାର କରିଥିବା ମାନେଶ୍ୱର ମାନ୍ଧାତା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ବିଦ୍ୟା ବିକାଶ କନସେପ୍ଟ ସ୍କୁଲ, ମାନେଶ୍ୱର ହାଇସ୍କୁଲ, ପୁରୁଣା ବଲାରଙ୍ଗା ହାଇସ୍କୁଲ, ଆଦର୍ଶ ବିଦ୍ୟାଳୟ ବାମରା ତଥା ଏକକ ବିଭାଗରେ ଦିବ୍ୟା ରଣା, ରାଧେଶ୍ୟାମ ଜୟପୁରିଆ, ସାନୁ କାକ୍, ଇପସିତା ପ୍ରିୟଦର୍ଶିନୀ, ଶ୍ରେୟାଂଶୀ ପୁରୋହିତ, ପ୍ରିୟମ ବେହେରା ପ୍ରମୁଖ ଜୋନାଲସ୍ତର ସକାଶେ ଯୋଗ୍ୟ ବିବେଚିତ ହେଇଛନ୍ତି। ଏହି ଉତ୍ସବରେ ୯ଟି ବ୍ଲକର ବିଭିନ୍ନ ହାଇସ୍କୁଲ ଓ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଗୁଡ଼ିକର ୨୨୦ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଅସୀମ ପ୍ରଧାନ ଓ ଦେବସ୍ମିତା ରାଉତ ସଭାମଞ୍ଚ ସଂଚାଳନ କରିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ସତ୍ୟବ୍ରତ ସାହୁ, ଗୋଷ୍ଠୀ ଶିକ୍ଷାଧିକାରୀ କରଣ ଶର୍ମା, ଲୋକିତା ଦାଶ, ସପ୍ତଶ୍ରୀ ମହାପାତ୍ର, ସମଗ୍ର ଶିକ୍ଷା ସଂଯୋଜକ ଅବିନାଶ ସାହୁ, ପ୍ରଧାନ ଶିକ୍ଷୟିତ୍ରୀ ଦୀପାଳୀ ଚୌଧୁରୀ, ଶିକ୍ଷୟିତ୍ରୀ ମାଧୁରିମା ପାଣିଗ୍ରାହୀ, ବନବାସ ପ୍ରଧାନ, ସନ୍ଦୀପ ସାହୁ ପ୍ରମୁଖ ସହଯୋଗ କରିଥିଲେ।

## ମହିଳା ମହାବିଦ୍ୟାଳୟରେ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ



ସମ୍ବଲପୁର,୧୪।୧୦(ସମିସ): ସରକାରୀ ମହିଳା ମହାବିଦ୍ୟାଳୟ ମନୋବିଜ୍ଞାନ ବିଭାଗ ଦ୍ୱାରା ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷା ପ୍ରଫେସର କଳ୍ପନା ମେହେରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଆଲୋଚକ ଭାବେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ନିଶାମୁକ୍ତି କ୍ଲିନିକର ମନୋଚିକିତ୍ସକ ଡା. ସୁନୀତା ମିଶ୍ର ଯୋଗ ଦେଇଥିଲେ। ଆଲୋଚିକା ଡ. ମିଶ୍ର ବକ୍ତବ୍ୟରେ ଜରୁରୀ ପରିସ୍ଥିତିରେ ମାନସିକ ସେବାର ଆବଶ୍ୟକତା ଉପରେ ଆଲୋଚନା କରି କହିଥିଲେ ଯେ ଗୁରୁତର ରୋଗୀଙ୍କୁ ପାଇଁ ଜରୁରୀକାଳୀନ ସ୍ୱାସ୍ଥ୍ୟସେବା ପ୍ରଦାନ କରିବା ସମୟରେ ସେମାନଙ୍କୁ ମାନସିକସ୍ତରରେ ଦୃଢ଼ତା ଆଣିବା ପାଇଁ ଆଶୁ ମାନସିକ ସ୍ୱାସ୍ଥ୍ୟ ସେବାର ଆବଶ୍ୟକତା ରହିଛି। ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ଅବସରରେ ମାନସିକ ସ୍ୱାସ୍ଥ୍ୟସେବାରୁ କେହି ବଞ୍ଚିତ ନ ହେବା ପାଇଁ ସରକାରୀସ୍ତରରେ ବ୍ୟାପକ ପଦକ୍ଷେପ ନିଆଯାଇଛି ବୋଲି ସେ ସୂଚନା ଦେଇଥିଲେ। ପ୍ରଫେସର ଯୋଗେଶ ଚନ୍ଦ୍ର ଭୋଇ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।ମହାବିଦ୍ୟାଳୟ ସ୍ନାତକୋତ୍ତର ମନୋବିଜ୍ଞାନ ବିଭାଗ ମୁଖ୍ୟ ପ୍ରଫେସର ସମିତା ଆଚାର୍ଯ୍ୟ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଶେଷରେ ପ୍ରଫେସର ବେଣୀ ପଟେଲ ଧନ୍ୟବାଦ ଅର୍ପଣ କରିଥିଲେ। ବିଭାଗର ଛାତ୍ରୀମାନେ ମାନସିକ ସ୍ୱାସ୍ଥ୍ୟ ଦିବସ ଉପଲକ୍ଷେ ଏକ ନାଟକ ପ୍ରଦର୍ଶନ କରିଥିଲେ।

# ବର୍ଷକ ପରେ ବସିଲା ସଡ଼କ ସୁରକ୍ଷା ବୈଠକ

ସମ୍ବଲପୁର, ୧୪।୧୦ (ସମିସ): ସମ୍ବଲପୁର ଜିଲ୍ଲାରେ ସଡ଼କର ଦୟନୀୟ ସ୍ଥିତି ଏବଂ ଦୁର୍ଘଟଣା ଜନିତ ମୃତ୍ୟୁ ସଂଖ୍ୟା ଉଦ୍‌ବେଗଜନକ ଥିବାବେଳେ ପ୍ରତିମାସରେ ଜିଲ୍ଲା ସଡ଼କ ସୁରକ୍ଷା ବୈଠକ ବସୁନାହିଁ। ବର୍ଷ ବର୍ଷ ଧରି ପ୍ରତି ମାସରେ ସଡ଼କ ସୁରକ୍ଷା ବୈଠକ ବସି ଦୁର୍ଘଟଣା, ମୃତାହତ ସଂଖ୍ୟା, ରାସ୍ତାଘାଟ ସ୍ଥିତି, ଧୂଳି ଉଡ଼ି ପ୍ରଦୂଷଣ ସମସ୍ୟା ଆଦି ସମୀକ୍ଷା କରିବା ସହ ପଦକ୍ଷେପ ନେବାସକାଶେ ନିଷ୍ପତ୍ତି ନିଆଯାଉଥିଲା। ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ବୈଠକର ପ୍ରସ୍ତାବକୁ କାର୍ଯ୍ୟକାରୀ ମଧ କରୁଥିଲା। ତେବେ, ଗତବର୍ଷ ୨୦୨୪ ଜୁଲାଇ ମାସ ପରେ ସମ୍ବଲପୁର ଜିଲ୍ଲାରେ ଆଉ ସଡ଼କ ସୁରକ୍ଷା ବୈଠକ ବସିନାହିଁ। ଏନେଇ ଆଞ୍ଚଳିକ ପରିବହନ ବିଭାଗ ଏବଂ ଜିଲ୍ଲା ପ୍ରଶାସନ ଉଦାସୀନ ରହିଥିବା ସାଧାରଣରେ ଅଭିଯୋଗ ହେଉଛି।

ପ୍ରାୟ ଏକ ବର୍ଷରୁ ଅଧିକ ସମୟ ପରେ ଆଜି କଲେକ୍ଟୋରେଟ୍ ସମ୍ମିଳନୀ କକ୍ଷରେ ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦରଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ସଡ଼କ ସୁରକ୍ଷା କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି।



ବୈଠକରେ ଆରକ୍ଷୀ ଅଧିକ୍ଷକ ମୁକେଶ କୁମାର ଭାମୁ, ଡିଏଫ୍‌ଓ ଜାଧବ ସୁଦର୍ଶନ ଗୋପୀନାଥ, ମହାନଗର ନିଗମ ଆୟୁକ୍ତ ରେହାନ ଖତ୍ରୀ, ଆଞ୍ଚଳିକ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଆଞ୍ଚଳିକ ଅଧିକାରୀ ଡଃ ସତ୍ୟନାରାୟଣ ନନ୍ଦ, ଭାରତୀୟ ପ୍ରଶାସନିକ ସେବା ଶିକ୍ଷାନବିସ ଶୁଭ୍ରା ପଣ୍ଡା, ଆଞ୍ଚଳିକ ପରିବହନ ଅଧିକାରୀ ରାମଦାସ ଟୁଡୁ ପ୍ରମୁଖ ଉପସ୍ଥିତ ଥିଲେ। ୨୦୨୪ ଓ ୨୦୨୫ ମସିହାରେ ଜାନୁଆରୀରୁ ସେପ୍ଟେମ୍ବର ମାସ ପର୍ଯ୍ୟନ୍ତ ଘଟିଥିବା ଦୁର୍ଘଟଣା ତଥ୍ୟ, ଦୁର୍ଘଟଣାର କାରଣ, ଏନ୍‌ଫୋର୍ସମେଣ୍ଟ ଆଦି ବିଷୟରେ ଆଲୋଚନା ହୋଇଥିଲା। ତଥ୍ୟ ଅନୁସାରେ ୨୦୨୪ ମସିହା (ଜାନୁଆରୀ-ସେପ୍ଟେମ୍ବର) ରେ ମୋଟ ୪୦୩ଟି ଦୁର୍ଘଟଣା ଘଟିଥିଲା, ଯେଉଁଥିରୁ ୧୮୨ ଜଣ ମୃତ୍ୟୁବରଣ କରିଥିବାବେଳେ ୧୪୦ ଜଣ ଗୁରୁତର ଆହତ ହୋଇଥିଲେ। ୨୦୨୫ ମସିହାରେ ସେହି ୯ ମାସ ମଧ୍ୟରେ ୩୪୩ଟି ଦୁର୍ଘଟଣା ହୋଇଛି, ଯେଉଁଥିରେ ୧୬୫ ଜଣ ମୃତ୍ୟୁବରଣ କରିଥିବାବେଳେ ୧୧୭ ଜଣ ଗୁରୁତର ଆହତ ହୋଇଛନ୍ତି। ସମଗ୍ର ତଥ୍ୟ ଅନୁସାରେ ୨୦୨୪ ତୁଳନାରେ ଚଳିତବର୍ଷ ଦୁର୍ଘଟଣା ସଂଖ୍ୟାରେ ହ୍ରାସ ଦେଖାଯାଇଛି। ବୈଠକରେ ଉଭୟ ଜାତୀୟ ରାଜପଥ ଓ ରାଜ୍ୟ ରାଜପଥର ମରାମତି, ପାର୍କିଂ ସମସ୍ୟା, ଉପଯୁକ୍ତ ସଙ୍କେତର ବ୍ୟବହାର, ସର୍ଭିସ୍ ରୋଡ୍‌ରେ ପାର୍କିଂ ସମସ୍ୟା ଆଦି ପ୍ରସଙ୍ଗରେ ଆଲୋଚନା ହୋଇଥିଲା। ଜିଲ୍ଲାପାଳ ଶ୍ରୀ ବୋନ୍ଦର ଏହିସବୁ ସମସ୍ୟାର ମୁକାବିଲା ପାଇଁ ଅଧିକ ସଂଖ୍ୟାର ଦୁର୍ଘଟଣାପ୍ରବଣ ସ୍ଥାନ (ବ୍ଲାକ୍ ସ୍ପଟ୍) ଚିହ୍ନଟ କରି ସେଠାରେ ଆବଶ୍ୟକ ସୁରକ୍ଷା ବ୍ୟବସ୍ଥା କରାଯିବା ଉପରେ ଗୁରୁତ୍ୱାରୋପ କରିଥିଲେ। ଶିଳ୍ପାନୁଷ୍ଠାନ ପକ୍ଷରୁ ଶିଳ୍ପ କ୍ଷେତ୍ର ପରିସର ସଫା ସୁତୁରା ରଖିବା, ରୋଡ୍ ସାଇନେଜ୍ ଲଗେଇବା, ଧୂଳି ହଟାଇବା ପାଇଁ ଫଗ୍ ସ୍ପ୍ରେ କରିବା, ପର୍ଯ୍ୟାପ୍ତ ଆଲୋକ ବ୍ୟବସ୍ଥା କରିବା ଓ ସଡ଼କ ସୁରକ୍ଷା ନିୟମ ଅନୁସରଣ କରିବା ଆଦି ସକାଶେ ଦାୟିତ୍ୱ ଗ୍ରହଣ କରିବା ପାଇଁ ସେ ନିର୍ଦ୍ଦେଶ ଦେଇଥିଲେ।

# 'ସୁରଭି' ଶିଶୁଙ୍କ ଅନ୍ତର୍ନିହିତ ସୌରଭ ପ୍ରକାଶନର ମଞ୍ଚ


ବରଗଡ଼ ବାଳକ ୟୁପି ସ୍କୁଲ୍


ଖୁଣ୍ଟପାଲି ୟୁପି ସ୍କୁଲ୍


ରାଜବୋଡ଼ାସମ୍ବର ଉଚ୍ଚବିଦ୍ୟାଳୟ


ଗୌଡମାଳ ଅଞ୍ଚଳ ହାଇସ୍କୁଲ୍


ପଲସଦା ଉଚ୍ଚ ବିଦ୍ୟାଳୟ


ଲୋହରାକୋଟ ୟୁପି ସ୍କୁଲ୍

ବରଗଡ଼,୧୪।୧୦(ସମିସ): ସ୍ଥାନୀୟ ଓଡ଼ିଆ ବାଳକ ଆଞ୍ଚଳିକ ସାଧନ କେନ୍ଦ୍ର ସ୍ତରୀୟ ଶିଶୁ ପ୍ରତିଭା ଉତ୍ସବ ସୁରଭି ୨୦୨୫ ଓଡ଼ିଆ ବାଳକ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଉଦ୍‌ଯାପିତ ହୋଇଯାଇଛି। ବରଗଡ଼ ବିଇଓ ଡ.ସୁରେନ୍ଦ୍ର ସାହୁ ମୁଖ୍ୟ ଅତିଥି ଭାବେ କାର୍ଯ୍ୟକ୍ରମର ଉଦ୍‌ଘାଟନ କରିଥିଲେ। ଶିଶୁ ପ୍ରତିଭା କାର୍ଯ୍ୟକ୍ରମ ସୁରଭି ଶିଶୁ ମାନଙ୍କ ଅନ୍ତର୍ନିହିତ ପ୍ରତିଭାର ସୌରଭ ପ୍ରକାଶିତ ହେବାର ପ୍ରକୃଷ୍ଟ ମଞ୍ଚ ବୋଲି ଉଲ୍ଲେଖ କରିଥିଲେ। ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ସୁଗ୍ରୀବର ବିଶି, ଏବିଇଓ ଦିଲ୍ଲୀପ ମେହେର, ଆଇନଜୀବୀ ଈଶ୍ୱର ବାଗ ପ୍ରମୁଖ ଯୋଗ ଦେଇଥିଲେ। ଅର୍ଚ୍ଚିତା ପାଣିଗ୍ରାହୀ ଓ ତେଜରାଜ ହୋତାଙ୍କ ସଂଯୋଜନାରେ କାର୍ଯ୍ୟକ୍ରମରେ ଏହି କ୍ଲଷ୍ଟରର ୧୧ ସ୍କୁଲରୁ ଶତାଧିକ ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ନୃତ୍ୟ ଗୁରୁ ଶଙ୍କର ପଟ୍ଟନାୟକ, ମୁଗ୍ଧା ଦାସ ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ପ୍ରଦୀପ ଶତପଥୀ, ମନୋଜ ଦାସ, ବିଶିଷ୍ଟ ଖମାରୀ, ହିମାଂଶୁ ପଣ୍ଡା ସନ୍ଧ୍ୟାରାଣୀ ଆଚାର୍ଯ୍ୟ, ଆଶୁତୋଷ ଛତର, ମନୋଜ ଜେନା, ଅନିତା ସାହୁ, ଭଗ୍ୟବନ୍ତି ବିଶ୍ୱାଳ ସୁନୀତା ମିଶ୍ର ପ୍ରମୁଖ ସହଯୋଗ କରିଥିଲେ। ନୃତ୍ୟ ପ୍ରତିଯୋଗିତାରେ ହାଟପଦା ପ୍ରାଥମିକ ବିଦ୍ୟାଳୟ ପ୍ରଥମ, ସମଲେଶ୍ୱରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଦ୍ୱିତୀୟ ଓ ସମଲେଶ୍ୱରୀ ଉଚ୍ଚ ବିଦ୍ୟାଳୟ ତୃତୀୟ ସ୍ଥାନ ଅଧିକାର କରି ପୁରସ୍କୃତ ହୋଇଥିଲେ।

## ଖୁଣ୍ଟପାଲି ସରକାରୀ ଉପ୍ରା ବିଦ୍ୟାଳୟ

**ବରଗଡ଼:** ଆଞ୍ଚଳିକ ସାଧନ କେନ୍ଦ୍ର ଖୁଣ୍ଟପାଲି ଅଧୀନ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ କେ.ତୁରୁଙ୍ଗାରେ ମଙ୍ଗଳବାର ସୁରଭି ୨୦୨୫ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସାଧନକେନ୍ଦ୍ର ଅଧୀନ ୧୨ଟି ବିଦ୍ୟାଳୟର ଛାତ୍ରଛାତ୍ରୀ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ସିଆରସିସି ନାରାୟଣ ନାଗଙ୍କ ସଭାପତିତ୍ୱରେ ଅବସରପ୍ରାପ୍ତ ଶିକ୍ଷକ ଧର୍ମରାଜ ସାହୁ ଓ ବଳିଷ୍ଠ ସାହୁ ତଥା ସମାଜସେବୀ ସୂର୍ଯ୍ୟ ପଣ୍ଡା ଅତିଥି ଭାବେ ଯୋଗ ଦେଇଥିଲେ। ଆଦିତ୍ୟ ସାହୁ ଓ ସହଦେବ ପାଧାନ ସମ୍ମାନିତ ଅତିଥି ଭାବେ ମଞ୍ଚାସୀନ ଥିଲେ। ବିଜୟ ମିଶ୍ର ଏବଂ ନମିତା ସ୍ୱାଇଁ ମଞ୍ଚ ପରିଚାଳନା କରିଥିବା ବେଳେ ଫଗୁ ଚରଣ ମହାନ୍ତି, ସଚ୍ଚିକାନ୍ତରଏ, ମୁରଲୀ ପଧାନ, ଧନଞ୍ଜୟ ତାଣ୍ଡି, ଟୁନି ସେଟ୍ ତଥା ସମସ୍ତ ଶିକ୍ଷକ ସହଯୋଗ କରିଥିଲେ।

## ରାଜବୋଡ଼ାସମ୍ବର ଉଚ୍ଚବିଦ୍ୟାଳୟ

**ପଦ୍ମପୁର:** ରାଜବୋଡାସମ୍ବର ଉଚ୍ଚ ବିଦ୍ୟାଳୟରେ କ୍ଲଷ୍ଟର୍ ସ୍ତରୀୟ ଶିଶୁ ମହୋତ୍ସବ ସୁରଭି ନିରାଲମ୍ବ ପ୍ରସାଦ ପଟେଲଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ମହିଳା ମହାବିଦ୍ୟାଳୟର ଅଧକ୍ଷା ପଦ୍ମିନୀ ଦାଶ, ସମ୍ମାନିତ ଅତିଥି ଭାବେ ଟାଉନ୍ ଉଚ୍ଚବିଦ୍ୟାଳୟର ପ୍ରଧାନଶିକ୍ଷକ ତରଣୀସେନ ସାହୁ ଏବଂ ରାଜବୋଡାସମ୍ବର କ୍ଲଷ୍ଟରର ସିଆର୍‌ସିସି ସୁରେଶ ଚୌହାନ ଯୋଗ ଦେଇଥିଲେ। ଶିକ୍ଷୟିତ୍ରୀ ପ୍ରୀତିରଶ୍ମି ସେଠ୍ ଅତିଥି ପରିଚୟ ପ୍ରଦାନ କରିଥିଲେ। ୧୦ଟି ବିଭାଗରେ ବିଭିନ୍ନ ପ୍ରତିଯୋଗିତାରେ କ୍ଲଷ୍ଟରର ମୋଟ ୧୫୦ ଜଣ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ରାଜବୋଡାସମ୍ବର ଅତିରିକ୍ତ ବ୍ଲକ୍ ଶିକ୍ଷାଧିକାରୀ ଜୟ ସାହୁ ଯୋଗ ଦେଇଥିଲେ। ଅତିଥିଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରେ କୃତୀ ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ କରାଯାଇଥିଲା। ପ୍ରଭାସିନୀ ସା, ରବିନା ପଧାନ, ଅଜିତ ପାତ୍ର, ଚନ୍ଦନ ନାୟକ, ଶେଷଦେବ ସାହୁ, ସୁନୀତା ଖମାରୀ, ହରେକୃଷ୍ଣ ମେହେର, ପ୍ରିତିରସ୍ମି ସେଠ୍, ରୁଦ୍ରାଙ୍ଗଦ ବାରିକ, ସ୍ୱର୍ଣ୍ଣକାନ୍ତି ପତି, ଅମୃତା ବାରିକ, ସଂଗ୍ରାମ କେଶରୀ ଦୀପ, ମମତା ମିଶ୍ର, ପ୍ରହ୍ଲାଦ ମହାନନ୍ଦ, ସୁଶିଲ ମେହେର, ଅମ୍ବିକା ରଥ, ମଧୁସ୍ମିତା ବର୍ଗେ, ରଞ୍ଜୁଲତା ମିଶ୍ର, ଭଗବତୀ ଦେ ପ୍ରମୁଖ ବିଚାରକ ଦାୟିତ୍ୱ ତୁଲାଇଥିଲେ। ଶେଷରେ ପ୍ରଭାସିନୀ ସା ଧନ୍ୟବାଦ ଅର୍ପଣ କରିଥିଲେ।

## ପଲସଦା ଉଚ୍ଚବିଦ୍ୟାଳୟ

**ପାଇକମାଳ:** ପାଇକମାଳ ବ୍ଲକ୍ ଅଧୀନ ପଲସଦା ଉଚ୍ଚ ବିଦ୍ୟାଳୟ ପରିସରରେ ସାଧନକେନ୍ଦ୍ର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସାଧନକେନ୍ଦ୍ର ସଂଯୋଜକ ଚକ୍ରଧର ଅଜଗରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ବିଦ୍ୟାଳୟର ପ୍ରଧାନଶିକ୍ଷକ ପଦ୍ମଲୋଚନ ପୋଢ଼ କାର୍ଯ୍ୟକ୍ରମର ସଭାପତିତ୍ୱ କରିଥିଲେ। ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଅନ୍ୟ ଅତିଥି ଭାବେ ପାଇକମାଳ ଗୋଷ୍ଠୀ ଶିକ୍ଷା ଅଧିକାରୀ ଅଦନ ସୁନା, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରଫୁଲ୍ଲ ପାଣିଗ୍ରାହୀ, ପିତାମ୍ବର ସାହୁ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ମହେନ୍ଦ୍ର ସିଂ ବରିହା ପ୍ରମୁଖ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମ ଅବସରରେ ସାଧାରଣ ଜ୍ଞାନ, ଶ୍ରୁତଲିଖନ, ସଙ୍ଗୀତ, ନୃତ୍ୟ, ଚିତ୍ରାଙ୍କନ, ବକ୍ତୃତା ଭଳି ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା।। ସେହିଭଳି ଛାତ୍ରଛାତ୍ରୀଙ୍କ ଦ୍ୱାରା ବିଭିନ୍ନ ପ୍ରକାର ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଶେଷରେ କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା।

## ଗୌଡ଼ମାଳ ସରକାରୀ ଉଚ୍ଚବିଦ୍ୟାଳୟ

**ପଦ୍ମପୁର:** ଗୌଡମାଳ ଅଞ୍ଚଳ ସରକାରୀ ଉଚ୍ଚ ବିଦ୍ୟାଳୟରେ ସୋମବାର କ୍ଲଷ୍ଟରସ୍ତରୀୟ ସୁରଭି ୨୦୨୫ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଦେବରାଜ ପ୍ରଧାନ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ମୁଖ୍ୟ ବକ୍ତା ଦିବ୍ୟ କିଶୋର ପଣ୍ଡା, ସମ୍ମାନିତ ଅତିଥି ପ୍ରମୋଦ ପ୍ରଧାନ, ମୀନାକ୍ଷୀ ଭୋଇ, ସ୍ୱଦେଶ ପ୍ରଧାନ, ଅରୁଣ ବାଗ, ବିବେକାନନ୍ଦ ପଶାୟତ ଓ ସଂଯୋଜକ ପୁରନ୍ଦର କୁମ୍ଭାର ପ୍ରମୁଖ ମଞ୍ଚାସୀନ ଥିଲେ। ଅଞ୍ଚଳ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଚନ୍ଦ୍ରକାନ୍ତ ମେହେର କାର୍ଯ୍ୟକ୍ରମରେ ସଭାପତିତ୍ୱ କରିବା ସହିତ ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ସିଆରସିସି ପୁରନ୍ଦର କୁମ୍ଭାର ବିବରଣୀ ପଠନ କରିଥିଲେ। କୁର୍ମା ବିଦ୍ୟାଳୟର ପ୍ରଧାନଶିକ୍ଷକ ଶରତ ପ୍ରଧାନ ସ୍ୱାଗତ ଭାଷଣ ଦେବା ସହିତ ମଞ୍ଚ ପରିଚାଳନା କରିଥିଲେ। ଅଶୋକ ନେଟୀ, ଭୁବନେଶ୍ୱର ପ୍ରଧାନ, ତ୍ରିନାଥ ସେଠ, ସୁମନ୍ତ ବରିହା, ଗୋକୁଳାନନ୍ଦ ସାହୁ, ଭୁବନ ବାଗ, ହୃଷିକେଶ ଭୋଇ, ପ୍ରକାର ଚନ୍ଦ୍ର ସାହୁ ପ୍ରମୁଖ ସହଯୋଗ କରିଥିଲେ। ଶେଷରେ ପ୍ରଧାନଶିକ୍ଷକ ଶ୍ରୀ ମେହେର ଧନ୍ୟବାଦ ଅର୍ପଣ କରିଥିଲେ।

## ଲଖମରା ଓ ବାଦୀକଟା କ୍ଲଷ୍ଟର

**ପଦ୍ମପୁର:** ପଦ୍ମପୁର ଉପଖଣ୍ଡ ଲଖମରା କ୍ଲଷ୍ଟର ଅଧୀନସ୍ତ ଲୋହରାକୋଟ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ କ୍ଲଷ୍ଟର ସ୍ତରୀୟ ସୁରଭି ୨୦୨୫ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ପରିଷଦ ସଦସ୍ୟା ବାସନ୍ତୀ ବାଲାମ ମୁଖ୍ୟ ଅତିଥି ଭାବେ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ସିଆର୍‌ସିସି ବାବୁଲାଲ ସାହୁ, ଜଗନ୍ନାଥ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ କୃଷ୍ଣଚନ୍ଦ୍ର ହୋତା, ସ୍କୁଲ ପରିଚାଳନା କମିଟି ସଭାପତି ପ୍ରଶାନ୍ତ ସାହୁ, ଗୌନ୍ତିଆ ଅରକ୍ଷିତ ପ୍ରଧାନ, ସମିତି ସଭ୍ୟ ଅଶୋକ ପ୍ରଧାନ, ସିଆରସିସି ବୈଷ୍ଣବ ପଣ୍ଡା, ବିଦ୍ୟାଳୟ ପ୍ରଧାନଶିକ୍ଷକ କୈଳାସ ପ୍ରଧାନ ପ୍ରମୁଖ ମଞ୍ଚାସୀନ ଥିଲେ। ଲଖମରା କ୍ଲଷ୍ଟର ଅଧୀନ ସମସ୍ତ ବିଦ୍ୟାଳୟର ଛାତ୍ରଛାତ୍ରୀ କାର୍ଯ୍ୟକ୍ରମରେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତା ମାନଙ୍କରେ ଭାଗ ନେଇଥିଲେ। ଉଦ୍‌ଯାପନୀ ଉତ୍ସବରେ ପାଇକମାଳ ଗୋଷ୍ଠୀ ଶିକ୍ଷା ଅଧିକାରୀ ଅଦନ ସୁନା ମୁଖ୍ୟ ଅତିଥି, ଅବସରପ୍ରାପ୍ତ ଏବିଇଓ ଧଳେନ୍ଦ୍ର ବାରିକ, ପାଇକମାଳ ସିଆରସିସି ରଞ୍ଜନ ବାଗ, ସନ୍ତୋଷ ମେହେର ପ୍ରମୁଖ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। କୃତୀ ଛାତ୍ରଛାତ୍ରୀ ବ୍ଲକସ୍ତରୀୟ ସୁରଭି ୨୦୨୫ କାର୍ଯ୍ୟକ୍ରମରେ ଭାଗ ନେବେ। କ୍ଲଷ୍ଟରର ଜଗନ୍ନାଥ ଉଚ୍ଚ ବିଦ୍ୟାଳୟର ଶିକ୍ଷୟିତ୍ରୀ ଭାନୁପ୍ରିୟା ମହାରଣା ଏବଂ କୁଲାଣ୍ଡି ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ ଅଜୟ ସାହୁ ଏବଂ ଶ୍ରେଷ୍ଠ ବିଦ୍ୟାଳୟ ପରିଚାଳନା ସଭାପତି ଭାବେ ଲୋହରାକୋଟ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ସଭାପତି ପ୍ରଶାନ୍ତ ସାହୁଙ୍କୁ ଉଲ୍ଲେଖନୀୟ ପ୍ରଦର୍ଶନ ପାଇଁ ସମ୍ବର୍ଦ୍ଧିତ କରାଯାଇଥିଲା। ଶିକ୍ଷକ ବ୍ରଜକିଶୋର ଭୀଲ ମଞ୍ଚ ପରିଚାଳନା କରିଥିଲେ। ସେହିପରି ବାଦୀକଟା କ୍ଲଷ୍ଟର ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟ ସମ୍ବଲପୁରୀରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ପାଇକମାଳ ବ୍ଲକ୍ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଚକାମନ ସୁନା, ମୁଖ୍ୟ ବକ୍ତା ଭାବେ ଅବସରପ୍ରାପ୍ତ ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀ ପ୍ରେମାନନ୍ଦ ବାରିକ, ସମ୍ମାନିତ ଅତିଥି ଭାବେ ବିଦ୍ୟାଳୟ ସଭାପତି ଲଳିତ ପ୍ରଧାନ, ଶିକ୍ଷାବିଦ ମୁକୁନ୍ଦ ଦେବ ସାହୁ, ଠାକୁର ପ୍ରସାଦ ବେହେରା, ସରପଞ୍ଚ ଉପେନ୍ଦ୍ର ପଟେଲ, ଅବସରପ୍ରାପ୍ତ ଶିକ୍ଷକ ଗୋଲକ ପ୍ରଧାନ, ଗାୟତ୍ରୀ ଉଚ୍ଚ ବିଦ୍ୟାଳୟ ସାପଲହର ନିରୋଜ ପଟ୍ଟନାୟକ ଯୋଗ ଦେଇଥିଲେ। କୃତୀ ପ୍ରତିଯୋଗୀଙ୍କୁ ଅତିଥି ଗଣ ପୁରସ୍କୃତ କରିଥିବା ବେଳେ ସିଆରସିସି ରୁଷଭ ସାହୁ ଉଦ୍ଦେଶ୍ୟ ଜ୍ଞାପନ, ନିରାକାର ପ୍ରଧାନ ଅତିଥି ପରିଚୟ ଏବଂ ପୁରୁଷୋତ୍ତମ ରାଉତ ମଞ୍ଚ ପରିଚାଳନା କରିଥିଲେ।

## ସିଂହପାଲି କ୍ଲଷ୍ଟର

**ଅତାବିରା:** ଅତାବିରା ବ୍ଲକ୍ ଅଧୀନ ସିଂହପାଲି କ୍ଲଷ୍ଟରର ଆଞ୍ଚଳିକ ସାଧନ କେନ୍ଦ୍ର ସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ମଙ୍ଗଳବାର ପରମାଣପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଛି। କେନ୍ଦ୍ର ସାଧନ ସଂଯୋଜକ କୃତାର୍ଥ ଚନ୍ଦ୍ର ଭୁଏଙ୍କ ତତ୍ତ୍ୱାବଧାନ ତଥା ସ୍ଥାନୀୟ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିରେନ ଭୋଇଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମ ହୋଇଥିଲା। ଉଦ୍‌ଘାଟନୀ ସମାରୋହରେ ସଭାପତି ବିରେନ୍ ଭୋଇ, ମୁଖ୍ୟ ଅତିଥି ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ସୁବ୍ରତ ବେହେରା, ସମ୍ମାନିତ ଅତିଥି ଭାବେ ଦେବରାଜ ବେହେରା, ମୋତିଲାଲ ଦେବତା, ସୁରେନ୍ଦ୍ର ମଲ୍ଲିକ, ରବି ପ୍ରଧାନ, ପ୍ରଶାନ୍ତ ପ୍ରଧାନ, ଶକୁନ୍ତଳା ମିଶ୍ର, ଲଳିତା ପ୍ରଧାନ, ଲକ୍ଷ୍ମଣ ସାହୁ, ରବି ବନଛୋର, ପ୍ରମୁଖ ମଞ୍ଚାସୀନ ଥିଲେ। ଶିକ୍ଷକ ମନୋରଞ୍ଜନ ମିଶ୍ର ଅତିଥି ପରିଚୟ ତଥା ମଞ୍ଚ ପରିଚାଳନା କରିଥିଲେ। ଶିକ୍ଷକ ଗୋକୁଳାନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ କ୍ଲଷ୍ଟରର ୧୬୫ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥି ରୂପେ ବ୍ଲକ୍‌ର ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ କାର୍ତ୍ତିକ ବାଗ ଯୋଗ ଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ମାନପତ୍ର ଓ ପୁରସ୍କାର ପ୍ରଦାନ କରିଥିଲେ। ଲଳିତ ଭୋଇ ଓ ସୁମନ୍ତ ସାହୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶିକ୍ଷକ ସୁଶାନ୍ତ ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମରେ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ସିଂହପାଲିର ଛାତ୍ରଛାତ୍ରୀ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ଏଥିରେ କ୍ଲଷ୍ଟରର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟ ତଥା ପରମାଣପୁରର ଗ୍ରାମବାସୀ ସହଯୋଗ କରିଥିଲେ।


ଆପଣଙ୍କ ପୁରୁଣା ବ୍ୟାଙ୍କ ଖାତାରେ ଟଙ୍କା ରଖି ଭୁଲିଯାଇଛନ୍ତି କି?



ଯାହା ଆପଣଙ୍କର ତାହାକୁ ପ୍ରାପ୍ତ କରିବାରେ ଆର୍‌ବିଆଇ ଆପଣଙ୍କୁ ସାହାଯ୍ୟ କରିବ ।

ଆପଣଙ୍କ ବ୍ୟାଙ୍କରେ ଅଚଳ ଖାତା (2 ବର୍ଷରୁ ଅଧିକ ଓ 10 ବର୍ଷ ପର୍ଯ୍ୟନ୍ତ ସମୟ ଧରି ନିଷ୍କ୍ରିୟ ଥିବା)ରେ ପଡ଼ିରହିଥିବା ଟଙ୍କା / ଦାବିହୀନ ଜମା (10 ବର୍ଷରୁ ଅଧିକ ସମୟ ଧରି)ଗୁଡ଼ିକୁ ଆର୍‌ବିଆଇର ଡିଇଏ ପାଣ୍ଠିକୁ ସ୍ଥାନାନ୍ତର କରିଦିଆଯାଇଥାଏ । ଆପଣ କିମ୍ବା ଆପଣଙ୍କର ଆଇନଗତ ଉତ୍ତରାଧିକାରୀ ତାହାକୁ ଯେକୌଣସି ସମୟରେ ଦାବି କରିପାରିବେ ।

ନିଜ ଟଙ୍କାକୁ ଦାବି କରିବାର 3ଟି ସହଜ ସୋପାନ

1. ଆପଣଙ୍କ ବ୍ୟାଙ୍କର ଯେକୌଣସି ଶାଖା ପରିଦର୍ଶନ କରନ୍ତୁ, ତାହା ଆପଣଙ୍କ ନିୟମିତ ଶାଖା ନ ହୋଇଥିଲେ ମଧ୍ୟ କିଛି ଅସୁବିଧା ନାହିଁ
2. କେୱାଇସି ଦସ୍ତାବିଜ (ଆଧାର, ପାସପୋର୍ଟ, ମତଦାତା ପରିଚୟପତ୍ର କିମ୍ବା ଡ୍ରାଇଭିଂ ଲାଇସେନ୍ସ) ସହ ଏକ ଫର୍ମ ଦାଖଲ କରନ୍ତୁ
3. ଯାଞ୍ଚ ପରେ, ଯଦି ଆପଣଙ୍କର କୌଣସି ଅର୍ଥରାଶି ପ୍ରାପ୍ୟ ହୋଇଥାଏ ତେବେ ତାହାକୁ ସୁଧ ସହ ପ୍ରାପ୍ତ କରନ୍ତୁ

ଅକ୍ଟୋବରରୁ ଡିସେମ୍ବର 2025 ମଧ୍ୟରେ ସାରାଦେଶରେ ସମସ୍ତ ଜିଲ୍ଲାରେ ଆୟୋଜିତ ହେଉଥିବା ସ୍ୱତନ୍ତ୍ର ଦାବିହୀନ ପରିସମ୍ପତ୍ତି ଶିବିର ପରିଦର୍ଶନ କରନ୍ତୁ

ଆପଣଙ୍କର ଦାବିହୀନ ଜମାକୁ ଠାବ କରିବା ପାଇଁ

ଆପଣଙ୍କ ବ୍ୟାଙ୍କର ୱେବ୍‌ସାଇଟରେ ସନ୍ଧାନ କରନ୍ତୁ କିମ୍ବା ସମ୍ପ୍ରତି 30ଟି ବ୍ୟାଙ୍କକୁ ଅନ୍ତର୍ଭୁକ୍ତ କରୁଥିବା ଆର୍‌ବିଆଇର ଉଦ୍‌ଗମ ପୋର୍ଟାଲ (https://udgam.rbi.org.in) ଯାଞ୍ଚ କରନ୍ତୁ ।

ଆର୍‌ବିଆଇ କହେ... ସଚେତନ ହୁଅନ୍ତୁ, ସତର୍କ ରୁହନ୍ତୁ !

ଅଧିକ ବିବରଣୀ ପାଇଁ, ପରିଦର୍ଶନ କରନ୍ତୁ: https://rbikehtahai.rbi.org.in
ମତାମତ ପାଇଁ, rbikehtahai@rbi.org.in କୁ ଲେଖନ୍ତୁ
ଆନୁଷ୍ଠାନିକ ହ୍ୱାଟ୍‌ସଆପ୍ ନମ୍ବର 99990 41935
ଜନହିତରେ ଜାରି କରିଛନ୍ତି
ଭାରତୀୟ ରିଜର୍ଭ ବ୍ୟାଙ୍କ
RESERVE BANK OF INDIA
www.rbi.org.in


## ଷ୍ଟେଟ୍ ଫରେଷ୍ଟ ସ୍ପୋର୍ଟସ ମିଟରେ ବରଗଡ଼ ବନଖଣ୍ଡର କୃତିତ୍ୱ

### ରଞ୍ଜିତ ସିଂ ବାବୁ ଏବଂ ଲିଜି ମହାପାତ୍ରଙ୍କୁ ସ୍ୱର୍ଣ୍ଣ ପଦକ



ବରଗଡ଼,୧୪।୧୦(ସମିସ): ଭୁବନେଶ୍ୱର ସ୍ଥିତ କିଟ ୟୁନିଭର୍ସିଟି ଗ୍ରାଉଣ୍ଡରେ ୨ ଦିନ ଧରି ଚାଲିଥିବା ରାଜ୍ୟସ୍ତରୀୟ ଫରେଷ୍ଟ ସ୍ପୋର୍ଟସ୍ ମିଟର ଚେସ୍ ପ୍ରତିଯୋଗିତାର ଯୁନିଅର ଭେଟେରିଆନ ବିଭାଗରେ ଯୋଗଦେଇ ପଦ୍ମପୁର ବନାଞ୍ଚଳ ଅଧିକାରୀ ରଞ୍ଜିତ ସିଂ ବାବୁ ପ୍ରଥମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ସେହିପରି ବନରକ୍ଷୀ ଲିଜି ମହାପାତ୍ର ଡିସକସ୍-ଥ୍ରୋ ପ୍ରତିଯୋଗିତାରେ ଅଂଶଗ୍ରହଣ କରି ମହିଳା ବିଭାଗରେ ପ୍ରଥମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ବରଗଡ଼ ଜିଲ୍ଲା ଗାଇସିଲାଟ ବ୍ଲକ୍ ଅଧୀନ ଗୁଡେରପାଲି ଗାଁର ଦେବତା ପରିବାରର ବୋହୂ ତଥା ସାମ୍ବାଦିକ ରିଙ୍କୁ ଦେବତାଙ୍କ ପତ୍ନୀ ହେଉଛନ୍ତି ବନରକ୍ଷୀ ଲିଜି ମହାପାତ୍ର। ବର୍ତ୍ତମାନ ସେ ପଦ୍ମପୁର ବନାଞ୍ଚଳରେ କାର୍ଯ୍ୟରତ ଅଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଭଟଲି ବନାଞ୍ଚଳର ବନରକ୍ଷୀ ସୁପ୍ରିୟା ଭୋଇ ଦୌଡ଼ ପ୍ରତିଯୋଗିତାରେ ତୃତୀୟ ସ୍ଥାନ ଅଧିକାର କରି ରୌପ୍ୟ ପଦକ ପାଇଛନ୍ତି। ଏହି କ୍ରୀଡ଼ା ପ୍ରତିଯୋଗିତାରେ ରାଜ୍ୟର ମୋଟ ୧୨୩ଟି ବନଖଣ୍ଡ ଓ ଜଙ୍ଗଲ ପ୍ରତିଷ୍ଠାନର ୩୭୭ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ବରଗଡ଼ ବନଖଣ୍ଡର ସମସ୍ତ ଖେଳାଳି ମାନେ ବିଗତ ଦିନରେ ଗାଇସେଲୋ ସ୍ଥିତ ବିର୍ସାମୁଣ୍ଡା ଷ୍ଟାଡିୟମରେ ହୋଇଥିବା ଜୋନାଲ ଫରେଷ୍ଟ ସ୍ପୋର୍ଟସ୍ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରି ଜୋନାଲରୁ ରାଜ୍ୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାକୁ ମନୋନୀତ ହୋଇଥିଲେ। ତାଙ୍କର ଏହି କୃତିତ୍ୱ ପରେ ବରଗଡ଼ ଡିଏଫଓ ସରୋଜ ପଣ୍ଡାଙ୍କ ସମେତ ସମସ୍ତ ଅଧିକାରୀ ଏବଂ କର୍ମଚାରୀ ତାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

## ବଳାତ୍କାରୀକୁ ଆଜୀବନ ଜେଲ୍

ପଦ୍ମପୁର,୧୪।୧୦(ସମିସ): ପାଇକମାଳ ଥାନା ଅଧୀନ ସାଲେପାଲି ଗାଁରେ ଘରେ ଏକୁଟିଆ ଥିବା ଦିବ୍ୟାଙ୍ଗ ପୀଡିତାକୁ ୨୦୨୨ରେ ନିଜ ଗାଁର ଅଭିଯୁକ୍ତ ଆସାମୀ ଡିହାରୁ ଭୁଏ ଧର୍ଷଣ କରିଥିବା ପୀଡିତାଙ୍କ ପରିବାର ଅଭିଯୋଗ କରିଥିଲେ। ପାଇକମାଳ ପୁଲିସ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ମାମଲାର କୋର୍ଟରେ ବିଚାର କରି ଅତିରିକ୍ତ ଜିଲ୍ଲା ସେସନ ବିଚାରପତି ପଦ୍ମପୁର ସୂର୍ଯ୍ୟନାରାୟଣ ଦ୍ୱିବେଦୀ ୨୨ ଜଣ ସାକ୍ଷ୍ୟ ଓ ପ୍ରମାଣକୁ ଭିତ୍ତିକରି ବିଭିନ୍ନ ଦଫା ନେ ବଳାତ୍କାରୀକୁ ଆଜୀବନ କଠୋର କାରାଦଣ୍ଡ ଏବଂ ୨୫ ହଜାର ଟଙ୍କା ଜରିମାନା ଦଣ୍ଡାଦେଶ ସହିତ ଅଧିକ ୭ ବର୍ଷର କଠୋର କାରାଦଣ୍ଡ ଓ ୧୦ ହଜାର ଟଙ୍କା ଜରିମାନା ଶୁଣାଇଛନ୍ତି। ମାମଲାକୁ ଜିଲ୍ଲା ଡେପୁଟି ଡାଇରେକ୍ଟର ବେଣୁଲାଲ ପ୍ରଧାନ ତଦାରଖ କରୁଥିବା ବେଳେ ଅତିରିକ୍ତ ପବ୍ଲିକ ପ୍ରସିକ୍ୟୁଟର ଉରେଶ ସୁନାନୀ ପରିଚାଳନା କରୁଥିଲେ।

# ସମ୍ପାଦକୀୟ



ପ୍ରେମ ଓ କରୁଣା ବିନା ମାନବିକତା ମୂଲ୍ୟହୀନ
-ଦଲାଇ ଲାମା

ସକାଳ
THE SAKALA

## ଭତ୍ତା ଚିନ୍ତା

ଜନଆକାଂକ୍ଷିତ ଯୋଜନାଗୁଡ଼ିକୁ କେନ୍ଦ୍ର ସରକାର ସାଧାରଣତଃ କୌଣସି ରାଜ୍ୟ ବିଧାନସଭା ନିର୍ବାଚନ ଅବ୍ୟବହିତ ପୂର୍ବରୁ ଘୋଷଣା କରନ୍ତି ଏବଂ ଅପ୍ରତ୍ୟାଶିତ ସଫଳତା ମଧ୍ୟ ହାସଲ କରନ୍ତି। ଏହିକ୍ରମରେ ଆସନ୍ନ ବିହାର ବିଧାନସଭା ନିର୍ବାଚନ ପୂର୍ବରୁ ଆଶା କରାଯାଉଥିଲା ଯେ ସଂଗଠିତ ଅଣସରକାରୀ କ୍ଷେତ୍ରରେ କାର୍ଯ୍ୟରତ କର୍ମଚାରୀଙ୍କ ସାମାଜିକ-ଆର୍ଥିକ ନିରାପତ୍ତା ପାଇଁ ଉଦ୍ଦିଷ୍ଟ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି(ଇପିଏଫ୍) ଅନ୍ତର୍ଗତ ଅବସରକାଳୀନ ଭତ୍ତା ରାଶିରେ କିଛିଟା ବୃଦ୍ଧି ଘଟିବ। କିନ୍ତୁ ଇପିଏଫ୍‌ଓର ସଦ୍ୟତମ ବାର୍ଷିକ ବୈଠକରେ ଏହା ଆଜେଣ୍ଡାରେ ମଧ୍ୟ ସାମିଲ୍ ହୋଇନାହିଁ। ଏହାଛଡ଼ା ଏଭଳି କେତେକ ନିଷ୍ପତ୍ତି ନିଆଯାଇଛି, ଯାହା ଏତେ ଦ୍ୱନ୍ଦ୍ୱ ସୃଷ୍ଟି କରୁଛି ଯେ ସାଧାରଣ କର୍ମଚାରୀ କିମ୍ବା ନିଯୁକ୍ତିଦାତାଙ୍କ ପାଇଁ ମଧ୍ୟ ବୁଝି ବୁଝାଇବା କଷ୍ଟକର ହୋଇପଡ଼ୁଛି। ସେହିପରି ମୋଟ ଜମା ପରିମାଣର ଶତପ୍ରତିଶତ ଉଠାଣ ନିଷ୍ପତ୍ତିକୁ ନେଇ ମଧ୍ୟ ବିବାଦ ଉଠିଛି। ଯଦି ଅବସର ପୂର୍ବରୁ ସମ୍ପୂର୍ଣ୍ଣ ରାଶି ଉଠାଇ ନିଆଯାଏ ତେବେ ବାର୍ଦ୍ଧକ୍ୟ ଅସୁରକ୍ଷିତ ହୋଇପଡ଼ିବ ବୋଲି ଅଭିଯୋଗ ଆସିଛି।

ବୈଠକର ନିଷ୍କର୍ଷ ଅନୁଯାୟୀ, ଜମା ଉଠାଣ ଓ ବିବାଦ ସମାଧାନ ପ୍ରକ୍ରିୟା ସରଳ ଓ ସର୍ତ୍ତରହିତ ହୋଇଛି ସତ; କିନ୍ତୁ ଦୀର୍ଘବର୍ଷ ଧରି ହୋଇଆସୁଥିବା ଅବସର ପରବର୍ତ୍ତୀ ଭତ୍ତା ବୃଦ୍ଧି ଦାବି ପ୍ରତି ଦୃଷ୍ଟି ନ ପଡ଼ିବା କ୍ଷୋଭର ବିଷୟ। ସମ୍ପ୍ରତି ଇପିଏଫ୍‌କୁ ଦରମା ଯୋଗଦାନ ଆଧାରରେ ଅବସର ଭତ୍ତା ସର୍ବନିମ୍ନ ୧ ହଜାରରୁ ସର୍ବାଧିକ ୬ ହଜାର ଟଙ୍କା ପର୍ଯ୍ୟନ୍ତ ମିଳୁଛି। ସାମ୍ପ୍ରତିକ କ୍ରମବର୍ଦ୍ଧିଷ୍ଣୁ ମହଙ୍ଗା ଯୁଗରେ ଏତିକି ରାଶି ସମୁଦ୍ରକୁ ଶଙ୍ଖେ ଭଳି। ବୋଧହୁଏ ସରକାର ଅନ୍ୟାନ୍ୟ ସାମାଜିକ ଭତ୍ତା ଯୋଜନାକୁ ତୁଳନା କରି ଇପିଏଫ୍ ପେନ୍‌ସନ୍ ରାଶି ବୃଦ୍ଧି କରିବାକୁ ଉଚିତ ମଣୁ ନାହାନ୍ତି। ବିଭିନ୍ନ ସାମାଜିକ ଯୋଜନାରେ ମିଳୁଥିବା ଭତ୍ତା ନିର୍ବାଚନ ରାଜନୀତିର ଏକ ଅଂଶବିଶେଷ। ଅପରପକ୍ଷରେ ଇପିଏଫ୍ ସମ୍ପୂର୍ଣ୍ଣ ରୂପେ କର୍ମଚାରୀଙ୍କ ଝାଳବୁହା ଧନର ଯୋଗଦାନରେ ଗଠିତ। ସମ୍ପ୍ରତି ଦେଶରେ ୩୦ କୋଟି ଇପିଏଫ୍ ଆକାଉଣ୍ଟଧାରୀ ଥିବା ବେଳେ ସେମାନଙ୍କର ଏବଂ ସେମାନଙ୍କ ନିଯୁକ୍ତିଦାତାଙ୍କ ଯୋଗଦାନ ପରିମାଣ ୨୬ ଲକ୍ଷ କୋଟି ଟଙ୍କା। ସରକାରୀ କର୍ମଚାରୀମାନଙ୍କୁ ଦିଆଯାଉଥିବା ପେନ୍‌ସନ୍ ପ୍ରକ୍ରିୟା ଅନୁସରଣରେ ଇପିଏଫ୍‌ଓ ଏହି ବିପୁଳ ରାଶିକୁ ଲାଭଦାୟକ ପ୍ରତିଭୂତି ଅଂଶଧନରେ ନିବେଶ କଲେ ଆକାଉଣ୍ଟଧାରୀମାନେ ଅବସର ପରେ ଉପକୃତ ହୁଅନ୍ତେ।

ଇପିଏଫ୍ ଆକାଉଣ୍ଟଧାରୀଙ୍କ ମଧ୍ୟରୁ ସିଂହଭାଗ ମଧ୍ୟବିତ୍ତ-ନିମ୍ନମଧ୍ୟବିତ୍ତ ଶ୍ରେଣୀର, ଯେଉଁମାନେ ସରକାରୀ ମାଗଣା ଯୋଜନା ଏବଂ ବିଭିନ୍ନ ଗରିବ କଲ୍ୟାଣ ଯୋଜନାରୁ ବଞ୍ଚିତ। ସମ୍ପ୍ରତି ଜୀବନ ଧାରଣର ଅତ୍ୟାବଶ୍ୟକ ସାମଗ୍ରୀ, ଶିକ୍ଷା ଓ ସ୍ୱାସ୍ଥ୍ୟ ଖର୍ଚ୍ଚ ଏତେ ବଢ଼ିଯାଇଛି ଯେ ଦରମା ଗଣ୍ଡିକ ଘରକୁ ଆସିବାର ପ୍ରଥମ ସପ୍ତାହରେ ହିଁ ସରିଯାଉଛି। ଏଭଳି ଅବସ୍ଥାରେ ଭବିଷ୍ୟତ ପାଇଁ ସଞ୍ଚୟ ଜମା ସୁଯୋଗ ମଧ୍ୟ ସଂକୁଚିତ। ତେଣୁ ଅବସର ପରେ ଖଟିଖିଆମାନେ କେମିତି ବଞ୍ଚିବେ ସେ ବିଷୟରେ ଅନ୍ତତଃ ସରକାର ସହୃଦୟତାର ସହ ମାନବିକ ଦୃଷ୍ଟିକୋଣରୁ ଚିନ୍ତା କରିବା ଉଚିତ ହେବ।

## ବିପଦ ଟଳିନି

ନୋବେଲ୍ ବିଳାସୀ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟସ୍ଥତାରେ ଇସ୍ରାଏଲ୍ ଓ ହମାସ୍ ମଧ୍ୟରେ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ପ୍ରକ୍ରିୟା ଆରମ୍ଭ ହୋଇଛି। ଏଥିସହିତ ଗାଜାରେ ଶାନ୍ତି ବାହାଲ୍ ହେବାର ଆଶାର ଝଲକ୍‌ଟିଏ କେବଳ ଦେଖାଦେଇଛି, କିନ୍ତୁ ଅସ୍ଥିରତା ଓ ଅନିଶ୍ଚିତାର ବାଦଲ୍ ଏ ପର୍ଯ୍ୟନ୍ତ ହଟିନାହିଁ। ଏହାପୂର୍ବରୁ ମଧ୍ୟ ଉଭୟ ପକ୍ଷରୁ ଅସ୍ତ୍ରବିରତି ଓ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ପ୍ରୟାସ ଭଣ୍ଡୁର ହୋଇଥିଲା। ସମ୍ପ୍ରତି ବିଶ୍ୱର ବଡ଼ଭାଇ ଆମେରିକା ଉପସ୍ଥିତିରେ ଏହି ପ୍ରକ୍ରିୟା ସମ୍ପାଦିତ ହେଉଛି। କିନ୍ତୁ ଏହାର ଅର୍ଥ ନୁହେଁ ଯେ ଉଭୟ ପକ୍ଷ ମନରେ ଜଳୁଥିବା ନିଆଁ ପ୍ରଶମିତ ହୋଇସାରିଛି। ଅନ୍ତତଃ କ୍ଷମତାଲିପ୍ସୁ ଓ ଯୁଦ୍ଧଖୋର ବେଞ୍ଜାମିନ୍ ନେତାନ୍ୟାହୁ ଇସ୍ରାଏଲ୍ ଶାସନ ମୁଖ୍ୟ ଥିବା ପର୍ଯ୍ୟନ୍ତ ଇସ୍ରାଏଲ୍-ପାଲେଷ୍ଟାଇନ୍ ମଧ୍ୟରେ ସମ୍ପୂର୍ଣ୍ଣ ଶାନ୍ତି ସହାବସ୍ଥାନ ସାକାର ହେବ ବୋଲି ବିଶ୍ୱାସ ଆସୁନାହିଁ।

ଗାଜାପଟିରେ ଟ୍ରମ୍ପ ନିଜର ଯେଉଁ ସ୍ୱପ୍ନ-ପ୍ରକଳ୍ପ ପରିକଳ୍ପନା କରିଛନ୍ତି, ତା'କୁ ସାକାର କରିବା ପାଇଁ ସେହି ଅଞ୍ଚଳରେ ଶାନ୍ତି ଫେରିବା ତାଙ୍କ ପାଇଁ ଅପରିହାର୍ଯ୍ୟ। କିନ୍ତୁ ସେ ଯେ ମଧ୍ୟପ୍ରାଚ୍ୟରେ ଶାନ୍ତି ଚାହାନ୍ତି ତାହା କଳ୍ପନାତୀତ। ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା ବାହାଲ ହେଲେ ଆମେରିକାର ଆଣବିକ-ଇନ୍ଧନ ଓ ଯୁଦ୍ଧାସ୍ତ୍ର ବାଣିଜ୍ୟର ମହତାକାଂକ୍ଷା ସାକାର ହୋଇପାରିବ ନାହିଁ କି ଇରାନ୍‌କୁ କାବୁ କରିହେବ ନାହିଁ। ତେଣୁ ନିଜକୁ ବିଶ୍ୱ ଶାନ୍ତିଦୂତ ଭାବେ ଉପସ୍ଥାପନା କରୁଥିଲେ ମଧ୍ୟ ମଧ୍ୟପ୍ରାଚ୍ୟକୁ ସର୍ବଦା ଅଶାନ୍ତ ଓ ଅସ୍ଥିର ରଖିବା ପାଇଁ ଆମେରିକାର ସର୍ବକାଳୀନ ବୈଦେଶିକ ନୀତି ବିରୋଧରେ ଟ୍ରମ୍ପ ଯିବେ ନାହିଁ। ଅପରପକ୍ଷରେ ଆମେରିକା ବିରୋଧରେ ଯାଇ ଜାତିସଂଘର ସଂଖ୍ୟାଗରିଷ୍ଠ ସଦସ୍ୟ ପାଲେଷ୍ଟାଇନ୍‌ର ସାର୍ବଭୌମତ୍ୱ ସପକ୍ଷରେ ଭୋଟ ଦେଇଛନ୍ତି। ପାଲେଷ୍ଟାଇନ୍ ବିଧିବଦ୍ଧ ଭାବେ ସାର୍ବଭୌମ ରାଷ୍ଟ୍ର ଘୋଷିତ ହେଲେ ହମାସ୍‌ଙ୍କ ନିରାପଦ ଆଶ୍ରୟସ୍ଥଳୀ ହେବା ନିଶ୍ଚିତ, ଯାହାକୁ ନେତାନ୍ୟାହୁ ବରଦାସ୍ତ କରିବେ ନାହିଁ କି ଇସ୍ରାଏଲ୍ ବିରୋଧରେ ଆମେରିକା ମଧ୍ୟ ଯିବ ନାହିଁ। ତେଣୁ ଏହି ପ୍ରସଙ୍ଗ ଆଗାମୀ ଦିନରେ ପୁଣି ଉତ୍ତେଜନା ଓ ହିଂସା ସୃଷ୍ଟି କରିବାର ଆଶଙ୍କା ରହିଛି। ଇତିମଧ୍ୟରେ ଟ୍ରମ୍ପ ପ୍ରାୟୋଜିତ ଏହି ଯୁଦ୍ଧବିରତି ଚୁକ୍ତିକୁ ଆଫଗାନିସ୍ତାନ ଓ ପାକିସ୍ତାନର କେତେକ ଅଞ୍ଚଳରେ ତୀବ୍ର ବିରୋଧ ହେଉଛି। ହମାସ ମଧ୍ୟ ଚୁକ୍ତିର କେତେକ ସର୍ତ୍ତକୁ ବିରୋଧ କରିଛି ଅଥଚ ବାଧ୍ୟବାଧକତାରେ କାର୍ଯ୍ୟକାରୀ କରୁଛି। ତେଣୁ ଏହି ବିରୋଧ ଓ ଅସନ୍ତୋଷ ପୁଣି ଏକ ଆତଙ୍କବାଦୀ ଆକ୍ରମଣ, ହିଂସା ଓ ଯୁଦ୍ଧକୁ ଜନ୍ମ ଦେବା ଅସମ୍ଭବ ନୁହେଁ।

ଇସ୍ରାଏଲ୍-ପାଲେଷ୍ଟାଇନ ବିବାଦର ମୂଳ ସମସ୍ୟାର ସମାଧାନ ନ ହେବା ଯାଏଁ ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା କେବଳ ଏକ ସ୍ୱପ୍ନ ମାତ୍ର। କେବଳ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ଓ ଅସ୍ତ୍ରବିରତି ଭଳି ତାଳିପକା ପ୍ରୟାସରେ ଏହି ମହତ୍ ଲକ୍ଷ୍ୟ ପୂରଣ ହୋଇପାରିବ ନାହିଁ। ଚତୁର ଆମେରିକା ଓ ବାଚାଳ ଟ୍ରମ୍ପ ଏହା ବୁଝି ମଧ୍ୟ ଅବୁଝା ରହିବାର ଛଳନା କରୁଛନ୍ତି। ବେଲୁନ୍‌ର ଗୋଟିଏ ସ୍ଥାନରେ ଚାପ ପଡ଼ିଲେ ଅନ୍ୟ ପଟ ଫୁଲି ଉଠିବା ଭଳି ଗାଜା ଶାନ୍ତ ହେଲେ ମଧ୍ୟ ଅଶାନ୍ତି, ଆତଙ୍କ ଓ ହିଂସା ଅନ୍ୟ ସ୍ଥାନରେ ମୁଣ୍ଡ ଟେକିପାରେ। ●

# ଗଣତନ୍ତ୍ରର ଅପ୍ରତିହତ ସ୍ୱର: ମ୍ୟାଁମାର୍‌ରୁ ଭେନ୍‌ଜୁଏଲା

ମନୋରଂଜନ ମହାନ୍ତି

ବିଶ୍ୱ-ଇତିହାସରେ ଦୁଇଟି ସ୍ୱର୍ଣ୍ଣିମ ଅଧ୍ୟାୟ। ମଣିଷର ଗଣତାନ୍ତ୍ରିକ ଅଧିକାର ପାଇଁ ସାମରିକ ଶାସନ ବିରୋଧରେ ସଂଗ୍ରାମ କରି ମ୍ୟାଁମାର୍‌ର ଅଙ୍ଗ୍ ସାନ୍ ସୁକୀ ପାଇଥିଲେ ନୋବେଲ ଶାନ୍ତି ପୁରସ୍କାର ୧୯୯୧ ମସିହାରେ। ତିନି ଦଶନ୍ଧିରୁ ଊର୍ଦ୍ଧ୍ୱ କାଳ ପରେ ୨୦୨୫ ମସିହାର ନୋବେଲ୍ ଶାନ୍ତି ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି ଭେନ୍‌ଜୁଏଲାର ବିପ୍ଳବିଣୀ ଲୌହମାନବୀ ରୂପେ ପରିଚିତା ମ୍ୟାରିଆ କୋରିନା ମାଚାଡ଼ୋ। ସେଠାରେ ଏକଛତ୍ରବାଦୀ ଶାସନର ବିଲୋପ କରି ଜନସାଧାରଣଙ୍କ ଗଣତାନ୍ତ୍ରିକ ଅଧିକାର ପାଇଁ ଦୀର୍ଘ ଏକ ଦଶନ୍ଧି ଧରି ଚାଲିଥିବା ଆନ୍ଦୋଳନର ନେତୃତ୍ୱ ସେ ନେଉଛନ୍ତି। ଭେନ୍‌ଜୁଏଲା ଦକ୍ଷିଣ-ଆମେରିକାର ଏକ ରାଷ୍ଟ୍ର। ତା' ସୀମାକୁ ଲାଗିଛି କ୍ୟାରିବୀୟ ସାଗର ଓ ଉତ୍ତରଆଟ୍‌ଲାଣ୍ଟିକ୍ ମହାସାଗର। ତା'ର କ୍ଷେତ୍ରଫଳ ୯, ୧୬, ୪୪୫ ବର୍ଗ କି.ମି.। ଜନସଂଖ୍ୟା ମାତ୍ର ୩୦.୫ନିୟୁତ। ଅଥଚ ଦେଶଟି ସଂପ୍ରତି ଘୋର ସଂକଟ ମଧ୍ୟରେ ଗତି କରୁଛି।

ହ୍ୟୁଗୋ ଚାଭେଜ୍ ରାଷ୍ଟ୍ରପତି ଥିଲାବେଳେ ସାମାଜିକ, ଅର୍ଥନୈତିକ, ରାଜନୈତିକ ସଂକଟ ଆରମ୍ଭ ହୋଇ ଏବର ରାଷ୍ଟ୍ରପତି ନିକୋଲାସ୍ ମାଦୁରୋ ଓ ଉପରାଷ୍ଟ୍ରପତି ଡେଲ୍‌ସି ରୋଡ୍ରିଗେଜ୍‌ଙ୍କ ଶାସନ ସମୟରେ ବହୁଗୁଣିତ ହୋଇଛି। ମୁଦ୍ରାସ୍ଫୀତି, ଅନାହାର, ରୋଗ, ଅପରାଧ, ମୃତ୍ୟୁହାର ବୃଦ୍ଧି, ଦେଶାନ୍ତର ଗମନ ଦୃଷ୍ଟିରୁ ଭେନ୍‌ଜୁଏଲା ହେଉଛି ଲାଟିନ୍-ଆମେରିକା ଓ କ୍ୟାରିବୀୟ ଅଞ୍ଚଳରେ ଦ୍ୱିତୀୟ ଦରିଦ୍ର ରାଷ୍ଟ୍ର। ସେଠି ପ୍ରଚୁର ତୈଳସମ୍ପଦ ଭରିରହିଛି। 'ପେଟ୍ରୋଲିଅସ୍ ଡି ଭେନ୍‌ଜୁଏଲା ଏସ୍.ଏ' ନାମକ ରାଷ୍ଟ୍ରାୟତ୍ତ ତୈଳ ଓ ପ୍ରାକୃତିକ ବାଷ୍ପ କମ୍ପାନୀ ତା'ର ପରିଚାଳନା ଦାୟିତ୍ୱରେ ଅଛି। କିନ୍ତୁ ସରକାରୀ କୁ-ପରିଚାଳନା ହେତୁ ତୈଳ ଉତ୍ପାଦନ ହ୍ରାସ ପାଉଛି। ଏଣେ ତୈଳ ରପ୍ତାନି ଉପରେ ନିର୍ଭରଶୀଳତା ମାତ୍ରାଧିକ ହେଉଛି। ତୈଳ ମୂଲ୍ୟ ହ୍ରାସ ପାଉଛି। ସର୍ବବୃହତ୍ ତୈଳସମ୍ପଦ ଥାଇ ମଧ୍ୟ ଦେଶବାସୀ ଦରିଦ୍ର।

ରାଜନୈତିକ ଅସ୍ଥିରତା ସାଙ୍ଗକୁ ଭ୍ରଷ୍ଟାଚାର, ଦୁର୍ବଳ ନେତୃତ୍ୱ, ଅମଲାତନ୍ତ୍ରର ଅଧିନାୟକବାଦୀ ଶୈଳୀ ଜନସାଧାରଣଙ୍କ ଦୁର୍ଦ୍ଦଶା ପାଇଁ ପୂର୍ଣ୍ଣତଃ ଦାୟୀ। ବ୍ୟକ୍ତି-ସ୍ୱାଧୀନତା ଓ ନିରାପତ୍ତାର ଘୋର ଅଭାବ। ଖାଦ୍ୟାଭାବ, ପାନୀୟଜଳ ସଂକଟ, ସ୍ୱାସ୍ଥ୍ୟ ସୁବିଧାର ଅଭାବ ହେତୁ ୫ନିୟୁତ ଲୋକ ଦେଶାନ୍ତର ହେଲେଣି। ବେଆଇନ୍ ଭାବରେ ଆମେରିକାରେ ରହୁଥିବା ଭେନ୍‌ଜୁଏଲା-ଅଧିବାସୀଙ୍କ ସଂଖ୍ୟା ୨୦୦୭ରେ ଥିଲା ୫୫, ୦୦୦, ୨୦୨୧ରେ ୧, ୯୫, ୦୦୦, ୨୦୨୩ରେ ୬, ୫୦, ୦୦୦, ୨୦୨୫ରେ ୭ଲକ୍ଷ। କୃଷି ଓ ଉତ୍ପାଦନ କ୍ଷେତ୍ର ସମ୍ପୂର୍ଣ୍ଣ ଅବହେଳିତ। ପରିସଂଖ୍ୟାନ ଅନୁଯାୟୀ ୩୦ନିୟୁତ ଜନସଂଖ୍ୟାବିଶିଷ୍ଟ ଭେନ୍‌ଜୁଏଲାରେ ପ୍ରାୟ ଏକ-ତୃତୀୟାଂଶ ଅର୍ଥାତ୍ ୯.୩ ନିୟୁତ ଲୋକ ଖାଦ୍ୟାଭାବରେ ପୀଡ଼ିତ। ଚିକନ୍‌ଗୁନିଆ, ଡେଙ୍ଗୁ, ହେପାଟାଇଟିସ୍-ଏ, ହେପାଟାଇଟିସ୍-ବି, ମ୍ୟାଲେରିଆ, ମିଳିମିଳା ରୋଗୀଙ୍କ ସଂଖ୍ୟା ବଢ଼ିବଢ଼ି ଚାଲିଛି। ଅଥଚ ଆବଶ୍ୟକ ଔଷଧର ଉତ୍କଟ ଅଭାବ। ବେକାରୀ, ବେରୋଜଗାରୀ ବଢୁଥିବାରୁ ଅପରାଧ ବୃଦ୍ଧି ପାଉଛି। ଏକଛତ୍ରବାଦୀ ଶାସକଙ୍କ ସ୍ୱେଚ୍ଛାଚାର ହେତୁ ମାନବାଧିକାର ଉଲ୍ଲଙ୍ଘନ ହେଉଛି। ଫଳତଃ ନାଗରିକ ଅସନ୍ତୋଷ ବୃଦ୍ଧି ପାଉଛି। ଭେନ୍‌ଜୁଏଲାକୁ ଯାଉଥିବା ଲୋକଙ୍କୁ ବେଆଇନ୍ ଅଟକ ରଖାଯାଉଛି, ଯନ୍ତ୍ରଣା ଦିଆଯାଉଛି। ଆତଙ୍କବାଦ ଓ ଅପହରଣ ଭଳି ମାମଲାରେ ଜଡ଼ିତ କରାଇ ସ୍ଥାନୀୟ ଆଇନ୍‌ର ମନମୁଖି ପ୍ରୟୋଗ କରାଯାଉଛି।

ସ୍ୱଳ୍ପ ଜନସଂଖ୍ୟା ବିଶିଷ୍ଟ ଗୋଟେ କ୍ଷୁଦ୍ର ରାଷ୍ଟ୍ରର ଏପରି ଦୁଃସ୍ଥିତି କାଳରେ ରାଷ୍ଟ୍ରନାୟକଙ୍କ ଏକଛତ୍ରବାଦ ବିରୋଧରେ ବଜ୍ର ସ୍ୱର ଜାଗ୍ରତ କରି ସାଧାରଣ ଜନତାଙ୍କ ଗଣତାନ୍ତ୍ରିକ ଅଧିକାର ପାଇଁ ଜନ-ଆନ୍ଦୋଳନ ଜରିଆରେ ନିରବଚ୍ଛିନ୍ନ ପ୍ରୟାସ କରୁଥିବା ମ୍ୟାରିଆ କୋରିନା ମାଚାଡ଼ୋ ଚଳିତ ବର୍ଷର ନୋବେଲ୍ ଶାନ୍ତି ପୁରସ୍କାର ବିଜୟିନୀ। ମ୍ୟାରିଆ ଜଣେ ଇଣ୍ଡଷ୍ଟ୍ରିଆଲ୍ ବା ଔଦ୍ୟୋଗିକ ଇଂଜିନିୟର୍ ଓ ବିତ୍ତକ୍ଷେତ୍ର (ଫାଇନାନ୍ସ) ରେ ସ୍ନାତକୋତ୍ତର ଉପାଧିପ୍ରାପ୍ତ। 'ସୁମେଟ୍' ସଂଗଠନର ପ୍ରତିଷ୍ଠାତ୍ରୀ ଭାବରେ ନିଜର ରାଜନୈତିକ ଜୀବନ ସେ ଆରମ୍ଭ କରିଥିଲେ। ସେଥିସହିତ 'ଭେଣ୍ଟେ ଭେନ୍‌ଜୁଏଲା' ନାମକ ରାଜନୈତିକ ଦଳର ଜାତୀୟ ସଂଯୋଜିକା ଅଛନ୍ତି। ୨୦୧୪ରୁ ଏପର୍ଯ୍ୟନ୍ତ ରାଷ୍ଟ୍ରପତି ନିକୋଲାସ୍ ମାଦୁରୋଙ୍କ ସରକାର ବିରୋଧରେ ଏକ ଶକ୍ତିଶାଳୀ ସାମାଜିକ ଆନ୍ଦୋଳନର ନେତୃତ୍ୱ ନେଉଛନ୍ତି ମ୍ୟାରିଆ। ୨୦୨୪ରୁ ଗୋପନବାସରେ ଅଛନ୍ତି। ଏକ ଦଶନ୍ଧି ବ୍ୟାପୀ ତାଙ୍କର ସଂଗ୍ରାମକୁ ସ୍ୱୀକୃତି ଜଣାଇ ନୋବେଲ୍ କମିଟି ତାଙ୍କୁ ପ୍ରଦାନ କରିଛି ଅନ୍ତଃରାଷ୍ଟ୍ରୀୟ ସ୍ତରରେ ସର୍ବଶ୍ରେଷ୍ଠ ଶାନ୍ତି ପୁରସ୍କାର।

ଗଣତାନ୍ତ୍ରିକ ଅଧିକାର ପାଇଁ ମ୍ୟାରିଆଙ୍କ ସଂଗ୍ରାମ ଆମକୁ ମନେପକାଇ ଦେଉଛି ଆଜିକୁ ପ୍ରାୟ ଚାରି ଦଶନ୍ଧି ତଳେ ବର୍ମା (ଆଧୁନିକ ମ୍ୟାଁମାର)ରେ ସାମରିକ ଶାସନକର୍ତ୍ତା ଜେନେରାଲ୍ ନି ୱିନ୍‌ଙ୍କ ବିରୋଧରେ ଜନଆନ୍ଦୋଳନକୁ କିଭଳି ତୀବ୍ରତର କରିଥିଲେ ବିପ୍ଳବିଣୀ ଅଙ୍ଗ୍‌ସାନ୍ ସୁକୀ। ଜେନେରାଲ ନି ୱିନ୍‌ଙ୍କ ସାମରିକ ଶାସନରେ ବର୍ମାର ଅଧିବାସୀମାନେ ଅତ୍ୟନ୍ତ ଅତିଷ୍ଠ ଓ ଅସ୍ଥିର ହୋଇପଡ଼ିଥିଲେ। ୧୯୮୮ ମସିହାରେ ସୁକୀ ରେଙ୍ଗୁନ୍‌ରେ ପହଞ୍ଚି ବର୍ମାବାସୀଙ୍କ ଦୁରବସ୍ଥାକୁ ହୃଦୟଙ୍ଗମ କଲେ। ସୁକୀ ଲକ୍ଷ୍ୟ କଲେ ଛାତ୍ରମାନେ ନି ୱିନ୍‌ଙ୍କ ବିରୋଧରେ ଆନ୍ଦୋଳନ କରୁଛନ୍ତି। ସୁତରାଂ ସେ ନିଜକୁ ସେହି ଆନ୍ଦୋଳନରେ ସାମିଲ କରାଇଲେ।

ସାରା ଦେଶରେ ସାମରିକ ଶାସନ ବିରୋଧରେ ପ୍ରତିବାଦର ସ୍ୱର ଜାଗି ଉଠିଲା। ୧୯୮୮ ଜୁଲାଇ ୨୩ ତାରିଖରେ ନି ୱିନ୍ 'ବର୍ମିଜ୍ ସୋସିଆଲିଷ୍ଟ ପ୍ରୋଗ୍ରାମ୍ ପାର୍ଟି'ର ନେତୃତ୍ୱରୁ ଓହରିଯିବାକୁ ସ୍ଥିରକଲେ। ୧୯୮୮ ଅଗଷ୍ଟ ୧୫ ତାରିଖରେ ସୁକୀ ନିଜର ଏକ ଲେଖା ସାମରିକ ଶାସନକର୍ତ୍ତାଙ୍କୁ ଦେଲେ। ସେହି ଲେଖାର ଶୀର୍ଷକ ଥିଲା - 'ଦି ଫରମେସନ୍ ଅଫ୍ ଏ ପିପୁଲ୍‌ସ୍ କନ୍‌ସଲ୍‌ଟେଟିଭ୍ କମିଟି'। ଶାନ୍ତିପୂର୍ଣ୍ଣ ଓ ନିରସ୍ତ୍ର ଆନ୍ଦୋଳନକାରୀମାନଙ୍କ ବିରୋଧରେ ଦମନମୂଳକ ପନ୍ଥା ଗ୍ରହଣ ନକରିବା ପାଇଁ ଏବଂ ସମସ୍ତ ରାଜନୈତିକ ବନ୍ଦୀଙ୍କୁ ଖଲାସ କରିଦେବା ପାଇଁ ଉକ୍ତ ଲେଖାରେ ସୁକୀ ସାମରିକ ଶାସନକର୍ତ୍ତାଙ୍କୁ ନିବେଦନ କରିଥିଲେ। ଏହି ଲେଖାରେ ମଧ୍ୟ ବର୍ମାର କେତେକ ବିଶିଷ୍ଟ ନାଗରିକ ସ୍ୱାକ୍ଷର କରିଥିଲେ।

ସମଗ୍ର ଦେଶରେ ଶାନ୍ତିପୂର୍ଣ୍ଣ ଓ ଅହିଂସ ଆନ୍ଦୋଳନ ଏକ ବିରାଟ ଆକାର ଧାରଣ କରିବାରୁ ଜେନେରାଲ ନି ୱିନ୍ କ୍ଷମତାରୁ ଓହରିଗଲେ। ୧୯୮୮ ସେପ୍ଟେମ୍ବର ୧୮ ତାରିଖରେ ଜେନେରାଲ ସ'-ମାଉଙ୍ଗ୍ ସାମରିକ ଶାସନକର୍ତ୍ତା ହେଲେ। ସେତିକିବେଳେ ସୁକୀ ଏକ ଦଳ ଗଢ଼ିଲେ ଯାହାର ନାମ ହେଲା 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି'। ୧୯୮୮ ଅଗଷ୍ଟ ୧୫ତାରିଖରୁ ୧୯୮୯ ଜୁଲାଇ ୨୦ ତାରିଖ ପର୍ଯ୍ୟନ୍ତ ସୁକୀ ନିରବଚ୍ଛିନ୍ନ ଭାବରେ ସଂଗ୍ରାମ କଲେ ସାମରିକ ଏକଛତ୍ରବାଦ ବିରୋଧରେ। ସୁକୀଙ୍କର ଜନପ୍ରିୟତା ସମଗ୍ର ଦେଶରେ କ୍ରମଶଃ ବୃଦ୍ଧି ପାଇବାକୁ ଲାଗିଲା। ୧୯୯୦ ମେ ୨୭ ତାରିଖରେ ବର୍ମା (ଆଧୁନିକ ମ୍ୟାଁମାର)ରେ ସାଧାରଣ ନିର୍ବାଚନ ଅନୁଷ୍ଠିତ ହେଲା। ସେଥିରେ ୪୮୫ଟି ଆସନ ମଧ୍ୟରୁ ସୁକୀଙ୍କ 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' ଦଳ ୩୯୨ଟି ଆସନରେ ବିଜୟ ହାସଲ କଲେ। ସମୁଦାୟ ୧୩ ନିୟୁତ ଭୋଟ ମଧ୍ୟରୁ ସୁକୀଙ୍କ ଦଳ ଶତକଡ଼ା ୭୨ ଭାଗ ଭୋଟ୍ ପାଇ ନିରଙ୍କୁଶ ସଂଖ୍ୟାଗରିଷ୍ଠତା ହାସଲ କଲେ। ନିର୍ବାଚନ ପୂର୍ବରୁ ମାସ ମାସ ଧରି ସୁକୀ ୧୦୦୦ରୁ ଊର୍ଦ୍ଧ୍ୱ ସଭାରେ ଉଦ୍‌ବୋଧନ ଦେଇଥିଲେ।

ନିର୍ବାଚନରେ ସୁକୀଙ୍କ 'ଗଣତନ୍ତ୍ର-ଦଳ'ର ବିପୁଳ ବିଜୟ ଦେଖି ସାମରିକ ଶାସକମାନେ କ୍ରୋଧାନ୍ୱିତ ଓ ଈର୍ଷାପରାୟଣ ହୋଇଉଠିଲେ। ଗଣତନ୍ତ୍ର ସପକ୍ଷରେ ମ୍ୟାଁମାର୍‌ର ଅଧିବାସୀଙ୍କ ରାୟକୁ ସାମରିକ ଶାସକମାନେ ଅସ୍ୱୀକାର ଓ ଅସମ୍ମାନ କଲେ। ୧୯୯୦ ଅକ୍ଟୋବର ମାସରୁ ୧୯୯୨ ଜାନୁଆରୀ ମଧ୍ୟରେ ସୁକୀଙ୍କ 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' ଦଳର ପାର୍ଲାମେଣ୍ଟ ସଭ୍ୟମାନଙ୍କର ବିଚାର ହୋଇ ପ୍ରତ୍ୟେକଙ୍କୁ ୧୦ରୁ ୨୫ବର୍ଷ ପର୍ଯ୍ୟନ୍ତ କାରାଦଣ୍ଡରେ ଦଣ୍ଡିତ କରାଗଲା। ବନ୍ଦୀଶାଳାରେ ରାଜନୈତିକ ବନ୍ଦୀମାନଙ୍କ ପ୍ରତି ଅକଥନୀୟ ଅତ୍ୟାଚାର କରାଗଲା। ୧୯୯୧ ଜୁଲାଇ ୨୦ତାରିଖରୁ ସୁକୀଙ୍କୁ ଗୃହବନ୍ଦୀ କରି ରଖାଗଲା।

ମ୍ୟାଁମାର୍‌ରେ ଗଣତନ୍ତ୍ର ଶାସନ ପ୍ରତିଷ୍ଠା କରିବା ଉଦ୍ଦେଶ୍ୟରେ ସୁକୀ ଯେପରି ନିରବଚ୍ଛିନ୍ନ ସଂଗ୍ରାମ ଓ ସାଧନା କରି ଆସିଥିଲେ, ଯେପରି ଚରମ ତ୍ୟାଗ ସ୍ୱୀକାର କରିଥିଲେ, ଇତିହାସରେ ତାହା ଅତୁଳନୀୟ। ୧୯୯୧ର ନୋବେଲ୍ ଶାନ୍ତି ପୁରସ୍କାର ତାଙ୍କୁ ପ୍ରଦାନ କରାଯାଇଥିଲା। ମଣିଷର ଗଣତାନ୍ତ୍ରିକ ଅଧିକାର ପାଇଁ ସାମରିକ ଓ ଏକଛତ୍ରବାଦୀ ଶାସନ ବିରୋଧରେ ସାହସିକ ସଂଗ୍ରାମ କରିଥିବା ଏହି ଦୁଇଜଣ ବିପ୍ଳବିଣୀ ନାରୀ ବିଶ୍ୱ ଇତିହାସରେ ଚିର ସ୍ମରଣୀୟ ହୋଇ ରହିବେ। ଏକଛତ୍ରବାଦ ବିରୋଧରେ ଅବଳା ରୂପେ ବିଦିତ ନାରୀମାନଙ୍କର ଉପରୋକ୍ତ ଯୁଗାନ୍ତକାରୀ ସଂଗ୍ରାମକୁ ନୋବେଲ୍ ସ୍ୱୀକୃତି ନାରୀ ସଶକ୍ତୀକରଣର ଦୃଢ଼ ବାର୍ତ୍ତା, ସର୍ବୋପରି ପୁରୁଷପ୍ରାଧାନ୍ୟ ସମାଜକୁ ଏକ ଭିନ୍ନ ସଂକେତ ଦେଉଛି। ●

(ଅବସରପ୍ରାପ୍ତ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର),
ମୋ: ୯୮୫୩୮୨୯୭୨

# ଜ୍ଞାନର ଅହଙ୍କାର ଓ ଅହଙ୍କାରର ଜ୍ଞାନ

ଶ୍ରୀବତ୍ସ ନାୟକ

ଏମିତି ଏକ ସମୟ ଆସିବ ଯେଉଁ ସମୟରେ ତୁମ ପାଖରେ ଚପଲ ଥିବ, କିନ୍ତୁ ପାଦରେ ବଳ ନଥିବ। ହାତ ଥିବ, କିନ୍ତୁ ଯୋଡ଼ିବାକୁ ଶକ୍ତି ନଥିବ। ସମସ୍ତେ ଥାଇ ବି ପାଖରେ କେହି ନଥିବେ। ସମୟ ଆସିବ ଯୌବନରେ ବାର୍ଦ୍ଧକ୍ୟର ଛାଇ ଖେଳିଯିବ, ସ୍ୱପ୍ନ ଦେଖୁଥିବ ହେଲେ ରାତି ନଥିବ। ସମୟ ଆସିବ ତୁମକୁ ବି କେହି ଉପହାସ କରିବେ। ତୁମେ ବି କାହା ନିର୍ଦ୍ଦେଶକୁ ଅପେକ୍ଷା କରିବ। ନିରସ୍ତ୍ର ସୈନିକ ଭଳି ମୂକ ପାଲଟିଯିବ। ବିରହ ବିଚ୍ଛେଦର ଯନ୍ତ୍ରଣା ଭୋଗିବାକୁ ପଡ଼ିବ, ସମସ୍ତ କୁକର୍ମର ପଶ୍ଚାତାପ କରିବାକୁ ପଡ଼ିବ। ତେଣୁ ଏତେ ଗର୍ବ ଅହଙ୍କାର କାହିଁକି? ସମୟ ଆସିବ ସବୁ ଅହଙ୍କାର ଚୂରମାର ହୋଇଯିବ।

ମଣିଷ ମନର ଅହଂ ଭାବନାରେ ଆତ୍ମଗର୍ବ ଅତିଶୟ। ଏ ମଣିଷ ଅହଂ ଭାବନାରେ ବୁଡ଼ି ନିଜକୁ ମଣେ ମହାନ। ନମ୍ରତା ଭାବନା ପ୍ରତି ବୀତସ୍ପୃହ ହୋଇ ଆତ୍ମଗର୍ବେ ବଳୀୟାନ ହୁଏ। ଅଜ୍ଞାନ ଅନ୍ଧକାର ରହିତ ମଣିଷ ଅହଙ୍କାର କରିବା ସ୍ୱାଭାବିକ। କିନ୍ତୁ ଯେତେବେଳେ ଜ୍ଞାନୀ ଲୋକମାନେ ନିଜ ଜ୍ଞାନକୁ ନେଇ ଗର୍ବ ଓ ଅହଙ୍କାର କରିଥା'ନ୍ତି, ସେତେବେଳେ ସମାଜ ବିନାଶ ଆଡ଼କୁ ଗତି କରିଥାଏ। କିଏ ନିଜର ଧନକୁ ନେଇ ଗର୍ବ କରେ ତ କିଏ ପୁଣି ନିଜର ସୌନ୍ଦର୍ଯ୍ୟକୁ ନେଇ ଗର୍ବ କରେ। କିଏ ଜ୍ଞାନକୁ ନେଇ ଗର୍ବ କରେ ତ କିଏ ପୁଣି ନିଜର ଦାନ ଓ ଭକ୍ତିକୁ ନେଇ ଗର୍ବ କରେ। ଅଧୁନା ସମାଜରେ ଅହଙ୍କାରୀ ଜ୍ଞାନୀମାନଙ୍କର ଅଭାବ ନାହିଁ। ଏହି ଅହଙ୍କାରୀ ଜ୍ଞାନୀମାନେ ନିଜର ଜ୍ଞାନର ଦ୍ୱାହି ଦେଇ ବିକାଶ ଆଳରେ ସମାଜକୁ ବିନାଶ ଆଡ଼କୁ ନେଇଯାଉଛନ୍ତି।

ଲଙ୍କାପତି ରାବଣ ବେଦ, ଶାସ୍ତ୍ର ଓ ସଙ୍ଗୀତରେ ବେଶ୍ ପାରଙ୍ଗମ ଥିଲେ। ସେ ଶିବଭକ୍ତ ମଧ୍ୟ ଥିଲେ। ତାଙ୍କର ତପସ୍ୟାରେ ସ୍ୱୟଂ ଶିବଙ୍କୁ ସନ୍ତୁଷ୍ଟ କରିଥିଲେ। ସେ ବ୍ରହ୍ମଜ୍ଞାନୀ ଥିଲେ, କିନ୍ତୁ ସେଇ ଜ୍ଞାନକୁ ସେ ବିନମ୍ରତାରେ ବ୍ୟବହାର କରି ନ ଥିଲେ। ସୀତାଙ୍କୁ ହରଣ କରିବା, ନିଜକୁ ସବୁଠାରୁ ଶ୍ରେଷ୍ଠ ଭାବିବା ସେଇ ଅହଙ୍କାରର ପରିଣାମ ସ୍ୱରୂପ ତାଙ୍କର ସ୍ୱର୍ଣ୍ଣ ଲଙ୍କା ଧ୍ୱଂସ ହେଲା। ଜ୍ଞାନ ସହିତ ବିନମ୍ରତା ନଥିଲେ ସେଇ ଜ୍ଞାନ ବିନାଶକାରୀ ସଦୃଶ। ଦୁର୍ବାସା ଋଷି ବଡ଼ ଜ୍ଞାନୀ ଓ ତପସ୍ୱୀ ଥିଲେ। କିନ୍ତୁ କ୍ରୋଧ ଓ ଅହଙ୍କାରବଶତଃ ତାଙ୍କର ଶାପରେ ଅନେକ ରାଜ୍ୟ, ଅନେକ ପରିବାର ଦୁର୍ଭୋଗରେ ପଡ଼ିଥିଲା। ରାଜା ବଳୀଙ୍କ ଦାନ ଦେବାର ଅହଙ୍କାର ଓ ଆତ୍ମବଡ଼ିମା ଯୋଗୁଁ ପାତାଳ ପୁରକୁ ଗଲେ। ଅହଙ୍କାର ପାଇଁ ମହର୍ଷି ନାରଦ ମଧ୍ୟ ଶ୍ରେଷ୍ଠ ଭକ୍ତ ହେବାର ଯୋଗ୍ୟତା ହରେଇଛନ୍ତି। ଯେତେବେଳେ ଜ୍ଞାନ କ୍ରୋଧ ସହିତ ମିଶେ ସେଥିରୁ କେବଳ ଦୁଃଖ ଜନ୍ମେ। ମହାଭାରତର ଦୁର୍ଯ୍ୟୋଧନ ଯୁଦ୍ଧଶାସ୍ତ୍ର, ରାଜନୀତି ଓ କୌଶଳରେ ଥିଲେ ଅପାର ଜ୍ଞାନୀ। ସେ ଶିକ୍ଷା ଓ ଶକ୍ତିରେ ସମ୍ପନ୍ନ ଥିଲେ ମଧ୍ୟ ଅହଙ୍କାରରେ ପାଣ୍ଡବମାନଙ୍କୁ ଦ୍ୱେଷ କରି ତାଙ୍କ ସମସ୍ତ ଜ୍ଞାନକୁ ଅନ୍ୟାୟରେ ବ୍ୟୟ କଲେ। ଶେଷରେ କୁରୁକ୍ଷେତ୍ରରେ ତାଙ୍କର ପରାଜୟ ହେଲା। ଜ୍ଞାନ ଯଦି ସତ୍ୟରେ ନ ଥାଏ, ସେଥିରୁ ଅବଶ୍ୟ ବିନାଶ ଆସେ।

ହିଟଲର୍ ଅସାଧାରଣ ରାଜନୀତିକ ଜ୍ଞାନ, ସମ୍ବୋଧନ କରିବାର କଳା ଓ ସେନାନୀତିରେ ନିପୁଣ ଥିଲେ। ସେହି ଜ୍ଞାନକୁ ଯଦି ସେ ମାନବସେବାରେ ବ୍ୟବହାର କରିଥା'ନ୍ତେ, ସମଗ୍ର ବିଶ୍ୱ ଉନ୍ନତିର ପଥରେ ଯାଇପାରିଥା'ନ୍ତା। କିନ୍ତୁ ସେ ଅହଙ୍କାର, ହିଂସା ଓ ଅନ୍ୟଜାତି ପ୍ରତି ଦ୍ୱେଷରେ ସେଇ ଜ୍ଞାନକୁ ବ୍ୟବହାର କଲେ। ପରିଣାମ ସ୍ୱରୂପ ବିଶ୍ୱ ଦେଖିଲା ଦ୍ୱିତୀୟ ବିଶ୍ୱଯୁଦ୍ଧ। ଏଠାରେ ଜ୍ଞାନ ରହିତ ଅହଙ୍କାର ପ୍ରଳୟଙ୍କାରୀ ବିଶ୍ୱବ୍ୟାପୀ ଯୁଦ୍ଧକୁ ନିମନ୍ତ୍ରଣ କରିଥିଲା। ମୋଗଲ୍ ସମ୍ରାଟ୍ ଔରଙ୍ଗଜେବ ରାଜନୀତି, ଶାସନ ଓ ଧର୍ମଶାସ୍ତ୍ରରେ ଜ୍ଞାନୀ ଥିଲେ। କିନ୍ତୁ ସେଇ ଜ୍ଞାନକୁ ସେ ସହିଷ୍ଣୁତାରେ ନୁହେଁ, କଠୋରତାରେ ବ୍ୟବହାର କଲେ। ତାଙ୍କର ଅହଙ୍କାରୀ ନୀତି ସମଗ୍ର ମୋଗଲ ସାମ୍ରାଜ୍ୟକୁ ଦୁର୍ବଳ କରିଦେଲା। ଶାସନରେ ଜ୍ଞାନ ଅହଙ୍କାରରେ ବ୍ୟବହୃତ ହେଲେ, ସାମ୍ରାଜ୍ୟ ଧ୍ୱଂସ ନିଶ୍ଚିତ। ଇତିହାସ ସାକ୍ଷୀ ଅଛି ଯେ ଏହିଭଳି ଅନେକ ଜ୍ଞାନୀମାନଙ୍କର ଅହଙ୍କାର ଯୋଗୁଁ ସେମାନଙ୍କର ପତନ ହୋଇଛି ଏବଂ ସମଗ୍ର ସମାଜ ଧ୍ୱଂସାବିମୁଖୀ ହୋଇଛି।

ଜ୍ଞାନର ଅହଙ୍କାର ମଣିଷକୁ ତଳିତଳାନ୍ତ କରିଦିଏ। କିନ୍ତୁ ଅହଙ୍କାରର ଜ୍ଞାନ ମଣିଷର ଶ୍ରେଷ୍ଠତାକୁ ପ୍ରତିପାଦିତ କରିଥାଏ। ଯେଉଁ ମଣିଷ ପାଖରେ ଅହଙ୍କାର ବିଷୟରେ କିଛି ନା କିଛି ଜ୍ଞାନ ଥିବ ସେମାନେ ହେଲେ ପ୍ରକୃତ ଜ୍ଞାନୀ। ମର୍ଯ୍ୟାଦାପୁରୁଷ ଶ୍ରୀରାମ ଜ୍ଞାନୀ ଥିଲେ, କିନ୍ତୁ ତାଙ୍କର ଜ୍ଞାନ ଥିଲା ଅହଙ୍କାର ବର୍ଜନ ଉପରେ। ଅବତାରୀ ପୁରୁଷ ଶ୍ରୀକୃଷ୍ଣ କେବେ ବି ନିଜକୁ ଭାଗବାନ ବୋଲି ସମ୍ବୋଧିତ କରିନାହାନ୍ତି। ସକ୍ରେଟିସ୍ ନିଜ ମହାନତାର ପ୍ରମାଣ ଦେବାକୁ ଯାଇ କହିଛନ୍ତି ଯେ ମୁଁ ଏତିକି ଜ୍ଞାନ ଆହରଣ କରିଛି ଯେ ମୁଁ କିଛି ଜାଣିନାହିଁ। ଏହା ହିଁ ପ୍ରକୃତ ଜ୍ଞାନ। ଏହି ବିନମ୍ରତାରୁ ସେ ମହାନ୍। ପ୍ରକୃତ ଜ୍ଞାନୀ ସିଏ, ଯିଏ ଜ୍ଞାନକୁ ଅହଙ୍କାରରେ ନୁହେଁ, ସେବାରେ ବ୍ୟବହାର କରେ।

ଜ୍ଞାନ ହେଉଛି ମଣିଷର ସର୍ବୋତ୍କୃଷ୍ଟ ସମ୍ପଦ। ଜ୍ଞାନର ଆଲୋକରେ ମଣିଷ ନିଜେ ସଚେତନ ହୁଏ ଏବଂ ସମାଜକୁ ଆଗକୁ ନେଇଯାଏ। କିନ୍ତୁ କେବେ କେବେ ଏହି ଜ୍ଞାନ ମଣିଷକୁ ବିନମ୍ର କରିବାରୁ ବ୍ୟର୍ଥ ହୋଇ ଅହଙ୍କାରର ସୃଷ୍ଟି କରେ। ଏହି ଜ୍ଞାନର ଅହଙ୍କାର ସମସ୍ତଙ୍କ ପାଇଁ କ୍ଷତିକାରକ। ଜ୍ଞାନର ସତ୍ୟ ସ୍ୱରୂପ ଯଥାର୍ଥ ଜ୍ଞାନ ମଣିଷକୁ ନମ୍ରତା, ସହିଷ୍ଣୁତା ଓ ସେବାଭାବୀ କରିଥାଏ। 'ବିଦ୍ୟା ଦଦାତି ବିନୟମ୍'। ଅର୍ଥାତ୍, ସତ୍ୟ ଜ୍ଞାନ ବିନମ୍ରତାକୁ ଜନ୍ମ ଦେଇଥାଏ। ତେଣୁ ଜ୍ଞାନର ଅହଙ୍କାରକୁ ପରିତ୍ୟାଗ କରି ଅହଙ୍କାର ବିଷୟରେ ଜ୍ଞାନ ଆହରଣ କଲେ ସମାଜର ମଙ୍ଗଳ ସାଧିତ ହେବ। ●

କଟକ, ମୋ: ୯୪୩୮୦୭୦୮୪୯

# ରାଧା ଦାମୋଦର ବ୍ରତ

ସ୍ୱପ୍ନେଶ୍ୱର

**ଲୋକକଥାରେ ଲୋକଦେବତା**

ଦ୍ୱାପର ଯୁଗର କଥା। ମାମୁ କଂସର ନିମନ୍ତ୍ରଣ ପାଇ କୃଷ୍ଣବଳରାମ ଅକ୍ରୁରଙ୍କ ସହ ରଥାରୋହଣ କରି ମଥୁରା ଯିବା ପାଇଁ ବାହାରିଲେ। କୃଷ୍ଣ ଥିଲେ ଗୋପୀଗୋପାଳମାନଙ୍କର ପ୍ରାଣର ପ୍ରାଣ। ତେଣୁ ଗୋପୀମାନେ ଏକତ୍ରିତ ହୋଇ କୃଷ୍ଣଙ୍କର ପଥରୋଧ କଲେ। ଶ୍ରୀକୃଷ୍ଣ ସେମାନଙ୍କୁ ରାସ୍ତା ଛାଡ଼ି ଦେବାକୁ ଅନୁରୋଧ କରି କହିଲେ- '...ମନରେ ନ ଭାଳ, ଗୋପୀଗୋପାଳ ଭେଟ ସର୍ବକାଳ।' କିନ୍ତୁ ଗୋପୀମାନେ ଥିଲେ ନଛୋଡ଼ବନ୍ଧା। କେବେ ଓ କେଉଁଠାରେ ଦେଖାହେବ ବୋଲି ସେମାନେ କୃଷ୍ଣଙ୍କ ପାଖରେ ଅଳି କଲେ। ତହୁଁ ଶ୍ରୀକୃଷ୍ଣ କହିଲେ, ... 'ଚଳ ନୀଳଗିରି, ରତ୍ନ ସିଂହାସନେ ଥିବୁ ବିହରି / ସବୁହୁଁ ଅଧିକ ଅତି ପୂଣ୍ୟ ମାସ ଅଟେ କାର୍ତ୍ତିକ / ମୋତେ କାର୍ତ୍ତିକ ମାସରେ ଭେଟିବ, ରାଇ ଦାମୋଦର କରି ପୂଜିବ / ସିନ୍ଧୁକୂଳରେ ରାଇ ଦାମୋଦର, ମୋତେ ପୂଜିବ ଥିବି ମୁଁ ସେଠାର / ମୋର କାର୍ତ୍ତିକେ ଦାମୋଦର ମୂର୍ତ୍ତି. ମୋତେ ପୂଜିବ ଗୋ ଗୋପ ଯୁବତୀ(ଓଡ଼ିଆ ଓଷାବ୍ରତ କଥା)।'

ଶ୍ରୀକୃଷ୍ଣଙ୍କ ଉପଦେଶ ଅନୁସାରେ ନୀଳାଚଳରେ କାର୍ତ୍ତିକ ମାସରେ ରାଧାଦାମୋଦରଙ୍କର ଯୁଗଳ ମୂର୍ତ୍ତିର ଆରାଧନା କରି ରାଧାଦାମୋଦର ବ୍ରତ ପାଳନ କରାଯାଏ। ମହାପ୍ରଭୁ ଜଗନ୍ନାଥ ବ୍ରତଧାରୀମାନଙ୍କର ଆରାଧନା ଶ୍ରଦ୍ଧାର ସହ ଗ୍ରହଣ କରନ୍ତି ବୋଲି ବିଶ୍ୱାସ କରାଯାଏ ଏବଂ ସେ ବିଷୟରେ ଶ୍ରୀକ୍ଷେତ୍ରରେ ଏକ ରୋଚକ ଲୋକକଥା ଶୁଣିବାକୁ ମିଳେ। ପୁରୀର ଶ୍ୱେତଗଙ୍ଗା ନିକଟରେ ବାସୁଦେବ ନାମକ ଜଣେ ବ୍ରାହ୍ମଣ ବାସ କରୁଥିଲେ। ତାଙ୍କ ମାଆ ଶ୍ରୀୟା, ପତ୍ନୀ ରାଧା ଓ ଭଉଣୀ ସୁମେଧାଙ୍କୁ ନେଇ ତାଙ୍କର ଚାରିଜଣର ପରିବାର। ରାଧା ଓ ସୁମେଧା ଥିଲେ ମହାପ୍ରଭୁ ଜଗନ୍ନାଥଙ୍କର ଭକ୍ତ। ସବୁ ବର୍ଷ କାର୍ତ୍ତିକ ମାସରେ ଦୁହେଁ ନିଷ୍ଠାର ସହ ରାଧାଦାମୋଦର ବ୍ରତ ପାଳନ କରୁଥିଲେ। କିନ୍ତୁ ବୁଢ଼ୀ ଶ୍ରୀୟାଙ୍କୁ ଏ ସବୁ ଭଲ ଲାଗୁ ନ ଥିଲା। ସକାଳୁ ସକାଳୁ ଘରର କାମଦାମ ଛାଡ଼ି ଝିଅ ଓ ବୋହୂର ପୂଜା କରି ଯିବାକୁ ଶ୍ରୀୟା ପସନ୍ଦ କରୁ ନଥିଲେ। ଦିନେ ନଣନ୍ଦ ଭାଉଜ ପୂଜା ପାଇଁ ବାହାରିବା ବେଳକୁ ଶ୍ରୀୟା ଭୀଷଣ ଝଗଡ଼ା କଲେ। ରାଧା ଓ ସୁମେଧାଙ୍କ ପୂଜାରେ ବିଳମ୍ବ ଘଟିଲା। ସମୟ ଗଡ଼ି ଯାଉଥିବାରୁ ଦୁହେଁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲେ। ମହାପ୍ରଭୁ ଶ୍ରୀଜଗନ୍ନାଥ ତାଙ୍କ କାତର ପ୍ରାର୍ଥନା ଶୁଣିଲେ। ତାଙ୍କ ଆଦେଶରେ ମାତା ସରସ୍ୱତୀ ବୁଢ଼ୀର କଣ୍ଠରେ ବିଜେ ହେଲେ ଏବଂ ପୂଜା ପାଇଁ ଅନୁମତି ଦେଲେ। ନଣନ୍ଦ ଭାଉଜ ଡେରିରେ ସମୁଦ୍ର କୂଳକୁ ଯାଇ ପୂଜା ଆରାଧନା ଆରମ୍ଭ କଲେ। ସେମାନଙ୍କ ଭକ୍ତି ଓ ପୂଜାରେ ନିଷ୍ଠା ଦେଖି ମହାପ୍ରଭୁ ମୁଗ୍ଧ ହେଲେ ଓ ସେଠାରେ ଅନେକ ସମୟ ପର୍ଯ୍ୟନ୍ତ ରହିଗଲେ।

ଏଣେ ଶ୍ରୀମନ୍ଦିରରେ ସକାଳ ଧୂପ ପାଇଁ ଗର୍ଭଗୃହରେ ପ୍ରସାଦ ବଢ଼ା ହେଲା ଏବଂ ଟେରା ପଡ଼ିଲା। ଧୂପ ପରେ ମହାପ୍ରଭୁଙ୍କୁ ଦର୍ଶନ କରିବା ପାଇଁ ଭକ୍ତମାନଙ୍କ ସହିତ ଗଜପତି ମହାରାଜା ମଧ୍ୟ ଅପେକ୍ଷା କରିଥିଲେ। ପ୍ରସାଦ ଅର୍ପଣ ପୂର୍ବରୁ ପଣ୍ଡା ମହାପ୍ରଭୁଙ୍କୁ ଆବାହନ କରି ଚଳୁରେ ଦର୍ଶନ କରନ୍ତି। ତା' ପରେ ଭୋଜନ ପ୍ରସାଦ ସମର୍ପଣ ହେବା ଶ୍ରୀମନ୍ଦିରର ପରମ୍ପରା। କିନ୍ତୁ ସେ ଦିନ ମହାପ୍ରଭୁ ରାଧା ଓ ସୁମେଧାର ପୂଜା ସମୁଦ୍ର କୂଳରେ ଗ୍ରହଣ କରୁଥିବାରୁ ଚଳୁରେ ଦର୍ଶନ ଦେଲେ ନାହିଁ। ଗଜପତି ଭାବିଲେ ଯେ ସେବକମାନେ କିଛି ଅନ୍ୟାଚାର କରି ଥିବାରୁ ଠାକୁର ଚଳୁରେ ଆସୁ ନାହାନ୍ତି। ତେଣୁ ସେ ତତକ୍ଷଣାତ୍ ସଂପୃକ୍ତ ସେବକମାନଙ୍କୁ ବହିଷ୍କାର କରି ଶାସନୀ ବ୍ରାହ୍ମଣମାନଙ୍କୁ ନିଯୁକ୍ତ କଲେ। ସେବକ ପ୍ରିୟ ଜଗନ୍ନାଥ ସତ୍ୟାଗ୍ରହ କଲେ। ସେ ନବନିଯୁକ୍ତ ସେବକମାନଙ୍କର ସେବା ଗ୍ରହଣ କଲେ ନାହିଁ। ତାହା ଦେଖି ଗଜପତି, ସେବକ, ସାଧୁସନ୍ଥ ଓ ଭକ୍ତମାନେ ମଧ୍ୟ ଉପବାସରେ ରହିଲେ। ତୃତୀୟ ଦିନ ରାତିରେ ମହାପ୍ରଭୁ ରାଜାଙ୍କୁ ସ୍ୱପ୍ନରେ କହିଲେ- 'ତିନିଦିନ ହେଲା ମୋ ଉପବାସ, ମୋର ପଣ୍ଡାଙ୍କୁ କରିଅଛୁ ବସ / ତୁ ଯେ ବୋଲିଲୁ ଉଚ୍ଛୁର ହୋଇଲା, ତହିଁ ପଣ୍ଡାଙ୍କର ଦୋଷ ନୋହିଲା / ମୋତେ ଦେଖିଲେ ସିନା ଚଳୁ ଦେବେ, ମୁଁ ତ ସେଠାରେ ନ ଥିଲି ଦଇବେ / ସେଇଠାରେ ମୋର ବଡ଼ ଶରଧା, ଯହିଁ ପୂଜନ୍ତି ଦାମୋଦର ରାଧା।'(ଓଡ଼ିଆ ଓଷାବ୍ରତ କଥା)। ତା' ପରଦିନ ରାଜା ନିଜେ ମନ୍ଦିରକୁ ଯାଇ ପ୍ରଥମେ ମହାପ୍ରଭୁଙ୍କୁ କ୍ଷମା ପ୍ରାର୍ଥନା କଲେ। ତା' ପରେ ପଣ୍ଡାମାନଙ୍କୁ କ୍ଷମା ମାଗି ପୁଣି ସେମାନଙ୍କୁ ସେବାରେ ନିଯୁକ୍ତି ଦେଲେ। ମନ୍ଦିରର ନୀତିକାନ୍ତି ପୂର୍ବବତ୍ ସୁରୁଖୁରୁରେ ଚାଲିଲା। ●

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଜୟ ଢୋଲକିଆ ହେବେ ବିଜେପି ପ୍ରାର୍ଥୀ

# ବୃହତ୍ ବ୍ୟବଧାନରେ ବିଜୟୀ ହେବୁ: ବିଜେଡି

## ପ୍ରତାରକଙ୍କୁ ଉଚିତ୍ ଜବାବ ଦେବେ ନୂଆପଡ଼ାବାସୀ

ଭୁବନେଶ୍ୱର,୧୪।୧୦(ସମିସ): ଚଳିତ ବର୍ଷ ଦଶହରା ପରେ ପରେ ରାଜ୍ୟର ପାଣିପାଗ ନରମ ହେଉଥିବାବେଳେ ନୂଆପଡ଼ା ରାଜନୀତି ଉଷ୍ମ ହେବାରେ ଲାଗିଛି। ପୂର୍ବରୁ କଂଗ୍ରେସ ଘାସିରାମ ମାଝୀଙ୍କୁ ପ୍ରାର୍ଥୀ ଘୋଷଣା କରିଥିବାବେଳେ ବିଜେପି ଜୟ ଢୋଲକିଆଙ୍କୁ ପ୍ରାର୍ଥୀ କରିବାକୁ ନିଷ୍ପତ୍ତି ନେଇଛି । ଆସନ୍ତା ୧୬ ତାରିଖରେ ଜୟ ଢୋଲକିଆ ବିଜେପି ପ୍ରାର୍ଥୀଭାବେ ନାମାଙ୍କନ ଦାଖଲ କରିବେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ,

### ଉଷ୍ମ ହେଉଛି ନୂଆପଡ଼ା ରାଜନୀତି

ଦଳର ମନ୍ତ୍ରୀ, ସାଂସଦ ଓ ବିଧାୟକମାନେ ଉପସ୍ଥିତ ରହିବେ ବୋଲି ବିଜେପି ସାଂସଦ ସୁଜିତ୍ କୁମାର ସୂଚନା ଦେଇଛନ୍ତି ।

ଅନ୍ୟପକ୍ଷରେ ନୂଆପଡ଼ା ଉପନିର୍ବାଚନ ପ୍ରସଙ୍ଗରେ ବିଜେଡିର ବରିଷ୍ଠ ନେତା ତଥା ବିଧାୟକ ଅରୁଣ କୁମାର ସାହୁ ବିଜେପିକୁ ତେରଛା ବାଣ ମାରିବା ସହ ଅକଳ୍ପନୀୟ ବ୍ୟବଧାନରେ ବିଜେଡି ବିଜୟ ହେବ ବୋଲି ଦୃଢ଼ୋକ୍ତି ପୋଷଣ କରିଛନ୍ତି। ସେ କହିଛନ୍ତି ଯେ ଗତକାଲି ଉପନିର୍ବାଚନ ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜେଡି ଠିକଣା ସମୟରେ ବଢ଼ିଆ ପ୍ରାର୍ଥୀ ଦେବ, ସେ ନେଇ ସନ୍ଦେହ ପ୍ରକାଶ କରିବାର ଆବଶ୍ୟକତା ନାହିଁ।ନୂଆପଡାରେ ଜିତାପଟ ହାସଲ କରିବା ବିଜେଡିର ଆଭିମୁଖ୍ୟ । ସେହି ଅନୁଯାୟୀ ଦଳ କାର୍ଯ୍ୟ କରୁଛି। ଜଣେ ଚାଲିଗଲା ପରେ ତାଙ୍କ ପରିବାରରୁ ଜଣଙ୍କୁ ପ୍ରାର୍ଥୀ ଦେବା ପରମ୍ପରା ବନ୍ଦ ହେବା ଆବଶ୍ୟକ ବୋଲି ସେ ମତବ୍ୟକ୍ତ କରିଛନ୍ତି।

ଅନୁରୂପ ଭାବରେ ବିଜେଡିର ଅନ୍ୟତମ ବିଧାୟକ ସାରଦା ପ୍ରସନ୍ନ ଜେନା କହିଛନ୍ତି ଯେ ବିଜେଡି ଓ ନବୀନ ପଟ୍ଟନାୟକଙ୍କ ସହ ନୂଆପଡ଼ାବାସୀ ଅଛନ୍ତି। ପ୍ରତାରଣା କରୁଥିବା ଲୋକଙ୍କ ସହ ନୂଆପଡ଼ାବାସୀ ରହିବେ ନାହିଁ ବୋଲି ନିଷ୍ପତ୍ତି ନେଇସାରିଛନ୍ତି। ରାଜ୍ୟ ବିଜେପି ସରକାର ରାଜ୍ୟ ସହ ପ୍ରତାରଣା କରୁଥିବା ବେଳେ ଜୟ ଢୋଲକିଆ ନୂଆପଡ଼ାବାସୀଙ୍କ ସହ ପ୍ରତାରଣା କରିଛନ୍ତି। ଉଭୟଙ୍କୁ ଭୋଟର ଠିକଣା ସମୟରେ ଜବାବ୍ ଦେବେ। ନୂଆପଡା ଉପ ନିର୍ବାଚନ ପାଇଁ ବଡ଼ ଷ୍ଟ୍ରାଟେଜି ବିଜେଡି କରିଛି। ବିଜେଡି ଯେଉଁ ଷ୍ଟାଇଲରେ ଲଢ଼ିବ ବିଜେପି ତାହା ପରିକଳ୍ପନା ବି କରି ପାରିବ ନାହିଁ। ପ୍ରାର୍ଥୀ ଚୟନ କୁ ନେଇ ଦଳରେ କୌଣସି ଅଡୁଆ ନାହିଁ। ଠିକ ସମୟରେ ସଭାପତି ପ୍ରାର୍ଥୀଙ୍କ ନାମ ଘୋଷଣା କରିବେ ବୋଲି ସେ କହିଛନ୍ତି।

## ବଡ଼ଧରଣର ନିଶା କାରବାର ରାକେଟ ପର୍ଦ୍ଦାଫାସ

# ୫୧୦୦ ବୋତଲ କଫ୍‌ସିରପ୍ ଜବତ, ୨୦ ଗିରଫ

ସମ୍ବଲପୁର, ୧୪।୧୦(ସମିସ): ସମ୍ବଲପୁର ପୁଲିସ ଆଜି ଏକ ବଡ଼ଧରଣର ନିଶା କାରବାର ରାକେଟ୍‌ର ପର୍ଦ୍ଦାଫାସ କରିଛି। ବରେଇପାଲି ଥାନା ଅଞ୍ଚଳରେ ବେଆଇନ ଭାବେ ଚାଲାଣ ହେଉଥିବା ୫୧୦୦ ବୋତଲ କଫସିରପ୍ ଜବତ କରିବା



ସହ ଏଥିରେ ସମ୍ପୃକ୍ତ ୨୦ ଜଣଙ୍କୁ ଗିରଫ କରିଛି। ସେମାନଙ୍କ ମଧ୍ୟରୁ ପାଞ୍ଚଜଣ ଏହି କାରବାରର ମାଷ୍ଟରମାଇଣ୍ଡ ବୋଲି ଜଣାଯାଇଛି। ଅଭିଯୁକ୍ତମାନେ ହେଲେ, ଲୋକେଶ ପଧାନ ଓରଫ୍ ଆକାଶ (୩୦), ମନୀଷ ସିଂହ (୨୭), ମହିନ୍ଦ୍ର କିସାନ(୨୫), ପ୍ରଭାତ ଭୋଇ ଓରଫ୍ ଟିଟୁ (୨୩), ଅମୋଦ କରାଲି (୩୨), ତ୍ରିନାଥ ବେହେରା ଓରଫ୍ ଟିନୁ (୩୧), ଶେଖ ଫିରୋଜ ଓରଫ୍ ସୋନୁ (୨୯), ପୀତବାସ ସାହୁ (୪୦), ସତ୍ୟମ ନାଗ (୩୩), ଚିଣ୍ଟୁ ସୁନା (୨୫), ସଞ୍ଜୀବ ମେହେର (୨୦), ରବି ଦାସ ଓରଫ ସାହୁ (୨୫) ଓ ସତ୍ୟମ ସ୍ୱାଇଁ (୩୦), ଦୁର୍ଗା ଦୀପ (୪୦), ବସନ୍ତ ଗୁରୁ (୨୭), ସୁଦର୍ଶନ ରାଉତ ଓରଫ୍ ସୋନୁ (୨୩), ହାସାନ ରାଜା (୨୪), ପପି ବିଭାର (୨୫), ଅମନ ଦୀପ (୨୧) ଓ ଅନିଲ ଯାଦବ (୩୨)। ସେମାନଙ୍କଠାରୁ ଗୋଟିଏ କାର, ଗୋଟିଏ ପିକ୍‌ଅପ୍ ଭ୍ୟାନ, ୧୭ଟି ଜରିବ୍ୟାଗ୍‌ରେ ୫୧୦୦ ବୋତଲ ଏସ୍‌କଫ୍ କଫସିରପ୍, ୫ଟି ମୋବାଇଲ ଓ ନଗଦ ୪୦,୯୨୦ ଟଙ୍କା ଜବତ କରାଯାଇଛି। ଜବତ କଫସିରପ୍‌ର ମୂଲ୍ୟ ପାଖାପାଖି ୧୫ ଲକ୍ଷ ଟଙ୍କା ହେବ ବୋଲି ଆକଳନ କରାଯାଉଛି। ଜିଲ୍ଲା ପୁଲିସ କାର୍ଯ୍ୟାଳୟରେ ଆରକ୍ଷୀ ଅଧୀକ୍ଷକ ମୁକେଶ କୁମାର ଭାମୁ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି। ଏହି ମାମଲାର ତଦନ୍ତ ଜାରି ରହିଛି ଏବଂ ଆଗକୁ ଗିରଫଦାରୀ ସଂଖ୍ୟା ବଢ଼ିବ ବୋଲି ସେ କହିଛନ୍ତି। ବରେଇପାଲି ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତମାନଙ୍କୁ କୋର୍ଟଚାଲାଣ କରିଛି।

ଏସ୍‌ପି ଶ୍ରୀ ଭାମୁ କହିଛନ୍ତି, ଅଭିଯୁକ୍ତ ଲୋକେଶ, ମହିନ୍ଦ୍ର, ପ୍ରଭାତ, ଅମୋଦ ଓ ମନୀଷ ଗୋଟିଏ ପିକ୍‌ଅପ୍ ଓ କାର୍‌ରେ କଟକରୁ ଏହି ବେଆଇନ କଫସିରପ୍ ଆଣିଥିଲେ। ଏହି କଫସିରପ୍‌କୁ ସେମାନେ

### କଟକକୁ ଲମ୍ବିଛି ଚେର

ବିଭିନ୍ନ ପଡ଼ାରେ ବେଆଇନ ବିକ୍ରୟକାରୀଙ୍କୁ ଦେଇଥାନ୍ତେ। ପଚରାଉଚରା ସମୟରେ ଲୋକେଶ କହିଛି ଯେ ସେ ସ୍ଥାନୀୟ କଫସିରପ ଚାଲାଣକାରୀମାନଙ୍କଠାରୁ ଟଙ୍କା ସଂଗ୍ରହ କରି ପରଧିଆପାଲିର ଚନ୍ଦ୍ରଶେଖର ନାଏକଙ୍କୁ ଦେଇଥିଲା। ସେ ୟୁପିଆଇ ଜରିଆରେ କଟକର ଡ୍ରଗ୍ ଯୋଗାଣକାରୀଙ୍କୁ ଟଙ୍କା ପଠାଇଥିଲା। ଏହି ମାମଲାର ତଦନ୍ତ ଜାରି ରହିଛି। ଫେରାର୍ ଥିବା କିଛି ଅଭିଯୁକ୍ତଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଏସ୍‌ପି କହିଛନ୍ତି। ମୁଖ୍ୟ ଅଭିଯୁକ୍ତ ୫ ଜଣ ଧରାପଡ଼ିଥିବାବେଳେ ୨ ଜଣ ଫେରାର ଅଛନ୍ତି। ଏହିଭଳି ନିଶା କାରବାରକୁ କିଛି ଲୋକ ଆର୍ଥିକ ସହଯୋଗ ଦେଉଛନ୍ତି, ସେମାନଙ୍କ ପର୍ଦ୍ଦାଫାସ କରାଯିବା ସହ ସେମାନଙ୍କ ସମ୍ପତ୍ତି ବ୍ୟାଜ୍ୟାପ୍ତ କରାଯିବ। ପ୍ରାୟ ସମସ୍ତଙ୍କ ନାମରେ ଅପରାଧିକ ମାମଲା ରହିଛି।

# ପୂର୍ଣ୍ଣଗର୍ଭା ହୀରାକୁଦ

**ଜଳସ୍ତର ୬୩୦ ଫୁଟ୍**

ସମ୍ବଲପୁର, ୧୪।୧୦ (ସମିସ): ପୂର୍ଣ୍ଣଗର୍ଭା ହୀରାକୁଦ। ମଙ୍ଗଳବାର ସନ୍ଧ୍ୟା ୬ଟା ସୁଦ୍ଧା ଜଳଭଣ୍ଡାରର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍ ଛୁଇଁଛି। ନଦୀବନ୍ଧର ବାମପାର୍ଶ୍ୱର ୨ଟି ଓ ଡାହାଣ ପାର୍ଶ୍ୱର ଗୋଟିଏ; ଏହିଭଳି ମୋଟ ୩ଟି ସ୍ଲୁଇସ୍ ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୮୧,୭୮୭ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ସମାନ ପରିମାଣର ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୪୯,୩୨୦ ଘନଫୁଟ୍ ଜଳ ନିଷ୍କାସିତ ହେଉଥିବା ବେଳେ ପାୱାର ଚ୍ୟାନେଲ ଦେଇ ୨୭,୭୦୭ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୩୬ ଘନଫୁଟ, କେନାଲ ପାଇଁ ୪,୫୨୪ ଘନଫୁଟ ଜଳ ନିଷ୍କାସିତ ହେଉଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୫୦ ଫୁଟ୍ ରହିଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।


**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**


**ପୂର୍ବ ତଟ ରେଳପଥ**

**ଶୁଦ୍ଧିପତ୍ର ସଂ. - 01**

ଟେଣ୍ଡର ବିଜ୍ଞପ୍ତି ସଂ. ETCECONIBBS2025044
ତା. 25.09.2025 ରିଖ

ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତିରେ ନିମ୍ନଲିଖିତ ସଂଶୋଧନ କରାଯାଇଛି, ଯାହାକୁ ଦୟାକରି ଧ୍ୟାନ ଦେବା ଆବଶ୍ୟକ।

**ବିଷୟ :** ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :-

| ପ୍ରକାଶିତ ଅନୁଯାୟୀ | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| ତା.28.10.2025 ରିଖ 1200 ଘଟିକାରେ | ତା.07.11.2025ରିଖ 1200 ଘଟିକାରେ |

ବିସ୍ତୃତ ବିବରଣୀ ନିମନ୍ତେ ଦୟାକରି ୱେବସାଇଟ୍ : www.ireps.gov.in ଅବଲୋକନ କରନ୍ତୁ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-133/CI/25-26

**AFFIDAVIT**

By Virtue of an affidavit sworn before The Notary Public, Bhubaneswar Vide CF No 743, date- 16/09/2025 I , Elieo harijan, resident of At- Tikirachura, Po- Binjili, Po-Kosagumunda,Dist- Nabarangapur ,Pin-764058, declare that I have changed my daughter 's name from Suhana Abha Rani to Suhana Abharani Chalki. Hens,Suhana Abharani Chalki She shall be know as For all future purposes.

SUHANA ABHARANI CHALKI

**AFFIDAVIT**

By Virtue of an affidavit Sl. No. 437/25, dtd. 14.05.2025 before the Notary Public, Bhubaneswar, I, Ruksana Begum, At- Ray No.90, Shanti Nagar, Sikharchandi, Po. KIIT, Ps.- Infocity, Bhubanesar have changed my minor son's name from Rajaya Mustafa to Mir Raza E Mustafa for all purposes. Henceforth he shall be known as **Mir Raza E Mustafa** for all purposes.

Sd/- Ruksana Begum

# ଚୌଦ୍ୱାର କଏଦୀ ଫେରାର ପଛରେ ଆନ୍ତରାଜ୍ୟ ଗ୍ୟାଙ୍ଗ!

ଭୁବନେଶ୍ୱର,୧୪।୧୦(ସମିସ):ଚୌଦ୍ୱାର ଜେଲ୍‌ରୁ ଫେରାର ଦୁଇ କୁଖ୍ୟାତ ଅପରାଧୀଙ୍କ ପତ୍ତା ଏଯାଏ ପୁଲିସ ପାଇନାହିଁ । ମାତ୍ର ଏହି ଘଟଣାକୁ ନେଇ ଯେଉଁ ନୂଆ ନୂଆ ତଥ୍ୟ ଆସୁଛି ତାହା ଅତ୍ୟନ୍ତ ସାଂଘାତିକ ବୋଲି କୁହାଯାଉଛି । ଆନ୍ତରାଜ୍ୟ ଅପରାଧୀ ଗୋଷ୍ଠୀର

- ମାସକ ତଳୁ ଯୋଜନା, ଜେଲ କର୍ମଚାରୀଙ୍କ ସଂପୃକ୍ତି ସନ୍ଦେହ
- ଫେରାର ଘଟଣା ପରେ ପଶିଲା ଜେଲ ବିଭାଗର ଚେତା
- ଏଣିକି ନିୟମିତ ଜେଲ ବୁଲିବେ ଜିଲ୍ଲାପାଳ ଆଉ ଏସ୍‌ପି

ମୁଖ୍ୟ କୁହାଯାଉଥିବା ସୁବ୍ରତ ସିଂହ ପ୍ରାୟ ମାସକ ତଳୁ ଏଥିପାଇଁ ଯୋଜନା କରିଥିଲା ଓ ଶେଷରେ ଦୁଇ ଅପରାଧୀଙ୍କୁ ଫେରାର କରିବାରେ ସଫଳ ହୋଇଥିଲା। ଯେଉଁପରି ଭାବରେ ଦୁଇ ଅପରାଧୀ ଫେରାର ହେଲେ, ସେଥିରେ ଜେଲ ବିଭାଗ କର୍ମଚାରୀଙ୍କ ସହଯୋଗ ଥିବା ଜଳଜଳ ଦିଶୁଛି । ଜେଲ କର୍ମଚାରୀଙ୍କ ସହଯୋଗ ବିନା ଦୁଇ ହତ୍ୟା ଅଭିଯୁକ୍ତ ଅପରାଧୀ କେବେ ବି ଫେରାର ହୋଇ ପାରି ନ ଥାନ୍ତେ ବୋଲି ମଧ୍ୟ ଅଭିଯୋଗ ହୋଇଛି ।

ଏହାପରେ ଜେଲ ବିଭାଗର ଚେତା ପଶିଛି। ରାଜ୍ୟରେ ଥିବା ସବୁ ଜେଲକୁ ଅଚାନକ ପରିଦର୍ଶନ କରିବାକୁ ସବୁ ଜିଲ୍ଲାର ଜିଲ୍ଲାପାଳ ଓ ଏସ୍‌ପିଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଜେଲ ଡିଜି ସୁଶାନ୍ତ ନାଥ। ଜେଲରେ ରହୁଥିବା ଅଭିଯୁକ୍ତ, ବିଚାରାଧୀନ କଏଦୀଙ୍କୁ ମୌଳିକ ସୁବିଧା ମିଳୁଛି କି ନାହିଁ ତାହାର ତଦାରଖ କରିବେ ଜିଲ୍ଲାପାଳ ଓ ଏସପି। ଜିଲ୍ଲାସ୍ତରର ଏହି ଦୁଇ ଅଧିକାରୀ ନିୟମିତ ବ୍ୟବଧାନରେ ଜେଲକୁ ଅଚାନକ ପରିଦର୍ଶନ କରିବେ ଓ ଏହାଦ୍ୱାରା ଜେଲ ପରିଚାଳନାରେ ସ୍ୱଚ୍ଛତା ଏବଂ ଶୃଙ୍ଖଳା ବଜାୟ ରହିପାରିବ ବୋଲି ସେ କହିଛନ୍ତି। ଉଚ୍ଚ ଅଧିକାରୀଙ୍କ ପରିଦର୍ଶନ ଫଳରେ ଜେଲ୍ କର୍ମଚାରୀ ଦାୟିତ୍ୱସମ୍ପନ୍ନ ହେବେ ଓ କଏଦୀମାନେ ଆଉ ଫେରାର ହେବାକୁ ସାହାସ ଜୁଟାଇବେ ନାହିଁ ବୋଲି ଜେଲ ବିଭାଗ ମନେ କରୁଛି। ଅବଶ୍ୟ ଜେଲ ମାନୁଆଲରେ ପୂର୍ବରୁ ବ୍ୟବସ୍ଥା ଥିଲେ ମଧ୍ୟ ଏହାକୁ କାର୍ଯ୍ୟକାରୀ କରାଯାଉ ନ ଥିଲା। ମାତ୍ର ଚୌଦ୍ୱାର ଜେଲରୁ ଦୁଇ କଏଦୀ ଫେରାର ହେବା ପରେ ଜେଲ ବିଭାଗ ତତ୍ପର ହୋଇ ଉଠିଛି। ଗତକାଲି ଜେଲରଙ୍କୁ ବଦଳି କରାଯିବା ପରେ ଆଜି ସମସ୍ତ ଜେଲକୁ ବୁଲିବା ପାଇଁ ଜିଲ୍ଲାପାଳ ଏବଂ ଏସ୍‌ପିଙ୍କୁ ଜେଲ୍ ଡ଼ିଜି ଚିଠି ଲେଖିଛନ୍ତି ।


GOVERNMENT OF ODISHA A-729
"e" PROCUREMENT NOTICE
Bid Identification No: S.E. KCD-I (KIP)-07/2025-26
(Pertaining to Kanpur Canal Division-I, Jhumpura)

| | | |
|---|---|---|
| 1. | Name of the Work | "M/R to Kanupur Irrigation Colony, Jhumpura for the FY 1st June 2025 to 31 March 2026." |
| 2 | Estimated cost | Rs.6,26,590.00 |
| 3 | Period of completion | 06 (Six) Calendar Months including rainy season. |
| 4 | Date & time of availability of bid document in the portal | Dt.15.10.2025 from 10.00 Hours to Dt.29.10.2025 up to 17.00 Hours |
| 5 | Last date / Time for receipt of bids in the portal | 29.10.2025 up to 17.00 Hours. |
| 6 | Date & Time of opening of tender | 30.10.2025 at 11.00 Hours. |
| 7 | Name and address of the Officer Inviting Bid | Er Duryodhan Kisan Superintending Engineer, Kanpur Canal Division-I, At/PO- Jhumpura, Dist- Keonjhar, Odisha-758031 |

Further details can be seen from the e-Procurement portal "https://www.tendersodisha.gov.in."

(Er. Duryodhan Kisan)
Superintending Engineer,
Kanpur Canal Division-I,
Jhumpura, Keonjhar, Odisha..

OIPR-32157/11/0005/2526


**AFFIDAVIT**

By virtue of an affidavit (Date.22/09/2025) sworn before the Executive Magistrate, Padampur. I, **Mamata Bhoi** (new name), W/o Late Himanshu Sekhar Sahoo, permanent & current resident of AT/PO- Kanut, Dist- Balangir, PIN- 767026, Odisha declare that I have changed my name from **Mamata Sahoo** (old name) to **Mamata Bhoi** (new name). Henceforth, I shall be known as **Mamata Bhoi** (new name) for all purposes.

**Mamata Bhoi**

**AFFIDAVIT**

By virtue of an affidavit sworn before Notary Public, Bhubaneswar, on dated 10.10.2025, I Sangram Kishore Rout, Resident At- Panamurga, Po- Ghatipiri, Dist- Dhenkanal, Odisha, PIN- 759015, declare that I have changed my son's name from Saubhagya Jena to Soubhagya Rout. Henceforth, He shall be known as **SOUBHAGYA ROUT** for all future purposes.

**AFFIDAVIT**

I, Jabir Mohammed, S/o- Late Sagir Mohammad, resident of Paikerapur, Post- Chhatia, Ps- Byree, Dist- Jajpur, PIN- 754023, Odisha declare by this affidavit No. 312, dtd- 27.09.2025 that now onwards I shall be known as **JABIR MOHAMMAD** for all future purposes.

**AFFIDAVIT**

I, Smt. Kamalesh Kumari Parida, W/o- Lingraj Parida, at Adarshmarg, Po/Ps– Ainthapali, Dist.: Sambalpur, declare by this affidavit before Notary Public, Sambalpur that my maiden name was Kamalesh Kumari Dang as per my Voter ID. After married with Lingraj Parida, my name changed from Kamalesh Kumari Dang to Kamalesh Kumari Parida. Henceforth, I shall be known as **Kamalesh Kumari Parida** for all purposes.

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.10.2025, I Binod Kumar Behera, resident At- Haridagahir, Ps- Karikol, Sub Dist- Athagad, Dist- Cuttack, Odisha, PIN- 754209 declare that I have changed my name from Binod Kumar Beura to Binod Kumar Behera. Henceforth I shall be known as **BINOD KUMAR BEHERA** for all purposes.

### ■ ଏମ୍‌କେସିଜି ଇଣ୍ଟରମେଡିସ୍ ପ୍ରତିଯୋଗିତାରେ ଅଘଟଣ

# ଦୁଇ ଛାତ୍ରଗୋଷ୍ଠୀଙ୍କ ମଧ୍ୟରେ ରକ୍ତାକ୍ତ ସଂଘର୍ଷ

ବ୍ରହ୍ମପୁର, ୧୪।୧୦ (ସମିସ): ଏମ୍‌କେସିଜି ମେଡିକାଲ କଲେଜ ଛାତ୍ର ସଂସଦ ପକ୍ଷରୁ ଆୟୋଜିତ ଇଣ୍ଟର୍ ମେଡିସ୍ ପ୍ରତିଯୋଗିତାରେ ସୋମବାର ମଧ୍ୟରାତ୍ରିରେ ୨ଛାତ୍ର ଗୋଷ୍ଠୀଙ୍କ ମଧ୍ୟରେ ରକ୍ତାକ୍ତ ସଂଘର୍ଷ ଘଟିଛି। ଏଥିରେ କଟକ ଏସ୍‌ସିବି, ବୁର୍ଲା ଭିମ୍‌ସାର ଓ ଏମ୍‌କେସିଜି ମେଡିକାଲ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ ହୋଇଛନ୍ତି।

- ଭାଙ୍ଗିଲେ ଏସ୍‌ସିବି ଓ ଏମ୍‌କେସିଜିର ବସ୍
- ବିଭିନ୍ନ ମେଡିକାଲ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ

ଏମ୍‌କେସିଜି ଓ ଏସ୍‌ସିବି ମେଡିକାଲ ଛାତ୍ରଙ୍କ ମଧ୍ୟରେ ପ୍ରଥମେ କଥା କଟାକଟି ଓ ପରେ ଉଭୟଙ୍କ ମଧ୍ୟରେ ମାରପିଟ ମଧ୍ୟ ହୋଇଥିଲା। ଏଥିରେ ଏସ୍‌ସିବି, ଭିମ୍‌ସାର ଓ ଏମ୍‌କେସିଜି ମେଡିକାଲ୍ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ ହୋଇଥିବା ବେଳେ ୩ଜଣ ଛାତ୍ର ରକ୍ତାକ୍ତ ହୋଇ ମେଡ଼ିକାଲର ଆଶୁ ଚିକିତ୍ସା ବିଭାଗରେ ଭର୍ତ୍ତି ହୋଇଥିଲେ। ପରେ ଉଭୟ ଗୋଷ୍ଠୀଙ୍କ ପକ୍ଷରୁ ହୋଇଥିବା ଢେଲା ଓ କାଚ ବୋତଲ ମାଡ଼ରେ ଏମ୍‌କେସିଜି ଓ ଏସ୍‌ସିବି ମେଡ଼ିକାଲ୍ କଲେଜର ବସ୍ ଭାଙ୍ଗିଥିଲା। ଖବର ପାଇ ମେଡିକାଲ କଲେଜର କିଛି ବରିଷ୍ଠ ଡାକ୍ତର ଘଟଣାସ୍ଥଳରେ ପହଞ୍ଚି ଉଭୟ ଗୋଷ୍ଠୀର ଛାତ୍ରଙ୍କୁ ବୁଝାସୁଝା କରିଥିଲେ। ପରେ କଟକ ଏସ୍‌ସିବି ଛାତ୍ରମାନେ ଏମକେସିଜି ମେଡିକାଲ ଛାଡ଼ି ପଳାଇଥିଲେ।


# ଯାନ୍ତ୍ରିକ ପଦ୍ଧତିରେ ଧାଡ଼ି ବୁଣା ଧାନ ଯନ୍ତ୍ର

ଚଳିତ ବର୍ଷ ରାଜ୍ୟ ସରକାଙ୍କ ଦ୍ୱାରା ରାଜ୍ୟ ଯୋଜନା ଅନ୍ତର୍ଗତ ଧାଡ଼ିରେ ଧାନ ବୁଣା ଯନ୍ତ୍ର ୨୦୨୫ - ୨୬ ବର୍ଷରେ ଆମ୍ଭ ଢେଙ୍କାନାଳ ଜିଲ୍ଲାରେ ୮୮୦ ହେକ୍ଟର ଚାଷ ଜମିରେ ଧାଡ଼ି ପ୍ରଣାଳୀରେ ଧାନ ବୁଣା ଯନ୍ତ୍ର ଦ୍ୱାରା ଚାଷ କରାଯାଇଅଛି । ଆମ୍ଭ ଜିଲ୍ଲାର ସାତଟି ବ୍ଲକ ତଥା ସଦର, ଗଁଦିଆ, ଓଡ଼ାପଡ଼ା, ହିନ୍ଦୋଳ, କାମାକ୍ଷାନଗର, ଭୁବନ ଓ କଙ୍କଡ଼ାହାଡ଼ ବ୍ଲକରେ ଏହି ଯୋଜନା ଚାଲୁଅଛୁ ।

ଏହି ଅତ୍ୟାଧୁନିକ ପ୍ରଣାଳୀ ଦ୍ୱାରା ଜମିରେ ପାଣିର ଅବଶ୍ୟକତା କମ୍ ଥାଏ ଉପଯୁକ୍ତ ଗଭୀରତାରେ ଗଛକୁ ଗଛକୁ ଦୂରତାରେ ବିହନ ବୁଣା ଯାଏ । ଅଙ୍କୁରୋଦଗମ ଗଜା ଶକ୍ତି ବୃଦ୍ଧି ହୁଏ ଏବଂ ଅଧିକ ଲାଭ ମିଳେ । ଏହା ଦ୍ୱାରା ଖର୍ଚ୍ଚ କମ୍, ଶୀଘ୍ର ଅମଳ ଏବଂ ଶ୍ରମ କମ୍ ହୋଇଥାଏ । ସରକାରଙ୍କ ଦ୍ୱାରା ପ୍ରତି ଚାଷୀ ମାନେ ଏହି ଯୋଜନା ଦ୍ୱାରା ଉପକୃତ ହେବେ ।

ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ
ଢେଙ୍କାନାଳ


**AFFIDAVIT**

By virtue of an affidavit before the Notary Public, Titilagarh, on dated- 13/09/2025. I, **Pradyumna Benia** (new name), formerly called as **Pradyumna Jenia** (old name), S/o Madana Benia, permanent resident of AT- Amurla, PO- Binekela, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Pradyumna Jenia** (old name) to **Pradyumna Benia** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I shall be known as **Pradyumna Benia** (new name) for all purposes.

**Pradyumna Benia**

**AFFIDAVIT**

I, Bimla Nandi, W/O Late-Ram Chandra Nandi, resident of Chhancha, Ward No.25, Po/Ps-Baripada Town, Dist.- Mayurbhanj, Pin.No.-757001, Odisha, declared by this affidavit No-1043 dtd. 14.10.2025 that now onwards I shall be known as Bimala Nandi (67) for all future purposes.

**Bimla Nandi**

## ଡିସେମ୍ବର ୧୩ରୁ ୭ମ ବାରିପଦା ଜାତୀୟ ଆଦିବାସୀ କ୍ଷୁଦ୍ର ଚଳଚ୍ଚିତ୍ର ଉତ୍ସବ



ବାରିପଦା,୧୪।୧୦(ସମିସ): ସାନ୍ତାଳୀ ଆର୍ଟ ଆଣ୍ଡ ଫିଲ୍ମ ଡେଭେଲପମେଣ୍ଟ ଫାଉଣ୍ଡେସନ୍ ଆନୁକୂଲ୍ୟରେ ୭ମ ବାରିପଦା ଜାତୀୟ ଆଦିବାସୀ କ୍ଷୁଦ୍ର ଚଳଚ୍ଚିତ୍ର ଉତ୍ସବ ଡିସେମ୍ବର ୧୩ ଓ ୧୪ ତାରିଖରେ ଅନୁଷ୍ଠିତ ହେବ। ଜାତୀୟସ୍ତରୀୟ ଏହି ପ୍ରତିଯୋଗିତାରେ ପ୍ରତିବର୍ଷ ପରି ଏବର୍ଷ ମଧ୍ୟ ଦୁଇଟି ବିଭାଗ ଯଥା କ୍ଷୁଦ୍ର ଚଳଚ୍ଚିତ୍ର (୩୦ମିନିଟ) ଓ ଡକ୍ୟୁମେଣ୍ଟାରି (୪୫ମିନିଟ) ଫିଲ୍ମଗୁଡ଼ିକ ଅଂଶଗ୍ରହଣ କରିପାରିବେ। ଇଚ୍ଛୁକ ପ୍ରଯୋଜକମାନେ ଅନଲାଇନ୍‌ରେ ନଭେମ୍ବର ୨୦ତାରିଖ ସୁଦ୍ଧା ପଞ୍ଜୀକରଣ କରିପାରିବେ ବୋଲି ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ଦୀପକ କୁମାର ବେଶ୍ରା ଜଣାଇଛନ୍ତି। ଫାଉଣ୍ଡେସନ୍‌ର ପ୍ରମୁଖ ପୃଷ୍ଠପୋଷକ ତଥା ପୂର୍ବତନ ମନ୍ତ୍ରୀ ସରୋଜିନୀ ହେମ୍ବ୍ରମ ଉତ୍ସବର ସଫଳତା କାମନା କରିବା ସହ ବହୁ ସଂଖ୍ୟାରେ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବା ପାଇଁ ଅନୁରୋଧ କରିଛନ୍ତି। ପ୍ରତିଯୋଗିତାରେ ସର୍ବଶ୍ରେଷ୍ଠ କ୍ଷୁଦ୍ର ଚଳଚ୍ଚିତ୍ର, ଡକ୍ୟୁମେଣ୍ଟାରୀ, ଡେବ୍ୟୁ ନିର୍ଦ୍ଦେଶକ, ଛାତ୍ର ଚଳଚ୍ଚିତ୍ର, ଶିଶୁ ଚଳଚ୍ଚିତ୍ର ଓ ମହିଳା ନିର୍ଦ୍ଦେଶିକାଙ୍କୁ ପୁରସ୍କୃତ କରାଯିବା ସହ ନିର୍ଦ୍ଦିଷ୍ଟ ବ୍ୟକ୍ତିବିଶେଷଙ୍କୁ ଗୌରବ ଓ ଆଜୀବନ ସଫଳତା ସମ୍ମାନରେ ସମ୍ମାନିତ କରାଯିବ ବୋଲି ଶ୍ରୀ ବେଶ୍ରା କହିଛନ୍ତି।

**ନଭେମ୍ବର ୨୦ ସୁଦ୍ଧା ପଞ୍ଜୀକରଣ**


**କଟକ କ୍ଲବ୍**

ପଞ୍ଜିକୃତ କାର୍ଯ୍ୟାଳୟ: ବାରବଟି ଫୋର୍ଟ, ବାରବାଟୀ ଷ୍ଟାଡିୟମ ନିକଟ, କଟକ – ୭୫୩୦୦୧, ଓଡ଼ିଶା
ଫୋନ୍: ୦୬୭୧-୨୩୦୧୦୪୧, ୭୯୭୮୨୬୬୬୫୦
CIN: U91990OR1949NPL000181
ୱେବସାଇଟ୍: www.cuttackclub.com, ଇ-ମେଲ୍: info@cuttackclub.com

କଟକ କ୍ଲବର ସଦସ୍ୟମାନଙ୍କ ପାଇଁ ସୂଚନା
(କମ୍ପାନୀ (ପରିଚାଳନା ଓ ପ୍ରଶାସନ) ନିୟମାବଳୀ, 2014 ର ନିୟମ 20(4)(v) ଅନୁଯାୟୀ)

ଏତଦ୍ୱାରା ସୂଚିତ କରାଯାଉଛି ଯେ, ୭୬ତମ ବାର୍ଷିକ ସାଧାରଣ ସଭା (AGM) ରବିବାର, ୨୫ ଅକ୍ଟୋବର ୨୦୨୫ ରେ ସକାଳ ୧୦.୦୦ ଟାରେ, କଟକ କ୍ଲବର ସେଣ୍ଟେନାରୀ ହଲ୍ (ଆନେକ୍ସ-୧), ବାରବଟି ଫୋର୍ଟ, ବାରବାଟୀ ଷ୍ଟେଡିୟମ ନିକଟରେ, କଟକ - ୭୫୩୦୦୧, ଓଡିଶା ଠାରେ ଆୟୋଜିତ ହେବ। ସଦସ୍ୟମାନଙ୍କୁ ନିମ୍ନଲିଖିତ ବିଷୟ ସୂଚନା ଦିଆଯାଉଛି

1) AGM ର ନୋଟିସ, ଏଜେଣ୍ଡା, ଯୋଗ୍ୟତା ମାନଦଣ୍ଡ ଓ ପ୍ରସ୍ତାବ ସମ୍ବନ୍ଧୀୟ ନିୟମାବଳୀ ସଦସ୍ୟମାନଙ୍କ ନିବନ୍ଧିତ ଇ-ମେଲ ଆଇ.ଡି. ଏବଂ WhatsApp ମାଧ୍ୟମରେ ପଠାଯାଇଛି।
2) କମ୍ପାନୀ ନ୍ୟାସନାଲ ସିକ୍ୟୁରିଟିଜ ଡିପୋଜିଟୋରି ଲିମିଟେଡ୍ (NSDL) କୁ ସଦସ୍ୟମାନଙ୍କ ପାଇଁ ଇ-ଭୋଟିଂ ସୁବିଧା ପ୍ରଦାନ କରିବାକୁ ନିଯୁକ୍ତ କରିଛି। ବ୍ୟବସାୟଗୁଡିକ ଇଲେକ୍ଟ୍ରୋନିକ ମାଧ୍ୟମରେ ରିମୋଟ୍ ଭୋଟିଂ (E-voting) ଓ ଶାରୀରିକ ଭୋଟିଂ (Physical voting) ଦୁହିଟି ମାଧ୍ୟମରେ ସମ୍ପାଦିତ ହେବ।
3) ରିମୋଟ୍ ଇ-ଭୋଟିଂ ଅବଧି ୨୪.୧୦.୨୦୨୫ (ଶୁକ୍ରବାର) ସକାଳ 09:00 ଠାରୁ ସନ୍ଧ୍ୟା 17:00 (IST) ପର୍ଯ୍ୟନ୍ତ ରହିବ। ଉକ୍ତ ସମୟସୀମା ପରେ ରିମୋଟ୍ ଭୋଟିଂ ଅନୁମତି ନହେବ।
4) ଶାରୀରିକ ଭୋଟିଂ ୨୫.୧୦.୨୦୨୫ (ଶନିବାର) ଦିନ କ୍ଲବ ପ୍ରାଙ୍ଗଣରେ ଦୁପର 12.00 ଠାରୁ ଆରମ୍ଭ ହେବ। ଯେ ସଦସ୍ୟମାନେ ପୂର୍ବରୁ ଇ-ଭୋଟିଂ କରିଥିବେ ସେମାନେ ସଭାରେ ଯୋଗ ଦେଇପାରିବେ, କିନ୍ତୁ ପୁଣିଥରେ ଭୋଟ ଦେଇପାରିବେ ନାହିଁ।
5) ରିମୋଟ୍ ଇ-ଭୋଟିଂ ପାଇଁ User ID ଓ Password ସହିତ ନିର୍ଦ୍ଦେଶନାମା NSDL ଦ୍ୱାରା ସଦସ୍ୟମାନଙ୍କ ନିବନ୍ଧିତ ଇମେଲ ଓ ମୋବାଇଲ ନମ୍ବରକୁ ପଠାଯିବ (କଟଅଫ ତାରିଖ ୩୧ ଅଗଷ୍ଟ ୨୦୨୫ ଅନୁସାରେ)। ଯଦି ଇ-ଭୋଟିଂରେ କୌଣସି ଅସୁବିଧା ହୁଏ, କ୍ଲବ ତାହା ପାଇଁ ଦାୟୀ ନହେବ।
6) NSDL ର ଇମେଲ ପାଇଲେ, ସେମାନଙ୍କ ୱେବସାଇଟ୍ https://www.evoting.nsdl.com କୁ ଯାଆନ୍ତୁ। "Login" ବିକଳ୍ପକୁ ଚୟନ କରନ୍ତୁ (Shareholder/Member ଶିରୋନାମାର ତଳେ ଉପଲବ୍ଧ)। ତାହାପରେ ସିଷ୍ଟମ ଆପଣଙ୍କୁ User ID ପ୍ରବେଶ କରିବାକୁ ପଚାରିବ- NSDL ଦ୍ୱାରା ପ୍ରଦାନିତ User ID ଓ Password ପ୍ରବେଶ କରନ୍ତୁ।
7) ସଫଳତାର ସହିତ ଲଗଇନ୍ କଲାପରେ, e-voting ପୃଷ୍ଠାରେ "EVEN" ବିକଳ୍ପ ଚୟନ କରନ୍ତୁ ଓ ଭୋଟ ଦିଅନ୍ତୁ। ପସନ୍ଦ କରାଯାଇଥିବା ବିକଳ୍ପ ଚୟନ କରି "Submit" ଏବଂ "Confirm" କ୍ଲିକ୍ କରନ୍ତୁ। "Vote cast successfully" ବାର୍ତ୍ତା ଦେଖାଯିବ।
8) ଏକଥର ଭୋଟ ନିଶ୍ଚିତ କଲାପରେ ତାହାକୁ ପରିବର୍ତ୍ତନ କରିପାରିବେ ନାହିଁ।
9) ଯଦି କୌଣସି ସମସ୍ୟା ବା ଅସୁବିଧା ହୁଏ, ଦୟାକରି ଯୋଗାଯୋଗ କରନ୍ତୁ।
Ph.: 022-48867000, 022-24997000, Email: evoting@nsdl.co.in

କଟକ କ୍ଲବ ପକ୍ଷରୁ ଓ ତାହାର ପକ୍ଷରେ
ସୁଭେନ୍ଦୁ ମୋହନ ପଟ୍ଟନାୟକ
ମାନ୍ୟବର ସଚିବ ତଥା ନିର୍ଦ୍ଦେଶକ
DIN: 02407792



ପଞ୍ଚାୟତ ସମିତି, ମାଲକାନଗିରି
PANCHAYAT SAMITI, MALKANGIRI
Dist.: Malkangiri
Pin-764048, Ph./Fax : 06861-231219
Email: ori-bmalkangiri@nic.in

ବିଜ୍ଞାପନ

ଏତଦଦ୍ୱାରା ପଞ୍ଚାୟତ ସମିତି, ମାଲକାନଗିରି ଅଧିନସ୍ଥ ସମସ୍ତ ଗ୍ରାମ ପଞ୍ଚାୟତର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି ଯେ , ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଅଧିନରେ ଆର୍ଥିକ ବର୍ଷ(୨୦୨୫-୨୬) ୦୧.୦୪.୨୦୨୫ ଠାରୁ ୩୦.୦୯.୨୦୨୫ ଓ ପ୍ରଧାନମନ୍ତ୍ରୀ ଆବାସ ଯୋଜନା - ଗ୍ରାମୀଣ ଯୋଜନା ଅଧିନରେ କାର୍ଯ୍ୟକାରୀ କରାଯାଇ ଥିବା ପଞ୍ଚାୟତ ସମିତି , ଲାଇନ ଡିପାର୍ଟମେଣ୍ଟ , ଗ୍ରାମ ପଞ୍ଚାୟତ ସ୍ତରୀୟ କିମ୍ବା ଅନ୍ୟାନ୍ୟ କାର୍ଯ୍ୟକାରୀ ସଂସ୍ଥା ମାନଙ୍କ ଦ୍ୱାରା କାର୍ଯ୍ୟକାରୀ କରାଯାଇ ଥିବା ସମସ୍ତ ଆବଶ୍ୟକୀୟ ନଥିପତ୍ର ସହ କାର୍ଯ୍ୟକୁ ତନଖି ଦେଖିବେ ଓ ସାମାଜିକ ସମୀକ୍ଷା କାର୍ଯ୍ୟକ୍ରମ ନିମ୍ନ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁସାରେ ଅନୁଷ୍ଠିତ ହେବ । ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ମାଲକାନଗିରି ଙ୍କ ପତ୍ର ସଂଖ୍ୟା ୫୨୦୩ ତାରିଖ ୧୦.୧୦.୨୦୨୫ ପ୍ରକାରେ ନିମ୍ନ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁସାରେ ଅନୁଷ୍ଠିତ ହେବ । ଏଣୁ ସମସ୍ତ ଗ୍ରାମ ପଞ୍ଚାୟତ କାର୍ଯ୍ୟକାରୀ ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ଗ୍ରାମ ପଞ୍ଚାୟତ ରୋଜଗାର ସହାୟକ, ମେଟ୍ ଓ ଅନ୍ୟାନ୍ୟ କାର୍ଯ୍ୟକାରୀ ସଂସ୍ଥା ଅଧିକାରୀ ମାନଙ୍କୁ ନିଜ ନିଜ ଗ୍ରା.ପ. ଅଫିସରେ କାର୍ଯ୍ୟସୂଚୀ ଅନୁସାରେ ସମସ୍ତ ଆବଶ୍ୟକୀୟ ନଥିପତ୍ର ସହ ଉପସ୍ଥିତ ରହିବାକୁ ଅନୁରୋଧ କରାଗଲା । ଏଥିସହ ପ୍ରଧାନମନ୍ତ୍ରୀ ଆବାସ ଯୋଜନା - ଗ୍ରାମୀଣ ଯୋଜନାରେ ଅନ୍ତର୍ଭୁକ୍ତ ଥିବା ସମସ୍ତ ନଥିପତ୍ର ଗୁଡ଼ିକୁ ଯାଞ୍ଚ କରିବା ପାଇଁ ସମୀକ୍ଷା ଦଳକୁ ପ୍ରଦାନ କରିବେ ।

ମାଲକାନଗିରି ଅଧିନସ୍ଥ ସମସ୍ତ ଗ୍ରାମ ପଂଚାୟତର ସରପଞ୍ଚ ଓ ସର୍ବସାଧାରଣଙ୍କୁ ଅନୁରୋଧ କରା ଯାଉଛି ଯେ ଏଥିରେ ସହଯୋଗ କରିବା ହେବେ ।

| କ୍ରମିକ ନମ୍ବର | ଗ୍ରାମ ପଞ୍ଚାୟତ | ସାମାଜିକ ସମୀକ୍ଷା ଆରମ୍ଭ ତାରିଖ | ସାମାଜିକ ସମୀକ୍ଷା ଶେଷ ତାରିଖ | ଗ୍ରାମସଭା ତାରିଖ | ନୋଡାଲ ଅଧିକାରି | ବ୍ଲକ୍ ସ୍ତରୀୟ ଜନଶୁଣାଣୀ ତାରିଖ |
|---|---|---|---|---|---|---|
| ୧ | ତାଲାନଗୁଡା | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ଏମ୍. ଆଇ | |
| ୨ | ତଣ୍ଡିକି | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୩ | ପଦ୍ମଗିରି | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ଡବ୍ଲ.ଇ.ଓ | |
| ୪ | ସିନ୍ଧିମାଲା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଏମ୍. ଆଇ | |
| ୫ | ଉଡୁପା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଏ.ଇ.ଇ | |
| ୬ | ଗଙ୍ଗଲା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଡବ୍ଲ.ଇ.ଓ | |
| ୭ | ପେଦାୱାଡା | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ଏ.ପି.ଓ | |
| ୮ | ଗୌଡ଼ଗୁଡା | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ଏ.ବି.ଡି.ଓ | |
| ୯ | ଝରାପାଲି | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ବି.ପି.ଏମ୍ (ଓ.ଏଲ.ଏମ୍) | ୩୦.୦୩.୨୦୨୬ |
| ୧୦ | ତମସା | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ବି.ପି.ସି (ଆର.ଏଚ୍) | |
| ୧୧ | ତଣ୍ଡାପାଲି | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ଏ.ଇ.ଇ | |
| ୧୨ | ଗୋରାଖୁଣ୍ଟା | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ଏମ୍. ଆଇ | |
| ୧୩ | ଶିଖପାଲି | ୦୨.୦୧.୨୦୨୬ | ୧୮.୦୧.୨୦୨୬ | ୧୮.୦୧.୨୦୨୬ | ଏ.ପି.ଓ | |
| ୧୪ | ମାଟାପାକା | ୦୨.୦୧.୨୦୨୬ | ୧୮.୦୧.୨୦୨୬ | ୧୮.୦୧.୨୦୨୬ | ଏ.ବି.ଡି.ଓ | |
| ୧୫ | ସେରପାଲି | ୦୨.୦୧.୨୦୨୬ | ୧୮.୦୧.୨୦୨୬ | ୧୮.୦୧.୨୦୨୬ | ସି.ଡି.ପି.ଓ | |
| ୧୬ | ପେଡ଼ାକୋଣ୍ଡା | ୨୦.୦୧.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ଏମ୍. ଆଇ | |
| ୧୭ | ବିରଲକ୍ଷ୍ମଣପୁର | ୨୦.୦୧.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୧୮ | ପାଣ୍ଡ୍ରୀପାଣି | ୨୦.୦୧.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ବି.ପି.ସି (ଆର.ଏଚ୍) | |
| ୧୯ | ମାର୍ଦ୍ଦାପାଲି | ୦୯.୦୩.୨୦୨୬ | ୨୫.୦୩.୨୦୨୬ | ୨୫.୦୩.୨୦୨୬ | ଏ.ଇ.ଇ | |

ଗୋଷ୍ଠୀ ଉନ୍ନୟନ ଅଧିକାରୀ
ମାଲକାନଗିରି


**AFFIDAVIT**

By virtue of an affidavit (No. 605/25) sworn before the Notary Public, Borigumma on dated- 12/10/2025. I, **Sri Padu Jani,** S/o Late Ghana Jani, Address: Village- Phundaguda, Khudiguda, PO/PS- Borigumma, Dist- Koraput, Pin- 764056, Odisha declare that I have changed my son's name from **Kamandan Jani** to **Kamaladan Jani** in his Aadhar Card (vide No. 8139 7095 7497). Henceforth, he shall be known as **Kamaladan Jani** (new name) for all purposes.

**Sri Padu Jani**

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.10.2025, I Kanchan Mohanty, W/o- Susanta Kumar Mohanty resident At- Bisunipada, Po- Jhintisasan, Balakati, Dist- Khordha, Odisha, PIN- 752100 declare that I have changed my name from Kanchan Vishwakarma to Kanchan Mohanty. Henceforth I shall be known as **KANCHAN MOHANTY** for all purposes.

**AFFIDAVIT**

By virtue of an affidavit No. 5822, sworn before the Executive Magistrate Champua on dated- 14/10/2025. I **Jasabati Munda,** W/o-Markanda Munda, resident of Vill/Po- Bankia, Ps- Champua, Dist- Keonjhar Pin- 758044, Odisha declare that I have changed my name from **Joshabati Munda** (old name) to **Jasabati Munda** (new name). Henceforth she shall be known as **Jasabati Munda** for all future purposes.

**Jasabati Munda**

**AFFIDAVIT**

By Virtue of an affidavit sworn before The Notary Public, Bhubaneswar Vide CF No 744, date- 16/09/2025 I , Elieo harijan, resident of At- Tikirachura, Po- Binjili, Po-Kosagumunda,Dist- Nabarangapur ,Pin-764058, declare that I have changed my Son's name from Lucky sawan kumar to Lucky sawan Chalki.Hens ,Lucky sawan chalki. He shall be know as for all future purposes.

LUCKY SWAIN CHALKI

# ବିଦ୍ୟୁତ୍ ସମସ୍ୟା ନେଇ କୃଷକ ସମାବେଶ ପ୍ରସ୍ତୁତି

ଅମ୍ବାଭୋନା, ୧୪।୧୦(ସମିସ)



ବିଦ୍ୟୁତ ସମସ୍ୟାର ସମାଧାନ ପାଇଁ ଅମ୍ବାଭୋନା ବ୍ଲକ ସ୍ତରୀୟ ଗଭୀର ନଳକୂପଧାରୀ ମାନଙ୍କ ପକ୍ଷରୁ ବିକ୍ଷୋଭ ପ୍ରସ୍ତୁତି ଚାଲିଛି। ଏହି ଉଦ୍ଦେଶ୍ୟରେ ବିରାଟ କୃଷକ ସମାବେଶ କରିବା ପାଇଁ ବାରପାହାଡ କୃଷକ ସଙ୍ଗଠନ ତରଫରୁ ଗାଁ ଗାଁରେ ପ୍ରସ୍ତୁତି ବୈଠକ ଆୟୋଜିତ ହେଉଛି। ବିଦ୍ୟୁତ ସମସ୍ୟାର ସ୍ଥାୟୀ ସମାଧାନ ନିମନ୍ତେ ବିଗତ ବର୍ଷ ମାନଙ୍କରେ ମଧ ବିଭିନ୍ନ ପ୍ରକାର ପ୍ରତିବାଦ କାର୍ଯ୍ୟକ୍ରମ କରାଯାଇଛି। ସାଧାରଣ ଭୋଟ ଦେବା ୨ ଦିନ ପୂର୍ବରୁ ମେ ୧୮ ତାରିଖ ୨୦୨୪ରେ ଅହେତୁକ ବିଦ୍ୟୁତ ବିଲ ପ୍ରତିବାଦରେ ଅମ୍ବାଭାନା ବ୍ଲକରେ ବୋରିଂ ମାନଙ୍କରେ ଲାଗିଥିବା ମିଟର ଖୋଲି ଲୋକେ ଟାଟା ପାୱାର ଅଫିସରେ ଫେରାଇ ଦେଇଥିଲେ। ଯାହା ବରଗଡ଼ ଜିଲ୍ଲାରେ ଗୋଟିଏ ବିରାଟ ଆନ୍ଦୋଳନର ରୂପ ନେଇଥିଲା।

ଏହି ଆନ୍ଦୋଳନକୁ ଦେଖି ଜିଲ୍ଲାପାଳ ଏବଂ ଟାଟା କମ୍ପାନୀ ଅଧିକାରୀ ଏବଂ କୃଷକ ସଂଗଠନ ପ୍ରତିନିଧି ମାନଙ୍କ ମଧ୍ୟରେ ତ୍ରିପାକ୍ଷିକ ଆଲୋଚନା ହୋଇଥିଲା। ଆଲୋଚନାରେ ବରଗଡ଼ ଜିଲ୍ଲାରେ ସ୍ମାର୍ଟ ମିଟର ଲଗାଯାଇ ପାରିବ ନାହିଁ ଏବଂ ସୂଚନା ନ ଦେଇ ଲାଇନ କାଟିପାରିବେ ନାହିଁ ବୋଲି ନିଷ୍ପତ୍ତି ହୋଇଥିଲା। ହେଲେ ବିନାନୁମତିରେ ସ୍ମାର୍ଟ ମିଟର ଲଗାଯାଉଛି ଓ ଲାଇନ ମଧ୍ୟ କାଟି ଦିଆଯାଉଛି। ସେଥିପାଇଁ ପୁଣି ଥରେ ଅମ୍ବାଭାନା ବ୍ଲକରେ ଅଘୋଷିତ ବିଦ୍ୟୁତ କାଟ, ସ୍ମାର୍ଟ ମିଟର ଲଗାଯିବା, ସମ୍ପୂର୍ଣ୍ଣ ବିଦ୍ୟୁତ ବିଲ ଛାଡ, ଜଳସେଚନ ଆଧାରରେ ବିଦ୍ୟୁତ ବିଲ, ଟାଟା ପାୱାରର ମନମୁଖୀ ବିଦ୍ୟୁତ ବିଲ ପ୍ରତିବାଦରେ ଆସନ୍ତା ୧୬ ଅକ୍ଟୋବର ଗୁରୁବାର ଦିନ ବିଶାଳ କୃଷକ ବିକ୍ଷୋଭ ସମାବେଶ କରି ତହସିଲଦାରଙ୍କ ମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କୁ ସ୍ଥାୟୀ


**୧୬ରେ ବିକ୍ଷୋଭ**

ସମାଧାନ ପାଇଁ ଡାକରା ଦିଆଯାଇଛି। ଏଥିପାଇଁ ଅମ୍ବାଭୋନା ବ୍ଲକର ସମସ୍ତ ଗାଁରେ ମିଟିଂ ଚାଲିଛି। ଆଜି ଇଚ୍ଛାପୁର, ପୋଡାପାଲି, କଲମୀ, ସାନଜାମପାଲି, ସନସାରେଇପାଲି, ବିର୍ଜୁପାଲି, ବଡଧରା, ବରା ଆଦି ଗାଁ ମାନଙ୍କରେ ସଂଗଠନର ରାଜେନ୍ଦ୍ର ଦେହେରୀ, ଜୟ ପ୍ରକାଶ ବେହେରା, ମନୋହର ପଧାନ, କେଦାର ବୈଗା, ମୋତିଲାଲ ସାହୁ, ଜଳନ୍ଧର ପଧାନ, ପ୍ରକାଶ ପଧାନ ଏବଂ ରମେଶ ମହାପାତ୍ର ପ୍ରମୁଖ ପ୍ରସ୍ତୁତି ବୈଠକ କରିଛନ୍ତି।

## ମତ୍ସ୍ୟଜୀବୀ ତିଅର ସମାଜର ମହାସଭା

ବରଗଡ଼, ୧୪।୧୦(ସମିସ): ସ୍ଥାନୀୟ ବିଜୁ ପଟ୍ଟନାୟକ ଟାଉନ ହଲ ଠାରେ ପଶ୍ଚିମ ଓଡ଼ିଶା ମତ୍ସ୍ୟଜୀବୀ ତିଅର ସମାଜର ଦଶମ ମହାସଭା ୨ ଦିନ ବ୍ୟାପୀ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ବରଗଡ଼ ସାଂସଦ ପ୍ରଦୀପ ପୁରୋହିତ ଏବଂ ସମ୍ମାନିତ ଅତିଥି ଭାବେ ବରଗଡ଼ ବିଧାୟକ ଅଶ୍ୱିନୀ ଷଡଙ୍ଗୀ ଯୋଗ ଦେଇଥିଲେ। ମତ୍ସ୍ୟଜୀବୀ ତିଅର ମାନେ ସମାଜର ଏକ ଅଭିନ୍ନ ଅଙ୍ଗ ବୋଲି ମତ ପ୍ରଦାନ କରିଥିଲେ। ମହାସଭା ସଭାପତି ନିତ୍ୟାନନ୍ଦ ବେହେରାଙ୍କ ସଭାପତିତ୍ୱରେ ପ୍ରଥମ ଦିବସର ଦ୍ୱିତୀୟ ପର୍ଯ୍ୟାୟ ଅନୁଷ୍ଠିତ ହୋଇଥିଲା। ଦ୍ୱିତୀୟ ଦିନରରେ ଚୟନ ହୋଇଥିବା ନୂତନ କାର୍ଯ୍ୟକର୍ତ୍ତା ମହାସଭା ସଭାପତି ନିତ୍ୟାନନ୍ଦ ବେହେରା, କାର୍ଯ୍ୟକାରୀ ସଭାପତି ସତ୍ୟବ୍ରତ ବେହେରା, ଉପସଭାପତି ପ୍ରେମରାଜ ବେହେରା, ଉପସଭାପତି ନୱାଲ କିଶୋର ବେହେରା, ଉପସଭାପତି ଅନନ୍ତ ବେହେରା, ସାଧାରଣ ସମ୍ପାଦକ ନିତ୍ୟାନନ୍ଦ ବେହେରା, ଯୁଗ୍ମ ସମ୍ପାଦକ ବିଜୟ କେତନ ବେହେରା, ବିଭିନ୍ନ ସଂଗଠନ ସମ୍ପାଦକ କୃଷ୍ଣଚନ୍ଦ୍ର ବେହେରା, ଭାବଗ୍ରାହୀ ବେହେରା, ସରୋଜ ବେହେରା, ଗୌରାଙ୍ଗ ବେହେରା, କୋଷାଧ୍ୟକ୍ଷ ଭୋଜପତୀ ବେହେରା, ସମୀକ୍ଷକ ସୁନିଲ ବେହେରା, ଅଶୋକ ବେହେରା, ମୁଖ୍ୟ ଉପଦେଷ୍ଟା ଛତ୍ରପତି ବେହେରା, ଉପମୁଖ୍ୟ ଉପଦେଷ୍ଟା ଗଣେଶ ବେହେରା ପ୍ରମୁଖ ମନୋନୀତ ହୋଇଥିଲେ। ମୁଖ୍ୟ ପୁରୋଧା ବ୍ୟକ୍ତି ବିଶେଷ ନିତ୍ୟାନନ୍ଦ ବେହେରା, ଛାତ୍ରପତି ବେହେରା, ନିତ୍ୟା ବେହେରା, ସତ୍ୟବ୍ରତ ବେହେରା, ଅଶ୍ୱିନୀ ବେହେରା, ପରିତୋଷ ବେହେରା, ସୁଜିତ ବେହେରା, ପୂର୍ଣ୍ଣଚନ୍ଦ୍ର ବେହେରା, ଶିବ ଶଙ୍କର ବେହେରା, କାର୍ତ୍ତିକେଶ୍ୱର ବେହେରା ଉପସ୍ଥିତ ଥିଲେ। ମାଁ ମାହେଶ୍ୱରୀଙ୍କ ଆଳତି ଓ କଳସ ବିସର୍ଜନ ତଥା ଜାତିର ଧ୍ୱଜା ଅବତରଣ ପରେ ସମସ୍ତଙ୍କୁ ଧନ୍ୟବାଦ ସହ ସଭା ସାଙ୍ଗ କରାଯାଇଥିଲା।

## ଦକ୍ଷିଣ କାଳୀ ପୂଜା ବାର୍ଷିକୋତ୍ସବ



ପାଇକମାଳ, ୧୪।୧୦(ସମିସ): ପାଇକମାଳ ବ୍ଲକ ଜାମସେଠ କଟାପଡ଼ା ନିକଟସ୍ଥ ଦକ୍ଷିଣ କାଳୀ ମନ୍ଦିରରେ ଦକ୍ଷିଣ କାଳୀ ପୂଜା ବାର୍ଷିକୋତ୍ସବ ଅନୁଷ୍ଠିତ ହେବ। ପୂଜାରେ କର୍ତ୍ତା ଭାବେ ଦାମୋଦର ରଣା ଓ ସତ୍ୟବତୀ ରଣା ଥିବା ବେଳେ ମୁଖ୍ୟ ପୂଜକ ଭାବେ ମାନଭଞ୍ଜନ ତ୍ରିପାଠୀ ପୂଜା କାର୍ଯ୍ୟ ସମ୍ପାଦନା କରିବେ। ବୁଧବାର କଳସ ଅଧିବାସ ହେବ। ଗୁରୁବାରରୁ ଶନିବାର ଯାଏଁ ପୂଜା ପାଠ ହେବା ସହ ଶନିବାରରେ ପୂର୍ଣ୍ଣାହୁତି ହୋଇ ସମ୍ପନ୍ନ ହେବ।

## ମନାବନ୍ଧ, ଦାନିକଟା ଓ ନାବକେଲି ମଣ୍ଡପରେ ଆଲୋକିକରଣ



ବରଗଡ଼, ୧୪।୧୦(ସମିସ): ବରଗଡ଼ ସହରର ରେଲୱେ ଷ୍ଟେସନ ରୋଡ, ଜର୍ଜ ହାଇସ୍କୁଲ ପଡ଼ିଆ, ଭଟଲି ଛକଠୁ ଖେଦା ପାଲି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଇତ୍ୟାଦି ଜାଗାରେ ଅଲୋକିକରଣ ହୋଇଛି। ଏହା ପରେ ମଙ୍ଗଳବାର ସନ୍ଧ୍ୟାରେ ମନାବନ୍ଧ, ଦାନିକଟା ଓ ନାବକେଲି ମଣ୍ଡପରେ ବରଗଡ଼ ବିଧାୟକ ଅଶ୍ୱିନୀ ଷଡଙ୍ଗୀ ନୂତନ ଉଚ୍ଚ ଶକ୍ତି ସମ୍ପନ୍ନ ଲାଇଟ୍‌ର ଶୁଭ ଉଦ୍‌ଘାଟନ କରିଛନ୍ତି। ଅଞ୍ଚଳରେ ସନ୍ଧ୍ୟା ସମୟରେ ଅନ୍ଧାରର ସୁଯୋଗ ନେଇ ଅସାମାଜିକ କାର୍ଯ୍ୟକଳାପ ହେଉଥିବା ବିଧାୟକଙ୍କ ପାଖକୁ ଅନେକ ଥର ଅଭିଯୋଗ ଆସିଥିଲା। ଏହି କାର୍ଯ୍ୟକ୍ରମରେ ପୌର ପରିଷଦ ଅଧ୍ୟକ୍ଷା କଳ୍ପନା ମାଝୀ, ପୌର ପରିଷଦ ନିର୍ବାହୀ ଅଧିକାରୀ ଦେବାନନ୍ ସାହୁ, ଠିକାଦାର ସଂଘ ସଭାପତି ମଣ୍ଟୁ ଗଡ଼ତିଆ, ଆଇନଜୀବୀ ଅଶୋକ ପଣ୍ଡାଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ।

## ବ୍ଲକ୍‌ସ୍ତରୀୟ ଖୋଖୋ ଚୟନ



ପାଇକମାଳ, ୧୪।୧୦(ସମିସ): ପାଇକମାଳ ବ୍ଲକ ପଲସଦା ଉଚ୍ଚ ବିଦ୍ୟାଳୟରେ ବ୍ଲକସ୍ତରୀୟ ଖୋଖୋ ଚୟନ ଶିବିର ଭାରପ୍ରାପ୍ତ ପଦ୍ମଲୋଚନ ପୋଡ଼ଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଚୟନ ଶିବିରରେ ମୁଖ୍ୟ ଅତିଥି ମହେନ୍ଦ୍ର ସିଂହ ବରିହା ଯୋଗ ଦେଇଥିଲେ। ବ୍ଲକ କ୍ରୀଡା ସମ୍ପାଦକ ସୁଦର୍ଶନ ମହାକୁରଙ୍କ ତତ୍ତ୍ୱାବଧାନରେ ଉପସ୍ଥିତ ଥିବା ୧୪୬ ଜଣ ଖେଳାଳିଙ୍କ ମଧ୍ୟରୁ ୪୮ ଜଣ ଖେଳାଳଙ୍କୁ ଚୟନ କରାଯାଇଥିଲା। ଚୟନ ହୋଇଥିବା ଖେଳାଳି ବରଗଡ଼ ଜିଲ୍ଲା ଠାରେ ଅନୁଷ୍ଠିତ ହେବାକୁ ଥିବା ଜିଲ୍ଲା ସ୍ତରୀୟ ଖୋଖୋ ଚୟନ ଶିବିରରେ ଖେଳ ପ୍ରଦର୍ଶନ କରିବେ। କେଶବଚନ୍ଦ୍ର ଆଦବାରିଆ ଚୟନ ପ୍ରକ୍ରିୟା ପରିଚାଳନା କରିଥିଲେ। ଖେଳ ଶିକ୍ଷକ ଅମିତ ସାହୁ, ରଜତ ମିଶ୍ର, ଗଣେଶ ସାହୁ, ନାରାୟଣ ସାହୁ, ନୀଳମାଧବ ପଧାନ, ହେମ ସାଗର ସାହୁ, ଶିବାନୀ କର୍ଣ୍ଣାଲ, ବୈଭବ ପ୍ରଧାନ, କରୁଣାକର ପ୍ରଧାନ, ରାଧାକାନ୍ତ ପୁରୋହିତ, ଅକ୍ଷୟ ସାହୁ, କଳାନିଧି ଝାଙ୍କର ଓ ପଲସଦା ଉଚ୍ଚ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ପାଣିଛତ୍ର ଜମୁର୍ଡା ରାସ୍ତା ଓଭରବ୍ରିଜ ତଳେ ଯୁବକଙ୍କୁ ହତ୍ୟା

**ନ୍ୟାୟ ଦାବିରେ ପରିବାର ସମେତ ଟାଙ୍ଗରପଡ଼ା ବାସୀଙ୍କ ରାସ୍ତା ଅବରୋଧ**

ବରଗଡ଼, ୧୪।୧୦(ସମିସ): ବରଗଡ଼ ପାଣିଛତ୍ର ଜମୁର୍ଡା ରାସ୍ତା ଓଭରବ୍ରିଜ ତଳେ ଜଣେ ଯୁବକଙ୍କୁ ହତ୍ୟା ଘଟଣାକୁ ନେଇ ନ୍ୟାୟ ଦାବିରେ ପରିବାର ବର୍ଗ ସମେତ ଜମୁର୍ଡା ଟାଙ୍ଗରାପଡ଼ା ବାସୀ ଜାତୀୟ ରାଜପଥ ଅବରୋଧ କରିଛନ୍ତି। ମୃତ ଯୁବକ ଜମୁର୍ଡା ଟାଙ୍ଗରପଡ଼ାର ୨୬ ବର୍ଷୀୟ ଭୀମସେନ ବିଶ୍ୱାଳ ବୋଲି ଜଣାପଡ଼ିଛି। ସୋମବାର ବିଳମ୍ବିତ ରାତିରେ ହତ୍ୟାକାଣ୍ଡ ଘଟିଥିବା ସନ୍ଦେହ କରାଯାଉଥିବା ବେଳେ କିଏ ଓ କାହିଁକି ଏପରି ହତ୍ୟା କରିଛି ତାହା ଜଣା ପଡ଼ି ନଥିବା ବେଳେ ପୁଲିସ ତଦନ୍ତ ଜାରି ରଖିଛି। ଭୀମସେନ ଗତ ରାତି ୯ ଟାରେ ଘରେ ଖାଇସାରିବା ପରେ ପ୍ରତିଦିନ ପରି ବାହାରକୁ ଯାଇଥିଲେ। ହେଲେ ଆଉ ଘରକୁ ଫେରି ନଥିଲେ। ସକାଳୁ ତାଙ୍କ ରକ୍ତାକ୍ତ ଶବ ସହରର ମଝି ରାସ୍ତାରେ ପଡ଼ିଥିବା ଦେଖି ଲୋକେ ଭୀମସେନଙ୍କ ପରିବାର ଲୋକଙ୍କୁ ଖବର ଦେଇଥିଲେ। ତେବେ ପରିବାର ଲୋକେ ହତ୍ୟାକାରୀକୁ ଶୀଘ୍ର ଧରାଯାଉ ବୋଲି ଦାବି କରିଛନ୍ତି। ସାଇଣ୍ଟିଫିକ୍ ଟିମ୍ ଓ ଅନୁସନ୍ଧାନୀ କୁକୁର ଆସିବାରେ ବିଳମ୍ବ ହେତୁ ସ୍ଥାନୀୟ ଲୋକ ଅସନ୍ତୋଷ ପ୍ରକାଶ କରି ରାଜରାସ୍ତା ଅବରୋଧ କରିଥିଲେ। ଖବର ପାଇ ବରଗଡ଼ ଏସଡିପିଓ ପଦାରବିନ୍ଦ ତ୍ରିପାଠୀ ଷ୍ଟାଫଙ୍କ ସହ ପହଞ୍ଚି ସମସ୍ତଙ୍କୁ ବୁଝାସୁଝା କରିବା ପରେ ରାସ୍ତା ଅବରୋଧ ହଟିଥିଲା। ଖୁବ୍‌ଶୀଘ୍ର ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଥିବା ସମସ୍ତ ଅଭିଯୁକ୍ତଙ୍କୁ ଧରାଯିବ ବୋଲି ଏସଡିପିଓ ପ୍ରତିଶ୍ରୁତି ଦେଇଥିଲେ। ତେବେ ବରଗଡ଼ରେ ନିଶା କାରବାର ଦିନକୁ ଦିନ ବଢ଼ି ଚାଲିଥିବା ବେଳେ ଲୋକେ ବରଗଡ଼ରେ କେତେ ସୁରକ୍ଷିତ ବୋଲି ପୁଲିସ ପ୍ରଶାସନ ଉପରେ ଜନସାଧାରଣ ପ୍ରଶ୍ନ ଉଠାଇଛନ୍ତି।

## ବସୁନ୍ଧରା ଯୋଜନାରେ ୫୫ ଜଣଙ୍କୁ ଜମିପଟ୍ଟା



ଅତାବିରା, ୧୪।୧୦(ସମିସ): ଅତାବିରା ତହସିଲ ଅଧୀନ ହିର୍ଲିପାଲି ପଞ୍ଚାୟତର ୫୫ ଜଣ ଭୂମିହୀନଙ୍କୁ ରାଜ୍ୟ ସରକାରଙ୍କ ବସୁନ୍ଧରା ଯୋଜନାରେ ୨ ଡିସିମିଲ ଲେଖାଁ ଜମିପଟ୍ଟା ପ୍ରଦାନ କରାଯିବା ସହ ୨ ଜଣଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ କାର୍ଯ୍ୟାଦେଶ ବଣ୍ଟନ କରାଯାଇଛି। କାଠଡେରା ମାଉସୀ ମାଁ ମନ୍ଦିର ପରିସରରେ ସମିତି ସଭ୍ୟ ବିଦ୍ୟାଧର ପ୍ରଧାନଙ୍କ ସଭାପତିତ୍ୱରେ ଜମିପଟ୍ଟା ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ତହସିଲଦାର କେରିଚି, ବରଗଡ଼ ଧନୁଯାତ୍ରା କମିଟିର ସମ୍ପାଦକ ସମାଜସେବୀ ସୁରେଶ ଶତପଥୀ, ସରପଞ୍ଚ ବବିତା ସାହୁ, ସାମାଜିକ କର୍ମୀ ସୁରେନ୍ଦ୍ର ସ୍ୱାଇଁ, ପୁଷ୍ପକ ଗାଇ ଗରିଆ, ଅର୍ଚ୍ଚନା ବାଗ ପ୍ରମୁଖ ଯୋଗ ଦେଇଥିଲେ। ସମିତି ସଭ୍ୟ ବିଦ୍ୟାଧର ପ୍ରଧାନଙ୍କ ପ୍ରଚେଷ୍ଟା କ୍ରମେ ହିର୍ଲିପାଲି ପଞ୍ଚାୟତର ଭୋଇଟିକ୍ରା, ଡୁମ୍ବେରପାଲି, ବାଗବାହାଲ, ହିର୍ଲିପାଲିର ଏହି ହିତାଧିକାରୀ ମାନେ ସରକାରୀ ଜାଗାରେ ରହିଆସୁଥିଲେ। ଏମାନଙ୍କୁ ଭୋଇଟିକ୍ରା ଓ ବାଗବାହାଲର ୨ଟି ସ୍ଥାନରେ ଜମିପଟ୍ଟା ଦିଆଯାଇଛି। ୨ ଜଣଙ୍କୁ ତତ୍କାଳ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ କାର୍ଯ୍ୟାଦେଶ ଦିଆଯାଇଥିଲା। ସମସ୍ତ ହିତାଧିକାରୀଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଖୁବ୍‌ଶୀଘ୍ର ସାମିଲ କରିବା ପାଇଁ ବ୍ୟବସ୍ଥା କରାଯିବ ବୋଲି ସମିତି ସଭ୍ୟ ପ୍ରକାଶ କରିଥିଲେ।

## ଜମଲା ଡିଗ୍ରୀ କଲେଜରେ ଆଲୋଚନାଚକ୍ର



ବରଗଡ଼, ୧୪।୧୦(ସମିସ): ଜମଲା ଡିଗ୍ରୀ କଲେଜ ଜମଲାରେ ମଙ୍ଗଳବାର ତ୍ରିଦିବସୀୟ ଆଲୋଚନାଚକ୍ରର ଆରମ୍ଭ ହୋଇଛି। କଲେଜର ଅଧ୍ୟକ୍ଷ ଡ.ସ୍ୱାଧୀନ ଚନ୍ଦ୍ର ପଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରଦୀପ ପୁରୋହିତ, ସମ୍ମାନିତ ଅତିଥି ଭାବେ ଭଟଲିର ଯୁବ ବିଧାୟକ ଇରାଶିଷ ଆଚାର୍ଯ୍ୟ, ବିଶିଷ୍ଟ ଅତିଥି ଭାବେ ପରିଚାଳନା ପରିଷଦର ସଭାପତି କଳାକହ୍ନେଇ ପଧାନ, ପଦ୍ମପୁରର ବିଶିଷ୍ଟ ସମାଜବାଦୀ ଗୋବର୍ଦ୍ଧନ ଭୁଏ, ଯୁବ ସମାଜସେବୀ ପ୍ରୀତେଶ ବହିଦାର ପ୍ରମୁଖ ଯୋଗ ଦେଇଥିଲେ। ପଶ୍ଚିମ ଓଡ଼ିଶାର ଜନଜାତି ମାନଙ୍କ କଳା ଓ ସଂସ୍କୃତି ବିଷୟକୁ ଆଧାର କରି ତଥ୍ୟ ଉପସ୍ଥାପନ କରିଥିଲେ। ପ୍ରଥମ ଅଧିବେଶନରେ ଅଧ୍ୟାପିକା ସୁରେଖା ଭୁଏ ମଞ୍ଚ ପରିଚାଳନା କରିଥିବା ବେଳେ ଅଧ୍ୟାପକ ସଦାନନ୍ଦ ସେଠ୍ ଅତିଥି ପରିଚୟ ଦେଇଥିଲେ। ଅଧ୍ୟାପକ ଝସ କେତେକ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ସେହିପରି ଦ୍ୱିତୀୟ ଅଧିବେଶନ ପ୍ରଫେସର ଡ.ଅଶୋକ ଦାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ଆଲୋଚକ ଭାବେ ସହକାରୀ ପ୍ରଫେସର ଗୋପୀନାଥ ବାଗ୍ ଓ ଅଧ୍ୟାପକ ମୋହନ ସାହୁ ଯୋଗ ଦେଇଥିଲେ। ଭିତ୍ତି ପ୍ରବନ୍ଧ ଉପସ୍ଥାପକ ଭାବେ ଅଧ୍ୟାପକ ଦୁର୍ଗାଶିଷ ପଟ୍ଟନାୟକ ଓ ଗବେଷକ ଡୋଳାମଣି ମାଝୀ ଯୋଗ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଅଧ୍ୟାପକ ଆଶିଷ ଭୋଇ ଅତିଥି ପରିଚୟ ଦେଇଥିବା ବେଳେ ଅଧ୍ୟାପକ ସଦାନନ୍ଦ ସେଠ୍ ଧନ୍ୟବାଦ ଅର୍ପଣ କରିଥିଲେ।

## ବିଧାୟକଙ୍କ ମନ୍ତବ୍ୟକୁ ସାହୁ ସମାଜର ବିରୋଧ

ବରଗଡ଼, ୧୪।୧୦(ସମିସ): ବରଗଡ଼ ବିଧାୟକ ଅଶ୍ୱିନୀ ଷଡ଼ଙ୍ଗୀ ଦେଇ ଥିବା ବୟାନକୁ ନେଇ ଏବେ ଚର୍ଚ୍ଚା ଜୋର ଧରିଛି। ସୋମବାର ଜିଲ୍ଲାପାଳ ଅଫିସରେ ଧନୁଯାତ୍ରା ସମ୍ପର୍କିତ ପ୍ରସ୍ତୁତି ବୈଠକରେ ଯୋଗ ଦେଇ ସାମ୍ବାଦିକ ମାନଙ୍କୁ ସମ୍ବୋଧିତ କରିଥିଲେ। ଏତିକି ବେଳେ ବିଧାୟକ କଥା କଥାରେ "ଏତିକିରେ ଥାଉ ଇତି ଚକ୍ର ସାହୁ" ବୋଲି ଦେଇଥିବା ବୟାନ ଏବେ ବହୁ ଲୋକଙ୍କୁ ମର୍ମାହତ କରିଛି। କେଉଁ ଚକ୍ର ସାହୁ କଣ କ୍ଷତି କଲେ ଯେ ବିଧାୟକ ଏପରି ମନ୍ତବ୍ୟ ଦେଲେ ବୋଲି ପ୍ରଶ୍ନ ଉଠିଛି।

ଅନ୍ୟପଟେ ଯଦି ଚକ୍ର ମହୋଦୟ ବୋଲି କେହି ବ୍ୟକ୍ତି ନାହାନ୍ତି ତାହେଲେ ସାହୁ ସମାଜକୁ କାହିଁକି ଆକ୍ଷେପ କରାଗଲା ବୋଲି ସାମାଜିକକର୍ମୀ ଭବାନୀ ସାହୁ ପ୍ରଶ୍ନ କରିଛନ୍ତି। ସାହୁ ପରିବାର କିମ୍ବା ସାହୁ ସମାଜରେ ଜନ୍ମ ହେବା କଣ ଅପରାଧ, ସାହୁ ବର୍ଗ ଲେଖୁ ଥିବା ଅନେକ ସମାଜ ଯଥା କୁଲିତା, ତୈଳିକ, ଗୁଡ଼ିଆ, କଂସାରୀ, ସୁନାରି, ଶୁଣ୍ଢୀ ପରି ଅନେକ ଅନ୍ୟାନ ପଛୁଆ ବର୍ଗ (ଓବିସି) ଲୋକ ଅଛନ୍ତି। ଯାହାଙ୍କ ଭାବନାକୁ ଧକ୍କା ଲାଗିଛି। ତେଣୁ ବିଧାୟକ ମହୋଦୟ କ୍ଷମା ପ୍ରାର୍ଥନା କରନ୍ତୁ ନହେଲେ ଆଗାମୀ ଦିନରେ ପ୍ରତୀକାତ୍ମକ ବିରୋଧ ଆରମ୍ଭ କରିବୁ ବୋଲି ଭବାନୀ ସାହୁ କହିଛନ୍ତି। ତେବେ ବରଗଡ଼ ବିଧାୟକ ଅଶ୍ୱିନୀ ଷଡଙ୍ଗୀ କାହାକୁ କଷ୍ଟ ଦେବାକୁ କି ଆକ୍ଷେପ କରି କୁହା ଯାଇନି କିଛି ସାମ୍ବାଦିକଙ୍କ ପ୍ରଶ୍ନର ଉତ୍ତର ଦେବା ସମୟରେ ବରଗଡ଼ ସହରର ଉନ୍ନତି କରଣକୁ ନେଇ କହୁଥିବା ବେଳେ ଏମିତି ଗୋଟିଏ ପଦ ମୁହଁରୁ ବାହାରି ଯାଇଛି। ଚକ୍ର ସାହୁ କିଏ ସେ ଜାଣି ନାହାନ୍ତି କି କାହାକୁ କଷ୍ଟ ଦେବାକୁ କହି ନାହାନ୍ତି ବୋଲି ବିଧାୟକ ଅଶ୍ୱିନୀ ଷଡଙ୍ଗୀ କୈଫିୟତ ଦେଇଛନ୍ତି।

## ଆପ୍ରାଇଜ ଗ୍ରୁପକୁ ଭାରତୀୟ ରେଡ୍‌କ୍ରସର ସଦସ୍ୟତା

ବରଗଡ଼, ୧୪।୧୦(ସମିସ): ଓଡ଼ିଶାର ଅଗ୍ରଣୀ ଶିକ୍ଷା ଅନୁଷ୍ଠାନ ଆପ୍ରାଇଜ ଗ୍ରୁପ ମଙ୍ଗଳବାର ଭାରତୀୟ ରେଡକ୍ରସ୍ ସୋସାଇଟିର ସଦସ୍ୟ ଭାବେ ମନୋନୀତ ହୋଇଛି। ଗ୍ରୁପର ସାମାଜିକ କାର୍ଯ୍ୟକ୍ରମ ଓ ଉନ୍ନତ ମାନର ପାଠପଢ଼ା ଓ ଗରିବ ମା' ବାପ ଛେଉଣ୍ଡ ପିଲାମାନଙ୍କୁ ଶିକ୍ଷା ପ୍ରଦାନ ପାଇଁ ଏହିପରି ସେବା ସଂସ୍ଥା ଭାରତୀୟ ରେଡକ୍ରସ୍ ସୋସାଇଟିର ସଦସ୍ୟ ଭାବେ ମନୋନୀତ ହୋଇ ପାରିଛି ବୋଲି ଗ୍ରୁପର ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଡ.ମୁକୁନ୍ଦ ଦାଶ ସୂଚନା ଦେଇଛନ୍ତି। ଏହିପରି ସଦସ୍ୟ ଲାଭ କରିଥିବା ପାଇଁ ଗ୍ରୁପର ସମସ୍ତ କର୍ମଚାରୀ ଓ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଖୁସିର ଲହରୀ ଖେଳିଯାଇଛି।

## ପ୍ରାଥମିକ ବିଦ୍ୟାଳୟରେ ଉଲ୍ଲାସ କାର୍ଯ୍ୟକ୍ରମରେ ବହି ବଣ୍ଟନ

ପଦ୍ମପୁର, ୧୪।୧୦(ସମିସ): ସାକ୍ଷର ହେବା, ପଢ଼ିବା, ଲେଖିବା ଏବଂ ସଂଖ୍ୟା ଜ୍ଞାନ ପ୍ରତ୍ୟେକ ବ୍ୟକ୍ତିଙ୍କର ଏକ ମୌଳିକ ଆବଶ୍ୟକତା। ଏହାକୁ ସୁନିଶ୍ଚିତ କରିବା ପାଇଁ ଜାତୀୟ ଶିକ୍ଷା ନୀତି ୨୦୨୦ର ପ୍ରସ୍ତାବ ଆଧାରିତ ଭାରତ ସରକାରଙ୍କ ଦ୍ୱାରା ନବ ଭାରତ ସାକ୍ଷରତା କାର୍ଯ୍ୟକ୍ରମ ଯୋଜନା ଆରମ୍ଭ ହୋଇଛି। ଯାହାର ସର୍ବଜନପ୍ରିୟ ନାମ ହେଉଛି 'ଉଲ୍ଲାସ'। ସମାଜରେ ସମସ୍ତଙ୍କ ପାଇଁ ଆଜୀବନ ଶିକ୍ଷାକୁ ବୁଝିବା ପାଇଁ, ୧୫ରୁ ୩୫ ବୟସର ଅଣ-ସାକ୍ଷର ବ୍ୟକ୍ତିଙ୍କୁ ସାକ୍ଷର କରିବା ଓ ସମଗ୍ର ରାଜ୍ୟ ତଥା ଦେଶକୁ ସମ୍ପୂର୍ଣ୍ଣ ସାକ୍ଷର ରାଜ୍ୟ ତଥା ଦେଶ ଭାବେ ପରିଚିତ କରିବା ଏହି ଯୋଜନାର ଲକ୍ଷ୍ୟ ରହିଛି। ଏହି ପରିପ୍ରେକ୍ଷୀରେ ପଦ୍ମପୁର ବ୍ଲକ ଅଧୀନ ଖୁଜେନ ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷୟିତ୍ରୀ ସାବିତ୍ରୀ ଧରୁଆଙ୍କ ନେତୃତ୍ୱରେ ଅଣ ସାକ୍ଷରଙ୍କୁ ପୁସ୍ତକ ବଣ୍ଟନ କରାଯାଇଛି। ପ୍ରଧାନଶିକ୍ଷକ ମାଧବ ବରିହା ସହଯୋଗ କରିଥିଲେ।

**ସୁପ୍ରିୟା ସ୍ମାରକୀ ଜିଲ୍ଲା ଆନ୍ତଃ କ୍ଲବ୍ ନକଆଉଟ୍ ଫୁଟବଲ ପ୍ରତିଯୋଗିତା**

## ୪ର୍ଥ କ୍ୱାର୍ଟର ଫାଇନାଲ: ୟୁନାଇଟେଡ ସ୍ପୋର୍ଟସ୍ କ୍ଲବ୍ ସେମିରେ

ବରଗଡ଼, ୧୪।୧୦(ସମିସ)



ବରଗଡ଼ ଜିଲ୍ଲା କ୍ରୀଡ଼ା ସଂସଦ ଆନୁକୂଲ୍ୟରେ ସ୍ଥାନୀୟ ଲେଙ୍ଗୁ ମିଶ୍ର ମିନି ଷ୍ଟାଡିୟମରେ ଚାଲିଥିବା ସୁପ୍ରିୟା ସ୍ମାରକୀ ଜିଲ୍ଲା ଆନ୍ତଃ କ୍ଲବ୍ ନକଆଉଟ୍ ଫୁଟବଲ ପ୍ରତିଯୋଗିତାର ମଙ୍ଗଳବାର ଚତୁର୍ଥ କ୍ୱାର୍ଟର ଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହୋଇଛି। ଏଥିରେ ବଳିଟିକ୍ରା ଦଳକୁ ହରାଇ ୟୁନାଇଟେଡ ସ୍ପୋର୍ଟସ୍ କ୍ଲବ୍ ଦଳ ପ୍ରତିଯୋଗିତାର ଚତୁର୍ଥ ଦଳ ଭାବେ ସେମି ଫାଇନାଲରେ ପ୍ରବେଶ କରିଛି। ଆଜିର ମ୍ୟାଚ୍‌ରେ ବରଗଡ଼ ୟୁନାଇଟେଡ ସ୍ପୋର୍ଟସ କ୍ଲବ୍ ଦଳ ଆକ୍ରମଣାତ୍ମକ ଖେଳ ଖେଳି ମ୍ୟାଚ୍‌କୁ ୪-୨ ଗୋଲରେ ଜିତି ନେଇଥିଲା। ଦଳ ପକ୍ଷରୁ ଜିତେନ୍ଦ୍ର ମେହେର ୨ଟି ଓ ଜନସନ୍ ବାନ୍ଦ୍ରା ୨ଟି ଲେଖାଏଁ ଗୋଲ ଦେଇଥିଲେ। ପ୍ରତିପକ୍ଷ ବଳିଟିକ୍ରା ଦଳ ପକ୍ଷରୁ ବୁଲୁ ସାହୁ ଓ ଉଦୟ ଷଣ୍ଢ ଗୋଟିଏ ଲେଖାଏଁ ଗୋଲ ଦେଇଥିଲେ। ଆଜିର ଖେଳକୁ ଅନିଲ ବାଗ ପରିଚାଳନା କରିଥିବା ବେଳେ ତାଙ୍କୁ ଲାଇନରେ ଅଶ୍ୱିନୀ ମେହେର, ଦୀପେଶ ପ୍ରଧାନ ସହଯୋଗ କରିଥିଲେ। ଚତୁର୍ଥ ରେଫରୀ ଥିଲେ ବଣ୍ଟି ପ୍ରଧାନ। ସଚ୍ଚିଦାନନ୍ଦ ପଣ୍ଡା ମ୍ୟାଚ୍ କମିଶନର ଅଛନ୍ତି। ମ୍ୟାଚ୍ ପରେ ୟୁନାଇଟେଡ ସ୍ପୋର୍ଟସ କ୍ଲବ୍ ଦଳର ଜିତେନ୍ଦ୍ର ମେହେରଙ୍କୁ ହେମନ୍ତ ଭୋଇ ଓ ସଚ୍ଚିଦାନନ୍ଦ ପଣ୍ଡା ପ୍ରମୁଖ ଅତିଥି ଭାବେ ଯୋଗଦେଇ ପୁରସ୍କୃତ କରିଥିଲେ। ବୁଧବାର ପ୍ରଥମ ସେମି ଫାଇନାଲରେ ଗର୍ଭନା ଦଳକୁ ବରାହଗୋଡା ଦଳ ଭେଟିବ।

## ଜାତୀୟସ୍ତରରେ ଅଞ୍ଚଳ ମହାବିଦ୍ୟାଳୟର ୨ ଛାତ୍ରୀଙ୍କ ସଫଳତା





ବରଗଡ଼, ୧୪।୧୦(ସମିସ): ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ମଙ୍ଗଳବାର ୧୮ତମ ବରିଷ୍ଠ ଜାତୀୟ ଗେଟବଲ୍ ଚାମ୍ପିଅନସିପ୍ ଅନୁଷ୍ଠିତ ହୋଇଛି। ଏଥିରେ ବରଗଡ଼ ଅଞ୍ଚଳ ମହାବିଦ୍ୟାଳୟ ସ୍ନାତକ ଶିକ୍ଷା ବିଭାଗର ପ୍ରଥମ ପର୍ଯ୍ୟାୟର ଛାତ୍ରୀ ନମ୍ରତା କର୍ଣ୍ଣାଲ୍ ଓଡ଼ିଶା ମହିଳା ଗ୍ରୁପ୍ ଇଭେଣ୍ଟରେ ସ୍ୱର୍ଣ୍ଣ ପଦକ ଓ ଡବଲ୍ ଇଭେଣ୍ଟରେ ବ୍ୟକ୍ତଗତ ରୌପ୍ୟ ପଦକ ହାସଲ କରିଛନ୍ତି। ସେହିପରି ଭୋପାଳ, ମଧ୍ୟପ୍ରଦେଶ ଦ୍ୱାରା ୩୪ତମ ସର୍ବଭାରତୀୟ ଜିଭି ମାଭାଲାଙ୍କର୍ ସୁଟିଂ ଚାମ୍ପିଅନସିପ୍ (ରାଇଫଲ୍) ଆୟୋଜିତ ହୋଇଥିଲା। ଏଥିରେ ଏନ୍‌ଆର୍ ଇଭେଣ୍ଟର ସ୍ମଲ୍ ବୋର୍ ସ୍ପୋର୍ଟ ରାଇଫଲ୍ ପ୍ରୋନ୍ (ଆର୍) ଚାମ୍ପିଅନସିପ୍ ୫୦ ମିଟର କନିଷ୍ଠ ମହିଳା ବ୍ୟକ୍ତିଗତ ପ୍ରତିଯୋଗିତାରେ ମହାବିଦ୍ୟାଳୟର ଜାତୀୟ ସମର ଶିକ୍ଷାର୍ଥୀ ବାହିନୀର କ୍ୟାଡେଟ୍ ତଥା ସ୍ନାତକ ଇତିହାସ ବିଭାଗର ଅନ୍ତିମ ବର୍ଷର ଛାତ୍ରୀ ରଶ୍ମି ବାଗ ସର୍ବଭାରତୀୟ ସ୍ତରରେ ଦ୍ୱିତୀୟ ସ୍ଥାନ ସହ ରୌପ୍ୟ ପଦକ ଜିତିଛନ୍ତି। ମହାବିଦ୍ୟାଳୟ ତଥା ଅଞ୍ଚଳ ପାଇଁ ଗର୍ବ ଓ ଗୌରବ ଆଣିଦେଇଥିବା ସହ ଅଞ୍ଚଳ ମହାବିଦ୍ୟାଳୟକୁ ସର୍ବଭାରତୀୟ ସ୍ତରରେ ପରିଚିତ କରାଇଥିବାହେତୁ ଅଧ୍ୟକ୍ଷ ପ୍ରଫେସର ଖଗେଶ୍ୱର ଦାଶ, କ୍ରୀଡା ସଂସଦର ଉପସଭାପତି ଅଧ୍ୟାପକ ଷଡାନନ ଭୋଇ, ଖେଳ ଶିକ୍ଷକ ସଦାନନ୍ଦ ସାହୁ, ସମସ୍ତ ପ୍ରାଧ୍ୟାପକ ପ୍ରାଧ୍ୟାପିକା, ଅଧ୍ୟାପକ ଅଧ୍ୟାପିକା ତଥା ଅଣଶିକ୍ଷକ କର୍ମଚାରୀଗଣ ଖୁସି ବ୍ୟକ୍ତକରି ଉଭୟ ଛାତ୍ରୀଙ୍କୁ ସମ୍ବର୍ଦ୍ଧନା ଜଣାଇଥିଲେ।

## ଜିଲ୍ଲାସ୍ତରୀୟ ପୋଷଣ ମାସ ପାଳିତ



ଦେବଗଡ଼,୧୪।୧୦(ସମିସ): ଜିଲ୍ଲା ସମାଜ ମଙ୍ଗଳ ବିଭାଗ ପକ୍ଷରୁ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଓଡ଼ିଶା ସରକାରଙ୍କ ନିର୍ଦ୍ଦେଶ ଅନୁଯାୟୀ ପୋଷଣ ମାସ ସେପ୍ଟେମ୍ବର ୧୭ରୁ ଅକ୍ଟୋବର ୧୬ ପର୍ଯ୍ୟନ୍ତ ପାଳନ କରାଯାଉଛି। ଏହି କ୍ରମରେ ଆଜି ଜିଲ୍ଲା ସ୍ତରୀୟ ପୋଷଣ ମାସ ପାଳନ ଅବସରରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀଣୀ ସୁରତୀ ପ୍ରଧାନଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ରେବେକା ବିଲୁଙ୍ଗ, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜନସ୍ୱାସ୍ଥ୍ୟ ଅଧିକାରୀ ବଂଶୀଧର ପାତ୍ର, ଆସିଷ୍ଟାଣ୍ଟ ମ୍ୟାନେଜର ଆର୍‌ବିଏସ୍‌କେ ମୁକେଶ ଭୋଇ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ମନୋରଞ୍ଜନ ସୂତାର କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଏହି ଅବସରରେ ଶିଶୁଙ୍କୁ ପୁଷ୍ଟିକର ତଥା ପୋଷଣ ଯୁକ୍ତ ଖାଦ୍ୟ ଯୋଗାଇଦେବା, ଶିଶୁର ଜନ୍ମଠାରୁ ଏକ ହଜାର ଦିନର ଗୁରୁତ୍ୱ, ପଞ୍ଜୀକୃତ ହିତାଧିକାରୀ ପଞ୍ଜୀକୃତଙ୍କୁ ପୋଷଣ ଟ୍ରାକରେ ସାମିଲ କରିବା, ଶିଶୁଙ୍କ ବିକାଶ ପାଇଁ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଯୋଜନାକୁ ଲୋକାଭିମୁଖୀ କରିବା ଏବଂ ଶିଶୁକୁ କିପରି ସୁସ୍ଥ ଜୀବନ ଶୈଳୀ ଦିଆଯାଇପାରିବ ତାହା ଉପରେ ଆଲୋକପାତ କରିଥିଲେ। ପୋଷଣ ବିଷୟ ବସ୍ତୁକୁ ନେଇ ପୂର୍ବରୁ ଆୟୋଜିତ ହୋଇଥିବା ଉଚ୍ଚ ବିଦ୍ୟାଳୟ ଓ ମହାବିଦ୍ୟାଳୟ ସ୍ତରରେ ଚିତ୍ରାଙ୍କନ, ଜଣା ଅଜଣା, ଓଡ଼ିଆ ପ୍ରବନ୍ଧ ଓ ବକ୍ତୃତା ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀ ମାନଙ୍କୁ ମାନପତ୍ର ଓ ଟ୍ରଫି ପ୍ରଦାନ ପୂର୍ବକ ପୁରସ୍କୃତ କରାଯାଇଥିଲା। ଏହି ଅବସରରେ ତିନି ବ୍ଲକ୍‌ର ପୁରୁଷ ଯତ୍ନ ପ୍ରଦାନକାରୀ ବାରକୋଟ ବ୍ଲକ୍‌ର ଭେସେଜ୍ ଧଳ, ତିଳେଇବଣି ବ୍ଲକ୍‌ର ଜୟ ଧାଙ୍ଗର, ରିଆମାଳ ବ୍ଲକ୍‌ର ଦୂର୍ବାଦଳ ପ୍ରଧାନଙ୍କୁ ମାନପତ୍ର ଦେଇ ପୁରସ୍କୃତ କରାଯାଇଥିଲା। ସେହିପରି ବିଭିନ୍ନ ପ୍ରକାର ପୋଷଣ ଖାଦ୍ୟର ପ୍ରଦର୍ଶନୀ ଷ୍ଟଲ ଖୋଲାଯାଇଥିଲା। ବୈଠକରେ ଆଶା, ଏସଏଚଜି, ବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ, ଡିପିସି ମମତା ସମସ୍ତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ଓ ସୁପରଭାଇଜର ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକୁ ପୋଷଣ ଜିଲ୍ଲା ସଂଯୋଜକ ମନୋଜ ଆଚାର୍ଯ୍ୟ ସଂଯୋଜନା କରିଥିଲେ।

## ବ୍ରଜରାଜନଗର ମହାବିଦ୍ୟାଳୟ ଇତିହାସ ବିଭାଗର ଆଲୋଚନାଚକ୍ର

ଝାରସୁଗୁଡ଼ା,୧୪।୧୦(ସମିସ): ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜ ନଗର ମହାବିଦ୍ୟାଳୟର ଇତିହାସ ବିଭାଗ ଆନୁକୂଲ୍ୟରେ ମଙ୍ଗଳବାର ବିଭାଗ ମୁଖ୍ୟ ଡ.ଋତୁପର୍ଣ୍ଣା ମହାନ୍ତିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ 'ଫରାସୀ ରାଷ୍ଟ୍ର ବିପ୍ଳବ ଏକ ଯୁଗାନ୍ତକାରୀ ଘାଟଣା' ବିଷୟରେ ଆଲୋଚନାଚକ୍ର ମହାବିଦ୍ୟାଳୟର ପ୍ରେକ୍ଷାଳୟରେ ଆୟୋଜିତ ହୋଇଛି। ଆଲୋଚନାଚକ୍ରରେ ଅଧ୍ୟକ୍ଷ ବିଜୟ ସାହୁ ମୁଖ୍ୟ ଅତିଥି ଓ ସୁରଜ ମଲ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ସୁଜିତ୍ ସେନ୍ ମୁଖ୍ୟ ବକ୍ତା ରୂପେ ଯୋଗ ଦେଇ ଫରାସୀ ରାଷ୍ଟ୍ର ବିପ୍ଳବକୁ କାଳଜୟୀ ବୈଶ୍ୱିକ ଘଟଣା ବୋଲି ଅଭିହିତ କରିଥିଲେ। ବିଭାଗ ମୁଖ୍ୟା ଡ.ଋତୁପର୍ଣ୍ଣା ମହାନ୍ତି ଅତିଥି ପରିଚୟ ପ୍ରଦାନ ପୂର୍ବକ ସ୍ୱାଗତ ଅଭିଭାଷଣ ରଖିଥିଲେ। ଆଲୋଚନାଚକ୍ରରେ ୫ ଜଣ ଛାତ୍ରୀ ଭାରତୀ ହାତୀ, ପୂଜା ଠାକୁର, ସ୍ନେହା, ସୋନିଆ ଗିରି ଏବଂ ବନ୍ଦନା ଯାଦବ ପ୍ରବନ୍ଧ ପାଠ କରିଥିଲେ। କାର୍ଯ୍ୟକ୍ରମକୁ ଅଧ୍ୟାପିକା ସଙ୍ଗୀତା ସାହୁ ସଂଯୋଜନା କରିଥିବା ବେଳେ ଅଧ୍ୟାପକ ସୁମିତ ତିର୍କି ଫରାସୀ ରାଷ୍ଟ୍ର ବିପ୍ଳବ ଉପରେ ଆଲୋକପାତ କରିଥିଲେ। ମହାବିଦ୍ୟାଳୟର ଅଧ୍ୟାପକ ବିକ୍ରମ ପ୍ରଧାନ, ଶ୍ରୀକର ଭୋଇ, ଶିବା ତ୍ରିବେଦୀ, ସୌମ୍ୟରଞ୍ଜନ ସାହୁ, ଅଧ୍ୟାପିକା ଲଳିତା ପ୍ରଧାନ, ପଦ୍ମାବତୀ ମହାପାତ୍ର, ଡ.ପୁଷ୍ପାଞ୍ଜଳି ସାହୁ, ସସ୍ମିତା ତ୍ରିପାଠୀ, କବିତା ସାହୁ, ପ୍ରକାଶ ଚନ୍ଦ୍ର ପଟ୍ଟନାୟକ ପ୍ରମୁଖ ଯୋଗ ଦେଇଥିଲେ। ଅଣଶୈକ୍ଷିକ କର୍ମଚାରୀ ମଞ୍ଜୁ ଦୋରା ଓ ସୁବ୍ରତ ଭୋଇ କାର୍ଯ୍ୟକ୍ରମକୁ ସହଯୋଗ କରିଥିଲେ। ଯୁକ୍ତ ତିନି ପ୍ରଥମ ବର୍ଷ ଇତିହାସ ବିଭାଗର ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ସ୍ୱାଗତ ଉତ୍ସବ ପାଳନ କରାଯାଇଥିଲା।

# ଲକ୍ଷାଧିକ ଟଙ୍କାର ଟାୟାର ଚୋରି, ୪ ଆନ୍ତଃଜିଲ୍ଲା ଲୁଟେରା ଗିରଫ

ଝାରସୁଗୁଡ଼ା,୧୪।୧୦(ସମିସ)



ଝାରସୁଗୁଡ଼ା ଜିଲ୍ଲା ବଡମାଳ ଥାନା ଅଧୀନ ବଡ଼ମାଳ ସ୍ଥିତ ମୁଦ୍ରା ଟାୟାର ଦୋକାନରୁ ଲକ୍ଷାଧିକ ଟଙ୍କାର ଟାୟାର ଓ ଅନ୍ୟାନ୍ୟ ସାମଗ୍ରୀ ଚୋରି ଘଟଣାରେ ୪ ଜଣ ଆନ୍ତଃ ଜିଲ୍ଲା ଲୁଟେରାଙ୍କୁ ଝାରସୁଗୁଡ଼ା ପୁଲିସ ଗିରଫ କରିଛି। ଏନେଇ ମଙ୍ଗଳବାର ଝାରସୁଗୁଡ଼ା ଆରକ୍ଷୀ ଅଧିକ୍ଷକ ଗୁଣ୍ଡାଲା ରେଡ୍ଡୀ ରାଘବେନ୍ଦ୍ର ସାମ୍ବାଦିକ ସମ୍ମିଳନୀରେ ଗଣମାଧ୍ୟମ ପ୍ରତିନିଧିଙ୍କୁ ସୂଚନା ଦେଇଛନ୍ତି। ଗତ ଅକ୍ଟୋବର ୮ ବିଳମ୍ବିତ ରାତ୍ରିରେ ବଡମାଳ ବିଜୁ ଏକ୍ସପ୍ରେସ ୱେରେ ଥିବା ମୁଦ୍ରା ଟାୟାର ଦୋକାନରୁ ଲକ୍ଷାଧିକ ଟଙ୍କାର ଟାୟାର ଚୋରି ହୋଇଥିଲା। ଦୋକାନ ମାଲିକ ନୀଲେଶ ମୁଦ୍ରା ବଡମାଳ ଥାନାରେ ଅକ୍ଟୋବର ୯ରେ ଏତଲା ଦେଇଥିଲେ। ଅଭିଯୋଗକୁ ଭିତ୍ତିକରି ଝାରସୁଗୁଡ଼ା ଏସ୍‌ପିଙ୍କ ତତ୍ତ୍ୱାବଧାନରେ ଟିମ ଗଠନ କରାଯାଇ ତଦନ୍ତ କରାଯାଇଥିଲା। ତଦନ୍ତରେ ଝାରସୁଗୁଡ଼ା ପୁଲିସ ଅପରାଧୀ ମାନଙ୍କୁ ଅନୁଗୋଳରେ ଠାବ କରି ୪ ଜଣ ଅଭିଯୁକ୍ତଙ୍କୁ ଗିରଫ କରିବାରେ ସକ୍ଷମ ହୋଇଛି। ଗିରଫ ଅଭିଯୁକ୍ତ ମାନେ ହେଲେ ଅନୁଗୁଳ ଜିଲ୍ଲା ବନାରପାଳ ଥାନାର ଗଣେଶ କେତନ ସାହୁ (୩୭), ବିହାର ମୁଜାଫରପୁର ଜିଲ୍ଲା କାନ୍ତି ଥାନାର ଏମଡି ୱାସିମ (୨୯), ବିହାର ସମସ୍ତିପୁର ଜିଲ୍ଲାର ସାପୁର ଥାନାର ଚାନ ଅଲ୍ଲୀ (୪୨), ବିହାର ବାଉଳି ଜିଲ୍ଲାର ପାତିପୁର ଥାନାର ଏମ୍‌ଡି ରସିଦ (୪୩) ବୋଲି ସୂଚନା ଦିଆଯାଇଛି।



ଏସପିଙ୍କ ସୂଚନା ମୁତାବକ ଅପରାଧୀ ମାନେ ପୂର୍ବ ଯୋଜନା ଅନୁଯାୟୀ ଅକ୍ଟୋବର ୬ ଓ ୭ ତାରିଖରେ ଏକ ବୋଲେରୋ ପିକଅପ ଏବଂ ଅଶୋକ ଲେଲ୍ୟାଣ୍ଡ ଟ୍ରକରେ ଝାରସୁଗୁଡ଼ା ପହଞ୍ଚି ଚୋରି କରିବା ସ୍ଥାନ ପରିଦର୍ଶନ କରିଥିଲେ। ଯୋଜନା ଅନୁସାରେ ଅକ୍ଟୋବର ୮ ତାରିଖ ବିଳମ୍ବିତ ରାତ୍ରିରେ ବଡମାଳ ବିଜୁ ଏକ୍ସପ୍ରେସ ୱେ ନିକଟରେ ଥିବା ମୁଦ୍ରା ଟାୟାର ଦୋକାନର ପଛ ପଟ ଝରକାକୁ ତାଡି ବିଭିନ୍ନ କମ୍ପାନୀର ଟାୟାର ଓ ବ୍ୟାଟେରୀ ପିକଅପ ସହାୟତାରେ ନେଇ କିଛି ଦୂରରେ ଥିବା ଟ୍ରକରେ ଲୋଡିଂ କରି ଫେରାର ମାରିଥିଲେ। ଅଭିଯୁକ୍ତ ମାନଙ୍କୁ ଝାରସୁଗୁଡ଼ା ପୁଲିସ ଅନୁଗୁଳ ଠାରେ ଗିରଫ କରିଥିଲା। ଝାରସୁଗୁଡ଼ା ପୁଲିସ ମାମଲା ରୁଜୁ କରି ୪ ଜଣ ଅଭିଯୁକ୍ତଙ୍କୁ ମଙ୍ଗଳବାର କୋର୍ଟଚାଲାଣ କରିଛି। ଅଭିଯୁକ୍ତଙ୍କ ଠାରୁ ୫୬ଟି ନୂଆ ଟାୟାର, ୨୫ଟି ପୁରୁଣା ଟାୟାର, ୨ଟି ବ୍ୟାଟେରୀ, ଏକ ଅଶୋକ ଲେଲ୍ୟାଣ୍ଡ ଟ୍ରକ, ଏକ ବୋଲେରୋ ପିକଅପ, ୪ଟି ମୋବାଇଲ ଫୋନ ଜବତ କରାଯାଇଥିବା ଏସପି ସୂଚନା ଦେଇଛନ୍ତି।

## ଦେବଗଡ଼ରେ 'ଆସ ସ୍କୁଲ ଯିବା' ପଦଯାତ୍ରା




ଦେବଗଡ଼,୧୪।୧୦(ସମିସ): ବିଦ୍ୟାଳୟ ଓ ଗଣ ଶିକ୍ଷା ବିଭାଗ ଓ ସମଗ୍ର ଶିକ୍ଷା ଦେବଗଡ଼ ପକ୍ଷରୁ ଛାତ୍ରଛାତ୍ରୀଙ୍କୁ ନେଇ ଆସ ସ୍କୁଲ ଯିବା ଓ ଶିକ୍ଷା ସଚେତନତା ପଦଯାତ୍ରା ସ୍ଥାନୀୟ ସରକାରୀ ବାଳକ ପ୍ରାଥମିକ ବିଦ୍ୟାଳୟ ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ଗେନ୍ଦ୍ରା କୁଜୁର ଏହାର ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଜିଲ୍ଲାପାଳ କବିନ୍ଦ୍ର ସାହୁ, ବରେଣ୍ୟ ଅତିଥି ଭାରପ୍ରାପ୍ତ ପୌରପରିଷଦ ଅଧ୍ୟକ୍ଷ ପ୍ରଜିତ ଭୋଜ୍ ଓ ଅତିରିକ୍ତ ଶିକ୍ଷା ଅଧିକାରୀ ଶକୁନ୍ତଳା ଟେଟେ ପ୍ରମୁଖ ପଦଯାତ୍ରାକୁ ପତକା ଦେଖାଇ ଶୁଭାରମ୍ଭ କରିଥିଲେ। ଶିକ୍ଷା ଅଧିକାର ଆଇନ ୨୦୦୯ ଅନୁଯାୟୀ ପ୍ରତ୍ୟେକ ପିଲାଙ୍କର ବିଦ୍ୟାଳୟରେ ପାଠ ପଢ଼ିବାର ଅଧିକାର ଅଛି। ଅଧାରୁ ପାଠ ଛାଡିଥିବା, ଆଦୌ ନାମ ଲେଖାଇ ନ ଥିବା ଏବଂ ବିଦ୍ୟାଳୟ ବାହାରେ ଥିବା ପିଲାମାନଙ୍କୁ ଶିକ୍ଷାର ମୁଖ୍ୟ ସ୍ରୋତରେ ସାମିଲ୍ କରିବା ପାଇଁ ରାଜ୍ୟ ବ୍ୟାପୀ ଅଭିଯାନ କ୍ରମରେ ଏହାର ଆୟୋଜନ କରାଯାଇଛି।

ରାଜ୍ୟ ସରକାରଙ୍କ ବିକଶିତ ଭାରତ ଓ ବିକଶିତ ଓଡ଼ିଶା ଗଠନ ଦିଗରେ ବିଦ୍ୟାଳୟର ଶିକ୍ଷାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଜନ୍ମରୁ ୧୮ ବର୍ଷ ବୟସର ସମସ୍ତ ପିଲାଙ୍କର ଘର ଘର ବୁଲି ଏକ ସର୍ବେକ୍ଷଣ କରାଯାଇଛି। ସମଗ୍ର ଶିକ୍ଷା ଯୋଜନା ଓ ଶୈକ୍ଷିକ ତତ୍ତ୍ୱ ସଂଯୋଜକ ତପନ ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପଦଯାତ୍ରାରେ ଜିଲ୍ଲାର ସମସ୍ତ ସିଆରସିସି, ବିଦ୍ୟାଳୟର ଛାତ୍ରଛାତ୍ରୀ, ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ମନୋରଞ୍ଜନ ସୂତାର ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ସୁଗୁଡା ସିଆରସିସି ପ୍ରାଣବନ୍ଧୁ ଘଡେଇ ସଂଯୋଜନା କରିଥିଲେ।

## ହକି ଷ୍ଟାଡିୟମର ଟର୍ଫ କାର୍ଯ୍ୟ ଆରମ୍ଭ

ଝାରସୁଗୁଡ଼ା,୧୪।୧୦(ସମିସ): ଝାରସୁଗୁଡ଼ା ହକି ଷ୍ଟାଡିୟମ ଭିତ୍ତିଭୂମିର ବିକାଶ ପାଇଁ ରାଜ୍ୟ ସରକାର, ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ହକି ଆସୋସିଏସନର ଉଦ୍ୟମ କ୍ରମେ ଝାରସୁଗୁଡ଼ା ହଂସାମୁରା କଟାପାଲି ସ୍ଥିତ ହକି ଷ୍ଟାଡିୟମରେ ବହୁ ପ୍ରତୀକ୍ଷିତ ଟର୍ଫ କାମ ଆରମ୍ଭ ହୋଇଛି। ୨୦୨୩ରେ ଡିଏମଏଫ୍ ବୈଠକରେ ପୂର୍ବତନ ସାଂସଦ ସୁରେଶ ପୂଜାରୀ ଓ ଝାରସୁଗୁଡ଼ାର ପୂର୍ବତନ ବିଧାୟକ ସ୍ୱର୍ଗତ ନବକିଶୋର ଦାସଙ୍କ ଦ୍ୱାରା ହକି ପଡିଆ ନିର୍ମାଣ ପାଇଁ ୧୦ କୋଟି ଟଙ୍କା ଅନୁମୋଦନ କରାଯାଇ ଥିଲା। ତତ୍କାଳୀନ ଜିଲ୍ଲାପାଳ ସରୋଜ ସାମାଲ ହକି ପଡିଆର କାର୍ଯ୍ୟ ଆରମ୍ଭ କରିଥିଲେ। ପରେ ୨୦୨୫ ମସିହାରେ ପୂର୍ବତନ ଜିଲ୍ଲାପାଳ ଆବୋଲି ସୁନିଲ ନରୱଣେ ଠିକା କାର୍ଯ୍ୟ ପ୍ରସ୍ତୁତ କରିଥିଲେ। ଜିଲ୍ଲା ଖଣିଜ ପାଣ୍ଠିରୁ ୮ କୋଟି ୫୮ ଲକ୍ଷ ଟଙ୍କାରେ କେବଳ ଟର୍ଫ କାମ କରାଯିବାକୁ ପୂର୍ତ୍ତବିଭାଗ ଦ୍ୱାରା ଟେଣ୍ଡର କରାଯିବା ପରେ ଏକ ସଂସ୍ଥାକୁ ଏହାର ନିର୍ମାଣ ପାଇଁ ଦାୟିତ୍ୱ ପ୍ରଦାନ କରାଯାଇଛି। ଜିଲ୍ଲାରେ ବାଳକ, ବାଳିକାଙ୍କ ମଧ୍ୟରେ ହକି ଖେଳ ପ୍ରତି ଆଗ୍ରହକୁ ଦେଖି ଜିଲ୍ଲାର ୧୫ଟି ସ୍କୁଲକୁ ହକି ଷ୍ଟିକ୍ ଓ ଅନ୍ୟାନ୍ୟ ହକି ସରଞ୍ଜାମ ପ୍ରଦାନ କରାଯାଇଛି। ଲଇକେରା ବ୍ଲକ୍ ଗଞ୍ଜୁଡିହି ଠାରେ ମଧ୍ୟ ଏକ ହକି ଗ୍ରାସ ଷ୍ଟାଡିୟମ ନିର୍ମାଣ ଲାଗି ଶୁଭ ଦିଆଯାଇଛି। ଏବେ ସୁଦ୍ଧା ଜିଲ୍ଲାର ୪୮୦ ଜଣ ହକି ଖେଳାଳି ଜିଲ୍ଲାସ୍ତରୀୟ ହକି ପ୍ରତିଯୋଗିତାରେ ଭାଗ ନେଇ ସାରିଛନ୍ତି। ଜିଲ୍ଲାରୁ ୪୦ଟି ସ୍କୁଲ ଓ କଲେଜରୁ ୬ଟି ବିଭାଗରେ ଜିଲ୍ଲା ସ୍ତରୀୟ ହକି ପ୍ରତିଯୋଗିତାରେ ଭାଗ ନେଉଛନ୍ତି। ଜିଲ୍ଲାରେ ସ୍ଥାୟୀ ହକି ପ୍ରଶିକ୍ଷକ ନିଯୁକ୍ତି କରାଯିବା ପାଇଁ ଦାବି ହେଉଥିବା ବେଳେ ଏ ଦିଗରେ ଏଯାଏଁ କୌଣସି ଶିଳ୍ପ ସଂସ୍ଥା ଆଗେଇ ଆସି ନାହାନ୍ତି। ପୂର୍ବତନ ଜିଲ୍ଲାପାଳ ସରୋଜ ସାମଲଙ୍କ ଚେଷ୍ଟାରେ ଓ ହକି ଆସୋସିଏସନ ଉଦ୍ୟମରେ ତିନି ଜଣ ଦକ୍ଷ ପ୍ରଶିକ୍ଷକଙ୍କୁ ଅସ୍ଥାୟୀ ନିଯୁକ୍ତି କରାଯାଇଥିବା ଜଣାପଡିଛି। କିର୍ମିରା ବ୍ଲକ୍‌ରେ ମଧ୍ୟ ଟର୍ଫ ହକି ପଡିଆ ନିର୍ମାଣ ଲାଗି ଦାବି କରାଯାଇଛି। ଖେଲୋ ଇଣ୍ଡିଆର ଝାରସୁଗୁଡ଼ା ଠାରେ ଏକ ହକି କେନ୍ଦ୍ର ପ୍ରତିଷ୍ଠା ଲାଗି ବର୍ତ୍ତମାନର ଜିଲ୍ଲାପାଳ କୁଣାଲ ମୋତିରାମ ଚହ୍ୱାଣଙ୍କର ଉଦ୍ୟମ ଆରମ୍ଭ ହୋଇଛି।



## ନୂଆ ବସଷ୍ଟାଣ୍ଡ କାର୍ଯ୍ୟକ୍ଷମ ପାଇଁ ସମୀକ୍ଷା

ଦେବଗଡ଼,୧୪।୧୦(ସମିସ): ଦେବଗଡ଼ ବାଲିରୋଇ ଠାରେ ନିର୍ମାଣ ହୋଇଥିବା ନୂତନ ବସଷ୍ଟାଣ୍ଡ କାର୍ଯ୍ୟକ୍ଷମ ପାଇଁ ସମୀକ୍ଷା ବୈଠକ ଜିଲ୍ଲାପାଳଙ୍କ ବିକାଶ ଭବନ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ କବିନ୍ଦ୍ର ସାହୁଙ୍କ ଆଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବସ୍ ଟର୍ମିନାଲରୁ ଏନଏଚ ୪୯କୁ ବସ ଚଳାଚଳ କରିବା ସହିତ ସଡକ ସୁରକ୍ଷାକୁ ଦୃଷ୍ଟିରେ ରଖି ଟ୍ରାଫିକ ନିୟନ୍ତ୍ରଣ, ପୁଲିସ୍ କର୍ମଚାରୀଙ୍କ ଦ୍ୱାରା ଟ୍ରାଫିକ ବ୍ୟବସ୍ଥା, ଷ୍ଟ୍ରିଟ ଲାଇଟ୍ ସ୍ଥାପନ, ସିଗନାଲ୍ ସ୍ଥାପନ, ଟ୍ରାଫିକ ସାଇନେଜ୍ ସ୍ଥାପନ, ଜନସାଧାରଣଙ୍କ ପରିବହନ ପାଇଁ ଅଟୋ ଚଳାଚଳ, ଦୋକାନ ଗୃହ, ପାନୀୟ ଜଳ ସୁବିଧା ଓ ବସ୍‌ଷ୍ଟାଣ୍ଡକୁ ପରିଷ୍କାର ପରିଚ୍ଛନ୍ନ ରଖିବା ସମ୍ପର୍କରେ ଆଲୋଚନା କରାଯାଇଥିଲା। ବୈଠକରେ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଧିରଜ ଚୋପଦାର, ଭାରପ୍ରାପ୍ତ ପୌରପରିଷଦ ଅଧ୍ୟକ୍ଷ ପ୍ରଜିତ ଭୋଜ, ଆଞ୍ଚଳିକ ପରିବହନ ଅଧିକାରୀ କେଶବ ଚନ୍ଦ୍ର ନାଏକ, ଘରୋଇ ବସ ମାଲିକ ସଂଘ ସଭାପତି ରାଜକିଶୋର ଦାସ ଓ ସମ୍ପାଦକ ପୂର୍ଣ୍ଣାନନ୍ଦ ପାଣି, ଘରୋଇ ବସ୍ ସଦସ୍ୟ ସୁବାସ ପୃଷ୍ଟି, ରାସ୍ତା ଓ ଗୃହ ବିଭାଗ ଅଧିକ୍ଷଣ ଯନ୍ତ୍ରୀ ଅଭିଷେକ ଓଝା, ଟିପିଡବ୍ଲ୍ୟୁଓଡିଏଲ ଅଧିକ୍ଷଣ ଯନ୍ତ୍ରୀ ରାଜୁ ସାହା, ପୌରପରିଷଦ ନିର୍ବାହୀ ଅଧିକାରୀ କୃପାସିନ୍ଧୁ ସ୍ୱାଇଁ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ମନୋରଞ୍ଜନ ସୂତାର ଓ ବିଭିନ୍ନ ବିଭାଗୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ।

## ଜିଲ୍ଲାସ୍ତରୀୟ ଏକାଙ୍କିକା ନାଟକ ପ୍ରତିଯୋଗିତା




ଦେବଗଡ,୧୪।୧୦(ସମିସ): ଜିଲ୍ଲା ଶିକ୍ଷା ବିଭାଗ ଆନୁକୂଲ୍ୟରେ ମଙ୍ଗଳବାର ସ୍ଥାନୀୟ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଦେବଗଡ଼ ପରିସରରେ ଜିଲ୍ଲା ସ୍ତରୀୟ ଏକାଙ୍କିକା ନାଟକ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ବିଜ୍ଞାନ ନିରୀକ୍ଷିକା ଇପ୍ସିତା ପଟ୍ଟନାୟକଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଜିଲ୍ଲା ଶିକ୍ଷା ଅଧିକାରୀ ଗେନ୍ଦ୍ରା କୁଜୁର କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାବେ ସ୍ଥାନୀୟ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ମହିମା ହେମ୍ବ୍ରମ ମଞ୍ଚାସୀନ ଥିଲେ। ପ୍ରତିଯୋଗିତାରେ ୩ଟି ବ୍ଲକ୍ ଚୟନ ହୋଇ ଆସିଥିବାରୁ ମୋଟ ୧୨ଟି ଉଚ୍ଚ ବିଦ୍ୟାଳୟ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ବିଚାରକ ଭାବେ ଦେବଗଡ଼ ମହିଳା ମହାବିଦ୍ୟାଳୟ ଅଧ୍ୟାପକ ଚିତ୍ତରଞ୍ଜନ ଦାସ, ନାଟ୍ୟ ଅଭିନେତା ପ୍ରଦୀପ ଅମାନ୍ତ, ରାକେଶ ଶତପଥୀ ପ୍ରମୁଖ ଦାୟିତ୍ୱ ବହନ କରିଥିଲେ। ପ୍ରତିଯୋଗିତାରେ ରାଜବାସୁଦେବ ଉଚ୍ଚ ବିଦ୍ୟାଳୟ ଛାତ୍ର ମାନଙ୍କ ଦ୍ୱାରା ପ୍ରସ୍ତୁତ ଏକାଙ୍କିକା ନାଟକ ପ୍ରଥମ, ଅପୂର୍ବ ଉଚ୍ଚ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ଦ୍ୱାରା ପ୍ରସ୍ତୁତ ନାଟକ ଦ୍ୱିତୀୟ ଓ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଛାତ୍ରୀ ମାନଙ୍କ ଦ୍ୱାରା ପ୍ରସ୍ତୁତ ନାଟକ ତୃତୀୟ ସ୍ଥାନ ଅଧିକାର କରିଥିଲା। ଉଦ୍‌ଯାପନୀ ଉତ୍ସବରେ ଜିଲ୍ଲା ଇପ୍ସିତା ପଟ୍ଟନାୟକଙ୍କ ସଭାପତିତ୍ୱରେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ସୁଶାନ୍ତ ଘୁଟା, ସ୍ଥାନୀୟ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ମହିମା ହେମ୍ବ୍ରମ ଯୋଗ ଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ କାର୍ଯ୍ୟାଳୟ ସହାୟକ ଗୌର ଚରଣ ସାହୁଙ୍କ ସମେତ ସ୍ଥାନୀୟ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ବେଲପାହାଡ଼ ଫାଟକରୁ ଜବରଦଖଲ ଉଚ୍ଛେଦ



ଝାରସୁଗୁଡ଼ା,୧୪।୧୦(ସମିସ): ଝାରସୁଗୁଡ଼ା ଜିଲ୍ଲା ବେଲପାହାଡ଼ ପୌରପରିଷଦ ବେଲପାହାଡ଼ ଫାଟକ ନିକଟରେ ପୌରପ୍ରଶାସନ ରାସ୍ତାକଡ଼ ଦୋକାନ ଉଚ୍ଛେଦ ଆରମ୍ଭ କରିଛି। ମଙ୍ଗଳବାର ସକାଳୁ ଉଚ୍ଛେଦ ପ୍ରକ୍ରିୟା ଆରମ୍ଭ ହୋଇଥିଲା। ତେବେ ଦୋକାନୀ ଏବଂ ସ୍ଥାନୀୟଲୋକେ ଏହାର ତୀବ୍ର ବିରୋଧ କରିଛନ୍ତି। ଜେସିବି ଲଗାଇ ଜବରଦଖଲ କରି ନିର୍ମାଣ ହୋଇଥିବା ଦୋକାନ ଗୁଡିକୁ ଭଙ୍ଗାଯାଉଛି। ଫଳରେ ଘଟଣାସ୍ଥଳରେ ଚାପା ଉତ୍ତେଜନା ଦେଖାଦେଇଥିଲା। ପ୍ରଥମେ ଭେଣ୍ଡିଂ ଜୋନ ଦେଇ ଦୋକାନୀଙ୍କୁ ଥଇଥାନ କରାଯାଉ ତା'ପରେ ଉଚ୍ଛେଦ କରାଯାଉ ବୋଲି ଦୋକାନୀ ମାନେ ଦାବି କରିଛନ୍ତି। ଏଥିପାଇଁ ସେମାନେ ଦୋକାନ ସମ୍ମୁଖରେ ବସି ପ୍ରତିବାଦ କରି ଦାବି ଜଣାଇଥିଲେ। ଅନ୍ୟପଟେ ପୂର୍ବରୁ ନୋଟିସ ଦିଆଯାଇଥିବା ସତ୍ତ୍ୱେ ଦୋକାନୀ ମାନେ ସ୍ଥାନ ଖାଲି କରି ନଥିଲେ। ସେଥିପାଇଁ ପୂର୍ବ ନିର୍ଦ୍ଧାରିତ ଦିନ ଅନୁସାରେ ଆଜି ଉଚ୍ଛେଦ କରାଯାଉଥିବା ମାଜିଷ୍ଟ୍ରେଟ୍ ଦାୟିତ୍ୱରେ ଥିବା ଅତିରିକ୍ତ ତହସିଲଦାର ଲଖନପୁର ସନ୍ତୋଷ ନାଏକ କହିଛନ୍ତି। ଏହି ଜବରଦଖଲ ଉଚ୍ଛେଦ ସମୟରେ ଲଖନପୁର ଅତିରିକ୍ତ ତହସିଲଦାର, ବେଲପାହାଡ କାର୍ଯ୍ୟନିର୍ବାହୀ ଅଧିକାରୀ, ବ୍ରଜରାଜନଗର ଏସଡିପିଓ, ବେଲପାହାଡ ଥାନା ଅଧିକାରୀ, ପୁଲିସ ଫୋର୍ସ ଉପସ୍ଥିତ ଥିଲେ।



# ପୁରୁଣା ଚିକିତ୍ସାଳୟରେ ୨୪ ଘଣ୍ଟିଆ ସ୍ୱାସ୍ଥ୍ୟସେବା ଦାବି

ଦେବଗଡ଼,୧୪।୧୦(ସମିସ)



ଦେବଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କୋଠା ସ୍ଥାନାନ୍ତର ପରଠାରୁ ଜିଲ୍ଲାରେ ଦେଖା ଦେଇଥିବା ଜନ ଅସନ୍ତୋଷ ଦିନକୁ ଦିନ ବଢ଼ିବାରେ ଲାଗିଛି। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ନୁଆଁବାଲିରୋଇକୁ ସ୍ଥାନାନ୍ତର ପରଠାରୁ ଜନ ସାଧାରଣ ସ୍ୱାସ୍ଥ୍ୟ ସେବା ପାଇଁ ନାନା ଦୁର୍ଦ୍ଦଶାର ସମ୍ମୁଖୀନ ହେଉଛନ୍ତି। ଏନେଇ ଜିଲ୍ଲା ଯୁବ ଏକତା ମଞ୍ଚ ପକ୍ଷରୁ ଗତ କିଛି ମାସ ଠାରୁ ପୁରୁଣା ଚିକିତ୍ସାଳୟ କୋଠାରେ ୨୪ ଘଣ୍ଟିଆ ସ୍ୱାସ୍ଥ୍ୟ ସେବା ଯୋଗାଇବା ନେଇ ଜିଲ୍ଲା ପ୍ରଶାସନ ଠାରୁ ରାଜ୍ୟ ସରକାରଙ୍କ ଠାରେ ଦାବି ହୋଇଆସୁଛି। ମାତ୍ର ରାଜ୍ୟ ସରକାର ଓ ଜିଲ୍ଲା ପ୍ରଶାସନ କେବଳ ଦିନ ଗଡ଼ାଇ ଚାଲିଥିବାରୁ ଜନ ଅସନ୍ତୋଷ ଦିନକୁ ଦିନ ଜନଆନ୍ଦୋଳନ ପାଇଁ ବଳ ଗୋଟାଉଛି। ୨୪ ଘଣ୍ଟିଆ ସ୍ୱାସ୍ଥ୍ୟ ସେବା ଯୋଗାଇବା ଦାବି ନେଇ ଜିଲ୍ଲା ଯୁବ ଏକତା ମଞ୍ଚ ପକ୍ଷରୁ ଦେବଗଡ ବନ୍ଦ ଆନ୍ଦୋଳନ ବେଳେ ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ମାସ ମଧ୍ୟରେ ଏହାର ସମାଧାନ ପାଇଁ ଆନ୍ଦୋଳନକାରୀ ମାନଙ୍କୁ ପ୍ରତିଶ୍ରୁତି ଦେଇ ଆନ୍ଦୋଳକୁ ସ୍ଥଗିତ ରଖିବାରେ ସଫଳ ହୋଇଥିଲେ ମଧ୍ୟ ବାସ୍ତବିକ ଏହା କାର୍ଯ୍ୟକାରୀ ନ ହେବାରୁ ମଞ୍ଚ ପକ୍ଷରୁ ପୁନର୍ବାର ଆନ୍ଦୋଳନ ପାଇଁ ସଜବାଜ ଆରମ୍ଭ ହୋଇଛି। ଏହି କ୍ରମରେ ଆଜି ଅପରାହ୍ଣରେ ଜିଲ୍ଲା ଯୁବ ଏକତା ମଞ୍ଚ ପକ୍ଷରୁ ସୁରଞ୍ଜିତ ମହାପାତ୍ରଙ୍କ ଆବାହକତ୍ୱରେ ସ୍ଥାନୀୟ ଗୋପାଳ ଜୀଉ ମନ୍ଦିର ପ୍ରାଙ୍ଗଣରେ ସାଧାରଣ ସଭା ଅନୁଷ୍ଠିତ ହୋଇଯାଇଛି। ସଭାରେ ବିଭିନ୍ନ ରାଜନୈତିକ ନେତୃ ବୃନ୍ଦ, ସ୍ୱେଚ୍ଛାସେବୀ ଅନୁଷ୍ଠାନର ସଦସ୍ୟ, ବୁଦ୍ଧିଜୀବୀ ଓ ସାଧାରଣ ଜନତା ଯୋଗ ଦେଇଥିଲେ। ଆସନ୍ତାକାଲି ପୂର୍ବାହ୍ନରେ ଏକ ପ୍ରତିବାଦ ଶୋଭାଯାତ୍ରାରେ ସରକାର ଓ ଜିଲ୍ଲା ପ୍ରଶାସନକୁ ପୁଣିଥରେ କିଛି ଦିନର ମହଲତ ଦେବା ସହ ଉପ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଘେରଉ କରି ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ପୁନର୍ବାର ଏକ ଦାବିପତ୍ର ପ୍ରଦାନ ପାଇଁ ନିଷ୍ପତ୍ତି ନିଆଯାଇଥିଲା। ସେହିପରି ମହଲତ ସମୟ ମଧ୍ୟରେ ଦାବି କାର୍ଯ୍ୟକାରୀ ନ ହେଲେ ଆଗାମୀ ଦିନରେ ଚରମ ଆନ୍ଦୋଳନ ପାଇଁ ଜିଲ୍ଲାବାସୀ ପ୍ରସ୍ତୁତ ଥିବା ମଞ୍ଚ ପକ୍ଷରୁ କୁହାଯାଇଛି। ଆଜିର ସଭାରେ କାଉନସିଲର ଧର୍ମେନ୍ଦ୍ର ଦେବତା, ବରିଷ୍ଠ ନାଗରିକ ସଙ୍ଘ ସମ୍ପାଦକ ଗୌରହରି ଷଡଙ୍ଗୀ, ଜିଲ୍ଲା ନାଗରିକ କମିଟି ସମ୍ପାଦକ ସୁଧୀର କପର୍ଦ୍ଦାରଙ୍କ ସମେତ ଜିଲ୍ଲା ଯୁବ ଏକତା ମଞ୍ଚର ସଦସ୍ୟ ଓ ବହୁ ଜନସାଧାରଣ ଉପସ୍ଥିତ ଥିଲେ।

**ଆଜି ଉପ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଘେରିବ ଜିଲ୍ଲା ଯୁବ ଏକତା ମଞ୍ଚ**

## ଯବାନ ଅନିଲ ବିଶିଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା

ଝାରସୁଗୁଡ଼ା,୧୪।୧୦(ସମିସ): ଆସାମ ରାଇଫଲରେ କାର୍ଯ୍ୟରତ କିରିତମାଲ ଗାଁର ଅନଲି ବିଶି ମିଲିଟାରୀ ପ୍ରଶିକ୍ଷଣ ପରେ ଗାଁକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ତାଙ୍କ ଆଗମନରେ ଗ୍ରାମବାସୀ ଭବ୍ୟ ସ୍ୱାଗତ କରିଥିଲେ। ଗାଁର କିଛି ଯୁବକ ତାଙ୍କୁ ଗାଁକୁ ଆଣିବା ପରେ ଗାଁରେ ତାଙ୍କୁ ପୁଷ୍ପମାଲ୍ୟ ଅର୍ପଣ କରି ଗ୍ରାମବାସୀ ଗାଁ ପରିକ୍ରମା କରିଥିଲେ। ଅନିଲଙ୍କ ତାଲିମ ସମୟରେ ତାଙ୍କ ପିତା ବିଶିଷ୍ଟ ମୃଦଙ୍ଗ ବାଦକ ବିଧାନ ବିଶିଙ୍କ ଦେହାନ୍ତ ହୋଇ ଯାଇଥିଲା। ଏପରିକି କଠିନ ତାଲିମରେ ବ୍ୟସ୍ତତା କାରଣରୁ ତାଙ୍କ ପିତାଙ୍କ ଅନ୍ତିମ ଦର୍ଶନ ମଧ୍ୟ କରି ପାରି ନ ଥିଲେ। ତେବେ ଦେଶ ସେବା ପ୍ରତି ତାଙ୍କ ସମର୍ପଣ ମନୋଭାବ ପାଇଁ ଗାଁ ଗର୍ବିତ ବୋଲି କିଛି ଯୁବକ ଓ ଗାଁବାସୀ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ଗାଁର ରମେଶ ପଧାନ, ଭ୍ରମର ଦାସ, ସନ୍ୟାସୀ ପଧାନଙ୍କ ସହ ଗାଁର ଯୁବକ ପ୍ରଶାନ୍ତ ସାହୁ, ସୁରେଶ ବିଶି, ନିତ୍ୟାନନ୍ଦ ପ୍ରଧାନ, ଗୌରହରି ରାଉତ, ନିତିଶି ପ୍ରଧାନ, ଦିନେଶ ଦାସ, ତପନ ସା, ସୁବନ୍ତ ପ୍ରଧାନ, ମୁକେଶ ବୁଡେ, ରୋହିତ ବୁଡେ, ପପୁ ବାରିକ, ଶିବ ପ୍ରଧାନ ପ୍ରମୁଖ ସ୍ୱାଗତ କରିଥିଲେ।



**ଶ୍ରୀମନ୍ଦିର ସୁରକ୍ଷାକୁ ନେଇ ମାନସ ମନ୍ଥନ**

# ବଢ଼ିବ ବଡ଼ଦେଉଳର ସୁରକ୍ଷା

ପୁରୀ, ୧୪।୧୦ (ସମିସ): ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ନେଇ ଅନେକ ସମୟରେ ପ୍ରଶ୍ନ ଉଠିଛି। ସୁରକ୍ଷାବଳୟକୁ ଭେଦ କରି କେତେବେଳେ ସ୍ପାଏ କ୍ୟାମେରା, ମୋବାଇଲ୍ ଭିତରକୁ ନିଆଯାଉଛି ତ ପୁଣି କେତେବେଳେ ମନ୍ଦିର ଉପରେ ଚକ୍କର କାଟୁଛି ଡ୍ରୋନ୍। ଭିତରର ବହୁ ସମ୍ବେଦନଶୀଳ ସ୍ଥାନର ଫଟୋ, ଭିଡିଓ ମଧ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଛି। ଏପରିକି, ଭିତରୁ ଭିଡିଓ କଲ୍ କରାଯାଉଛି। ଅନେକଥର ମନ୍ଦିର ପରିସରରେ ବିଭିନ୍ନ ସ୍ଥାନରୁ ଚୋରି ହେବାର ଦୃଷ୍ଟାନ୍ତ ବି ରହିଛି। ତେଣୁ, କିପରି ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରାଯିବ, ସେନେଇ ମଙ୍ଗଳବାର ସୁରକ୍ଷା ସବ୍-କମିଟି ବୈଠକରେ ମାନସମନ୍ଥନ କରାଯାଇଛି।

ଶ୍ରୀମନ୍ଦିର ସୁରକ୍ଷା ସବ୍-କମିଟି ଅଧ୍ୟକ୍ଷ ଗିରୀଶ ଚନ୍ଦ୍ର ମୁର୍ମୁଙ୍କ ଅଧ୍ୟକ୍ଷତାରେ ନୀଳାଦ୍ରି ଭକ୍ତନିବାସରେ ଅନୁଷ୍ଠିତ ଏହି ବୈଠକରେ ସୁରକ୍ଷା ସମ୍ପର୍କିତ ଅନେକ ଆଲୋଚନା ଏବଂ ନିଷ୍ପତ୍ତି ବି ହୋଇଛି। ଏଥର ଅତ୍ୟାଧୁନିକ ସୁରକ୍ଷାବଳୟରେ ରହିବ ଶ୍ରୀମନ୍ଦିର। ଶ୍ରୀମନ୍ଦିର ଭିତରେ ଓ ବାହାରେ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯିବ। ଅଧିକ ସଂଖ୍ୟକ ସୁରକ୍ଷା କର୍ମୀ ମୁତୟନ ରହିବେ। ବିଶେଷକରି ନୋ-ଫ୍ଲାଇଂ ଜୋନ୍, ସର୍ଭିଲାନ୍ସ ସିକ୍ୟୁରିଟି, ଶ୍ରୀମନ୍ଦିର ଭିତରେ ଫୋନ୍ ବ୍ୟବହାର ଉପରେ ବିଶେଷ ଆଲୋଚନା କରାଯାଇଛି। ଆଗକୁ ୱାକିଟକି ବ୍ୟବସ୍ଥା ହେବ। ସେହିପରି ଫାୟାର ସେଫ୍ଟି ଏବଂ ଇଲେକ୍ଟ୍ରି ସେଫ୍ଟି ଉପରେ ବି ପ୍ରାଧାନ୍ୟ ଦିଆଯାଇଥିଲା। ବୈଠକରେ ସବ୍-କମିଟିର ଅନ୍ୟ ୮ ସଦସ୍ୟ ଉପସ୍ଥିତ ଥିଲେ।

ବୈଠକ ଶେଷରେ ଅଧ୍ୟକ୍ଷ ଶ୍ରୀ ମୁର୍ମୁ କହିଥିଲେ, ଆଲୋଚନା ବିଷୟବସ୍ତୁକୁ ନେଇ



ଏକ ରୂପରେଖ ପ୍ରସ୍ତୁତ କରାଯିବ। ଶ୍ରୀମନ୍ଦିର ପାଇଁ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ପାଇଁ କେତେ ଅର୍ଥ ଆବଶ୍ୟକତା ରହିଛି, କେତେଶୀଘ୍ର ଏହାକୁ କାର୍ଯ୍ୟକାରୀ କରିହେବ, ସେନେଇ ବିଚାରବିମର୍ଶ ହୋଇଛି। ଶ୍ରୀମନ୍ଦିରକୁ ରେଡ୍ ଜୋନ୍ ଘୋଷଣା କରାଯାଇଛି, କିନ୍ତୁ ମନ୍ଦିର ଉପରକୁ ଡ୍ରୋନ୍ ଆସିଲେ କିଭଳି ତାକୁ ଚିହ୍ନଟ କରି ଅକାମି କରାଯିବ, କିଭଳି ବୈଷୟିକ ଜ୍ଞାନକୌଶଳର ଆବଶ୍ୟକତା ରହିଛି, ତାହାର ବ୍ୟବସ୍ଥା କରାଯିବ। ଆମେ ଅନ୍ୟ ବଡ଼ବଡ଼ ମନ୍ଦିର ଯାଇ ସ୍ଥିତି ଦେଖିବୁ। ସେଠାରେ ଯେପରି ଭଲ ସୁରକ୍ଷା ବ୍ୟବସ୍ଥା ରହିଛି, ତାହା ଜଗନ୍ନାଥ ମନ୍ଦିରରେ କାର୍ଯ୍ୟକାରୀ କରାଯିବ। ଶ୍ରୀମନ୍ଦିର ଆଇନରେ ପରିବର୍ତ୍ତନ ପାଇଁ ପଦକ୍ଷେପ ଗ୍ରହଣ କରାଯିବ। ମନ୍ଦିର ଭିତରକୁ ମୋବାଇଲ୍ ନେବା ନେଇ ପୁଲିସ, ଶ୍ରୀମନ୍ଦିର କର୍ମଚାରୀ ଓ ସେବାୟତଙ୍କ ପାଇଁ କଟକଣା ରହିବ। ସେମାନେ କିଭଳି ଏବଂ କେଉଁ ସ୍ଥାନରେ ଯୋଗାଯୋଗ କରିପାରିବେ ସେ

- ଆଣ୍ଟି-ଡ୍ରୋନ୍ ଟେକ୍ନୋଲୋଜି ବ୍ୟବହାର ହେବ
- ଏଆଇ କ୍ୟାମେରା ମାଧ୍ୟମରେ ଭିଡ଼ ନିୟନ୍ତ୍ରଣ କରାଯିବ
- ଅନ୍ୟ ମନ୍ଦିର ଯାଇ ସୁରକ୍ଷା ବ୍ୟବସ୍ଥା ଅନୁଧ୍ୟାନ ହେବ

ନେଇ ବିକଳ୍ପ ବ୍ୟବସ୍ଥା ହେବ ବୋଲି ଅଧ୍ୟକ୍ଷ ଶ୍ରୀ ମୁର୍ମୁ କହିଥିଲେ।

ଏସ୍‌ପି ପ୍ରତୀକ ସିଂ କହିଛନ୍ତି, ଏଆଇ କ୍ୟାମେରା ଲଗାଯାଇ ଭିଡ଼ ନିୟନ୍ତ୍ରଣ, ଶ୍ରୀମନ୍ଦିର ବାହାର ଓ ଭିତରର ସୁରକ୍ଷା ପରିଚାଳନା ନେଇ ଆଲୋଚନା ହୋଇଛି। ସୁରକ୍ଷା ଦାୟିତ୍ୱରେ ଥିବା ପୁଲିସ ଓ ଘରୋଇ ସୁରକ୍ଷା କର୍ମୀଙ୍କୁ ଅଧିକ ପ୍ରଶିକ୍ଷଣ ଦିଆଯିବ। ତାଙ୍କର ଦାୟିତ୍ୱ କ'ଣ ରହିବ, କିଭଳି ଭକ୍ତଙ୍କୁ ବ୍ୟବହାର କରିବ, ସେନେଇ ପ୍ରଶିକ୍ଷଣ ଦିଆଯିବ। ଶ୍ରୀମନ୍ଦିରର ସୁରକ୍ଷା ପାଇଁ କୁଇକ୍ ରେସ୍‌ପନ୍ସ ଟିମ୍ ରହିବେ। ଅନ୍ୟ ବଡ଼ ବଡ଼ ମନ୍ଦିରରେ ଭିଡ଼ ନିୟନ୍ତ୍ରଣ ଓ ସୁରକ୍ଷା ପାଇଁ କେଉଁ ଟେକ୍ନୋଲୋଜି ରହିଛି, ତାହାର ଅନୁଧ୍ୟାନ କରାଯାଇ ଶ୍ରୀମନ୍ଦିରରେ ଲାଗୁ ନେଇ ଆଲୋଚନା କରାଯାଇଥିବା ଏସ୍‌ପି ଶ୍ରୀ ସିଂ କହିଛନ୍ତି।

ବରିଷ୍ଠ ସେବାୟତ ମାଧବ ମହାପାତ୍ର କହିଛନ୍ତି, ଭିଡ଼ ନିୟନ୍ତ୍ରଣ ପାଇଁ ଭକ୍ତଙ୍କୁ ଆଗୁଆ ସୂଚନା ଦିଆଯିବା ଦରକାର। କେତେ ସମୟ ପରେ ଦର୍ଶନ ମିଳିବ, ଭକ୍ତମାନେ ଜାଣିଲେ ସେହି ସମୟରେ ପହଞ୍ଚିବେ। ଆଗୁଆ ପହଞ୍ଚି ଅପେକ୍ଷା କରୁଥିବାରୁ ଭିଡ଼ ହେଉଛି। ଏହାଦ୍ୱାରା ଅଯଥାରେ ଭିଡ଼ ହେବ ନାହିଁ। ଶ୍ରୀମନ୍ଦିର ସୁରକ୍ଷା ପାଇଁ ଯଥେଷ୍ଟ ସିସିଟିଭି କ୍ୟାମେରା ଲାଗିବା ଉଚିତ। ରାମ ମନ୍ଦିରର ସୁରକ୍ଷା ପାଇଁ ଇସ୍ରାଏଲ ନିର୍ମିତ ଟେକ୍ନୋଲୋଜି ଓ ତିରୁପତି ମନ୍ଦିରରେ ଭାରତ ଇଲେକ୍‌ଟ୍ରୋନିକ ଟେକ୍ନୋଲୋଜି ବ୍ୟବହାର ହୋଇଛି। ଆମେ ଏହିସବୁ ମନ୍ଦିରକୁ ଯାଇ ସୁରକ୍ଷା ବ୍ୟବସ୍ଥା ଅନୁଧ୍ୟାନ କରିବୁ। ପରେ ଶ୍ରୀମନ୍ଦିରରେ କେଉଁ ସୁରକ୍ଷା ଟେକ୍ନୋଲୋଜି ଦରକାର, ତାହାର ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଏସ୍‌ପି ଶ୍ରୀ ସିଂଙ୍କ ସମେତ ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ଓ କେତେଜଣ ବରିଷ୍ଠ ସେବାୟତ ଉପସ୍ଥିତ ଥିଲେ।

**ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା**

# ମିଳିଲା ପୀତବାସଙ୍କ ଗୁପ୍ତ ଡାଏରୀ

ବ୍ରହ୍ମପୁର, ୧୪।୧୦(ସମିସ): ବିଜେପି ନେତା ତଥା ଆଇନଜୀବୀ ପୀତବାସ ପଣ୍ଡା ହତ୍ୟାକୁ ୯ ଦିନ ବିତିଲାଣି। କିନ୍ତୁ ଏପର୍ଯ୍ୟନ୍ତ ପୁଲିସ କାହାରିକୁ ଗିରଫ କରିପାରିନାହିଁ। ମାଷ୍ଟରମାଇଣ୍ଡକୁ ଗିରଫ କରିବା ଦୂରେ ଥାଉ, ଦୁଇ ହତ୍ୟାକାରୀଙ୍କୁ ମଧ୍ୟ ଏଯାବତ୍ ଠାବ କରିପାରିନାହିଁ। ପୀତବାସଙ୍କୁ ଯେଉଁ ଦୁଇଜଣ ପେସାଦାର ସୁପାରି କିଲର

- ଖୋଲିବ କି ହତ୍ୟା ଗୁମର?
- ଆତତାୟୀଙ୍କ କୁଣ୍ଡଳୀ ଯାଞ୍ଚ ପାଇଁ ଜେଲ୍‌ମୁହାଁ ପୁଲିସ

ଗୁଳି କରି ହତ୍ୟା କରିଛନ୍ତି, ସେମାନେ ପୂର୍ବରୁ ମଧ୍ୟ ବହୁ ମାମଲାରେ ଜଡ଼ିତ ଥିବା ପୁଲିସ ସନ୍ଦେହ କରିଛି। ତେଣୁ ସେମାନଙ୍କ ବାବଦରେ କିଛି ସୁରାକ୍ ଯୋଗାଡ଼ କରିବା ଆଶାରେ ବ୍ରହ୍ମପୁର ପୁଲିସ ଏବେ ଜେଲ୍‌ମୁହାଁ ହୋଇଛି। ବ୍ରହ୍ମପୁର ସମେତ କେନ୍ଦ୍ରାପଡ଼ା ଓ ରାଜ୍ୟର ବିଭିନ୍ନ ଜେଲ୍‌ରେ ଅପରାଧୀଙ୍କ କୁଣ୍ଡଳୀ ଯାଞ୍ଚ କରୁଛି। ସଂପୃକ୍ତ ଆତତାୟୀଙ୍କୁ ଚିହ୍ନଟ କରି ସେମାନଙ୍କ ଠିକଣା ଜାଣିବାକୁ ପୁଲିସ ବିଭିନ୍ନ ଜେଲରେ ଡେରା ପକାଇଥିବା ସୂଚନା ମିଳିଛି। ଅପରପକ୍ଷେ, ଓକିଲାତି ବ୍ୟତୀତ ପୀତବାସଙ୍କର ବିଭିନ୍ନ କାରବାରରେ ସମ୍ପୃକ୍ତି ଥିବାରୁ ତାଙ୍କ ହାତଲେଖା ଡାଏରୀରୁ କିଛି ତଥ୍ୟ ଓ ପ୍ରମାଣ ମିଳିବ ବୋଲି ପୁଲିସ ଆଶା ରଖିଥିଲା। ବର୍ତ୍ତମାନ ପୀତବାସଙ୍କ ଗୁପ୍ତ 'ଡାଏରୀ'ର ସନ୍ଧାନ ମିଳିଛି। ଡାଏରୀରୁ ବହୁ ତଥ୍ୟ ସହ ଅନେକ ଗୁମର ଫିଟିବ ବୋଲି ଆଲୋଚନା ହେଉଛି।

ମିଳିଥିବା ଡାଏରୀରେ କ୍ରସର୍ ବ୍ୟବସାୟୀ, ମଦ ବେପାରୀ, ବିଲ୍ଡରଙ୍କ ସମେତ ସହରର ବହୁ ବ୍ୟବସାୟୀ ଓ ନେତାଙ୍କ ନାମ ଉଲ୍ଲେଖ ଥିବା କୁହାଯାଉଛି। ପୀତବାସ କାହାଠାରୁ ସୁଧରେ ଟଙ୍କା ଆଣିଛନ୍ତି ଅଥବା କାହାକୁ ଟଙ୍କା ଦେଇଛନ୍ତି, ସେଥିରେ ଉଲ୍ଲେଖ ଥିବା କୁହାଯାଉଛି। ବଡ଼କଥା ହେଲା, ପୀତବାସ ହଜାର କିମ୍ବା ଲକ୍ଷରେ ନୁହେଁ, ବରଂ କୋଟି କୋଟି ଟଙ୍କାର ସୁଧ କାରବାର କରୁଥିବା ନେଇ ଆଲୋଚନା ହେଉଥିବା ବେଳେ ସେସବୁ ତଥ୍ୟ ଡାଏରୀରେ ଅଛି କି ନାହିଁ, ତାହା ଉପରେ ସମସ୍ତଙ୍କ ନଜର। ପୀତବାସଙ୍କ ଜଣେ ଘନିଷ୍ଠ ବନ୍ଧୁ ତାଙ୍କଠାରୁ ପ୍ରାୟ ୮୦ ଲକ୍ଷରୁ ଅଧିକ ଟଙ୍କା ନେଇ କୌଣସି କାରଣରୁ ଦୀର୍ଘ ଦିନ ଧରି କୁଆଡ଼େ ଫେରାଇ ନଥିଲେ। ଋଣ ଅର୍ଥ ପରିଶୋଧ ପାଇଁ ସମ୍ପୃକ୍ତ ବନ୍ଧୁଜଣଙ୍କ ସହରରେ ଥିବା ନିଜର ଏକ ଘରକୁ ପୀତବାସଙ୍କୁ ବିକ୍ରି କରିଦେଇଥିବା କୁହାଯାଉଛି। ଘର ବିକ୍ରି ପରେ ମଧ୍ୟ ସମ୍ପୃକ୍ତ ବ୍ୟକ୍ତିଜଣଙ୍କ ଆହୁରି ୩୦ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ପୀତବାସଙ୍କୁ ଫେରାଇବାକୁ ଅଛି ବୋଲି ଶୁଣିବାକୁ ମିଳିଛି।

ସେହିପରି, ପୀତବାସ ଅନେକ ବ୍ୟବସାୟୀଙ୍କଠାରୁ ଟଙ୍କା ଉଠାଇଥିବା କୁହାଯାଉଛି। କିନ୍ତୁ, ସେନେଇ କେହି ମୁହଁ ଖୋଲିନାହାନ୍ତି। ତେବେ ବଜାରରେ ପଡ଼ିଥିବା କୋଟିକୋଟି ଟଙ୍କା କିଭଳି ଆଦାୟ ହେବ, ତାହା ଏବେ ବଡ଼ ପ୍ରଶ୍ନବାଚୀ। କାରଣ ସେଥିମଧ୍ୟରେ ପୀତବାସଙ୍କର ନିଜର ଓ ଅବଶିଷ୍ଟ ଅନ୍ୟମାନଙ୍କର ମଧ୍ୟ ଥିବା ଆଲୋଚନା ହେଉଛି। ସେପଟେ ଟଙ୍କା କାରବାର ବ୍ୟତୀତ ସେ ରୁଚି ରଖୁଥିବା ସବୁ କିଛି ବିଷୟରେ ନିଜ ଡାଏରୀରେ ଉଲ୍ଲେଖ କରିଥିବା ଜଣାପଡ଼ିଛି। ଡାଏରୀରେ ଉଲ୍ଲେଖ ଥିବା କିଛି ବ୍ୟକ୍ତିଙ୍କ ମଧ୍ୟରୁ ଅନେକଙ୍କୁ ପୂର୍ବରୁ ପୁଲିସ ଜେରା କରି ଛାଡ଼ିଥିବା କୁହାଯାଉଛି।

**ପାର୍ଟ ପ୍ଲଟ୍ ପଞ୍ଜୀକରଣ**

# ଏସ୍‌ଓପି ଜାରି; ଫିଟିଲା ବାଟ

ଭୁବନେଶ୍ୱର,୧୪।୧୦ (ସମିସ): ଫିଟିଲା ପାର୍ଟ ପ୍ଲଟ ପଞ୍ଜୀକରଣ ବାଟ। ଏଥିପାଇଁ ଆଜି ନୂଆ ଏସଓପି ଜାରି କରିଛନ୍ତି ରାଜ୍ୟ ସରକାର। ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ସମଗ୍ର ରାଜ୍ୟରେ ପାର୍ଟ ପ୍ଲଟ୍ ପଞ୍ଜୀକରଣକୁ ସୁବ୍ୟବସ୍ଥିତ କରିବା ପାଇଁ ଏକ ନୂତନ ଏସ୍‌ଓପି ଅଣାଯାଇଛି।

ଏହି ନୂଆ ଏସ୍‌ଓପି ଦ୍ୱାରା ପୂର୍ବର ସମସ୍ତ ନିର୍ଦ୍ଦେଶାବଳୀକୁ ଅଗ୍ରାହ୍ୟ କରିଦିଆଯାଇଥିବା ବେଳେ ଜନସାଧାରଣଙ୍କ ପାଇଁ ସମାନତା, ସ୍ୱଚ୍ଛତା ଏବଂ ସହଜତା ସୁନିଶ୍ଚିତ କରିବାରେ ଏହି ଏସ୍‌ଓପି କାର୍ଯ୍ୟ କରିବ ବୋଲି କୁହାଯାଉଛି ।

ପଞ୍ଜୀକରଣ ଅଧିକାରୀଙ୍କ ମଧ୍ୟରେ ଅସଙ୍ଗତି ଦୂର କରିବା ସହିତ ପଞ୍ଜୀକରଣ ଅଧିନିୟମ ୧୯୦୮ ଏବଂ ଓଡ଼ିଶା ପଞ୍ଜୀକରଣ (ସଂଶୋଧନ) ଅଧିନିୟମ ୨୦୧୩ ଅନୁଯାୟୀ ରହିଥିବା ସ୍ପଷ୍ଟ ନିର୍ଦ୍ଦେଶନାମାକୁ ଏସ୍‌ଓପିରେ ସ୍ପଷ୍ଟ କରାଯାଇଛି। ପାର୍ଟ ପ୍ଲଟ ପଞ୍ଜୀକରଣ

**ଗ୍ରାମାଞ୍ଚଳରେ ଜଳାଶୟ ବ୍ୟତୀତ ପାର୍ଟ ପ୍ଲଟ୍ ବିକ୍ରିକୁ ଅନୁମତି**

**ଘୋଷଣାନାମା ଦେଇ ହୋଇପାରିବ ଚାଷ ଜମି ପଞ୍ଜୀକରଣ**

**ସହରାଞ୍ଚଳରେ ପଞ୍ଜୀକରଣ ହୋଇପାରିବ ୫୦୦ ବର୍ଗ ମିଟର ପରିମିତିର ପ୍ଲଟ୍**



ସମୟରେ ରାଜ୍ୟର ଅଧିକାରୀମାନେ ଆଇନ ଏବଂ ପ୍ରକ୍ରିୟା ବିଷୟରେ ଦ୍ୱନ୍ଦ୍ୱରେ ରହୁଥିଲେ; ଏଥିପାଇଁ ପ୍ଲଟ୍ ପଞ୍ଜୀକରଣରେ ସମାନତା ଆସିପାରୁ ନ ଥିଲା ଓ ଜନସାଧାରଣ ଅନେକ ଅସୁବିଧା ଭୋଗୁଥିଲେ। ଏହାକୁ ଦୃଷ୍ଟିରେ ରଖି ରାଜସ୍ୱ ମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ଏହି ଏସଓପି ଆଣାଯାଇଛି। ଏଣିକି ଗ୍ରାମାଞ୍ଚଳରେ ଜଳଜମି କିସମ ପ୍ଲଟ୍ ବ୍ୟତୀତ ଗ୍ରାମାଞ୍ଚଳରେ ଆଂଶିକ ପ୍ଲଟ୍ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ବିନା ପୂର୍ବ ସର୍ତ୍ତରେ ଏହି ଅନୁମତି ଦିଆଯିବ। ଏହାକୁ ସମ୍ପୂର୍ଣ୍ଣ ପ୍ଲଟ୍ ଭାବରେ ସ୍ଥାନାନ୍ତର କରାଯିବ। ସବ୍-ଡିଭିଜନ ସହିତ ୫୦୦ ବର୍ଗ ମିଟରରୁ ଅଧିକ ହେବ ନାହିଁ। ସେହିପରି ଚାଷ ଜମି କ୍ଷେତ୍ରରେ ଯଦି ପ୍ଲଟ୍ କୃଷି କିସମ ହୋଇ ରହିଥାଏ, କେବଳ କୃଷି ବ୍ୟବହାରକୁ ସୁନିଶ୍ଚିତ କରୁଥିବା 'ଫର୍ମ ଡି' ରେ ଏକ ସ୍ୱ-ଘୋଷଣା ଦ୍ୱାରା ଏହି ପଞ୍ଜୀକରଣ କରାଯିବ।

ସହରାଞ୍ଚଳ ଓ ଯୋଜନାବଦ୍ଧ ଅଞ୍ଚଳ ଆଦି ଓଡ଼ିଶା ବିକାଶ କର୍ତ୍ତୃପକ୍ଷ ଏବଂ ଟାଉନ ପ୍ଲାନିଂ ଅଧିନିୟମ ଦ୍ୱାରା ପରିଚାଳିତ ହେଉଛି। ତେଣୁ ପାରିବାରିକ ସବ-ଡିଭିଜନ, ଛୋଟ ସବ-ଡିଭିଜନ (୫୦୦ ବର୍ଗ ମିଟରରୁ କମ୍ ଏବଂ କୌଣସି ରିଅଲ ଇଷ୍ଟେଟ୍ ବ୍ୟବହାର ହେବନି) ଏହାକୁ ମଧ୍ୟ ଅନୁମତି ଦିଆଯାଇଛି। ସେହିପରି ସହ-ଅଂଶୀଦାର ଡିଭିଜନ (ସମ୍ମତି ଏବଂ ଆନୁପାତିକ ଅଂଶ ସହିତ) ପୂର୍ବରୁ ଥିବା ଛୋଟ ପ୍ଲଟ୍ ଯାହାକି ୨୦୨୫ ଓଡିଏ, ଟିପି ଏବଂ ଆଇଟି ଦ୍ୱିତୀୟ ସଂଶୋଧନ ନିୟମ ପୂର୍ବରୁ ରେକର୍ଡ ହୋଇଥିବା ୫୦୦ ବର୍ଗ ମିଟରରୁ କମ୍ ପ୍ଲଟ୍‌ଗୁଡ଼ିକୁ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ପଞ୍ଜୀକରଣ ଅଧିକାରୀମାନେ ମ୍ୟାପ, ସୀମା ଏବଂ ଘୋଷଣାଗୁଡ଼ିକୁ ଯାଞ୍ଚ କରିବା ନିୟମର ଅନୁପାଳନ କରିବାକୁ କୁହାଯାଇଛି। ରେକର୍ଡରେ ସ୍ୱ-ଘୋଷଣାଗୁଡ଼ିକୁ ସଂରକ୍ଷିତ ରଖିବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ତୁରନ୍ତ ପ୍ରଭାବଃ ସ୍ୱରୂପ ଏହି ଏସଓପିକୁ କାର୍ଯ୍ୟକାରୀ ପାଇଁ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି।

# ଆଉ ୧୦ଟି ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି

ଭୁବନେଶ୍ୱର୧୪।୧୦(ସମିସ): ରାଜ୍ୟ ସରକାର ଅର୍ଥର ସମାନତା, ତଦାରଖ ସୁନିଶ୍ଚିତ କରିବା ପାଇଁ ରାଜ୍ୟ ସରକାର ଏକ ବଡ଼ ନିଷ୍ପତ୍ତି ନେଇଛନ୍ତି। ଆଉ ୧୦ଟି ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି କରି ରାଜ୍ୟରେ ଆଭ୍ୟନ୍ତରୀଣ ଅଡିଟ୍ ସୁଦୃଢ଼ କରିବାକୁ ନିଷ୍ପତ୍ତି ନିଆଯାଇଛି। ବର୍ତ୍ତମାନ ୨୮ଟି ବିଭାଗରେ ଏହି ୱିଙ୍ଗ କାର୍ଯ୍ୟ କରୁଥିବା ବେଳେ ବର୍ତ୍ତମାନ ଏହି ସଂଖ୍ୟା ୩୮କୁ ବୃଦ୍ଧି ପାଇଛି।

ସୂଚନା ଅନୁଯାୟୀ ଅର୍ଥ ବିଭାଗ ଗତ ୯ ତାରିଖରେ ୨୮ଟି ବିଭାଗରେ ବର୍ତ୍ତମାନର ମଞ୍ଜୁରୀପ୍ରାପ୍ତ ୫୧୦ ଜଣଙ୍କ ସଂଖ୍ୟାକୁ ଯୁକ୍ତିଯୁକ୍ତ ଭାବରେ ବିଭକ୍ତ କରି ୮୫ ଜଣ ଅଡିଟ୍ କର୍ମଚାରୀଙ୍କ ସହିତ ଆଉ ୧୦ଟି ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି କରିଛି। ନୂତନ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗଗୁଡ଼ିକ

**ଅର୍ଥ ବ୍ୟୟକ ତଦାରଖ ହେବ ସୁନିଶ୍ଚିତ**

ନିରନ୍ତର ସମୀକ୍ଷା ଓ ଅନୁପାଳନ ଯାଞ୍ଚ ମାଧ୍ୟମରେ ଆର୍ଥିକ ବ୍ୟବସ୍ଥାକୁ କଡ଼ାକଡ଼ି କରିବା, ଶୀଘ୍ର ବିପଦ ଚିହ୍ନଟ କରିବା ଏବଂ ଅଡିଟ୍ ଆପତ୍ତି ହ୍ରାସ କରିବାରେ ସାହାଯ୍ୟ କରିବ। ଯେଉଁ ୧୦ଟି ଅଧିକ ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି କରାଯାଇଛି ସେଗୁଡ଼ିକ ହେଉଛି ଜଳସମ୍ପଦ, ଗ୍ରାମ୍ୟ ଉନ୍ନୟନ, ପୂର୍ତ୍ତ, ଶକ୍ତି, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା, ଇଲେକ୍ଟ୍ରୋନିକ୍ସ ଏବଂ ସୂଚନା ପ୍ରଯୁକ୍ତି, ହସ୍ତତନ୍ତ, ବୟନ ଏବଂ ହସ୍ତଶିଳ୍ପ, ଶିଳ୍ପ, ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ଏବଂ ପର୍ଯ୍ୟଟନ।

ଏହି ପଦକ୍ଷେପ ସ୍ୱଚ୍ଛତାକୁ ସାଂଗଠନିକ କରିବା, ଆର୍ଥିକ ବିଚକ୍ଷଣତାକୁ ଉନ୍ନତ କରିବା ଏବଂ ସରକାରୀ ପାଣ୍ଠିର ଉତ୍ତମ ବ୍ୟବହାର ସୁନିଶ୍ଚିତ କରିବା, ସୁଶାସନ ଏବଂ ଦାୟିତ୍ୱପୂର୍ଣ୍ଣ ଆର୍ଥିକ ପରିଚାଳନା ପ୍ରତି ଓଡ଼ିଶାର ପ୍ରତିବଦ୍ଧତାକୁ ସୁଦୃଢ଼ କରିବା ଦିଗରେ ଏକ ପ୍ରମୁଖ ପଦକ୍ଷେପ ସାବ୍ୟସ୍ତ ହେବ।

# ରାଉରକେଲାରୁ ଅଯୋଧ୍ୟା ଯିବ ୮ ଫୁଟ୍ ଲମ୍ବର ସୁବର୍ଣ୍ଣ ଧନୁ

ରାଉରକେଲା, ୧୪।୧୦ (ସମିସ): ରାଉରକେଲାରୁ ଅଯୋଧ୍ୟାର ରାମମନ୍ଦିରକୁ ଯିବ ସୁନାରେ ପ୍ରସ୍ତୁତ ଏକ ଧନୁ। ଏନେଇ ବ୍ୟାପକ ପ୍ରସ୍ତୁତି ଆରମ୍ଭ ହୋଇଛି ବୋଲି ସନାତନ ଜାଗରଣ ମଞ୍ଚର ଅଧ୍ୟକ୍ଷ ସନ୍ତୋଷ ବିଶ୍ୱାଳ ସୂଚନା ଦେଇଛନ୍ତି। ଅଯୋଧ୍ୟା ରାମମନ୍ଦିରର ମହାସଚିବ ଚମ୍ପତ ରାୟଙ୍କ ଅନୁମତିକ୍ରମେ ଏହି କାର୍ଯ୍ୟକ୍ରମ ସମାପନ କରାଯିବ। ଏହି ସୁବର୍ଣ୍ଣ ଧନୁର ଲମ୍ବ ୮ ଫୁଟ୍ ଓ ଚଉଡ଼ା ସାଢ଼େ ୩ଫୁଟ୍। ଏହା ତାମିଲନାଡୁ କାଞ୍ଚିପୁରମ୍‌ର ୪୦ଜଣ ମହିଳା କାରିଗରଙ୍କ ଦ୍ୱାରା ପ୍ରସ୍ତୁତ କରାଯାଉଛି। ବର୍ତ୍ତମାନ ସୁଦ୍ଧା ଏଥିରେ ୧କେଜି ସୁନା ବ୍ୟବହୃତ ହୋଇଛି। ଆସନ୍ତା ଜାନୁଆରୀ ୨୦ତାରିଖରେ ପୁରୀରୁ ଏକ ଶୋଭାଯାତ୍ରା ଆରମ୍ଭ ହୋଇ ୨୨ତାରିଖ ଦିନ ଅଯୋଧ୍ୟାର ରାମମନ୍ଦିର ପ୍ରତିଷ୍ଠା ଦିବସରେ ପହଞ୍ଚିବ। ଏହି ଧନୁ ତିଆରିରେ ପ୍ରାୟ ୬ ରୁ ୮କେଜି ମଧ୍ୟରେ ସୁନା ବ୍ୟବହାର କରାଯିବା ପାଇଁ ଲକ୍ଷ୍ୟ ରଖାଯାଇଛି। ଏହାସହ ଏହି ଧନୁରେ ବୀର ସୌର୍ଯ୍ୟ ପ୍ରାପ୍ତ ହୋଇଥିବା ସହିଦ୍‌ମାନଙ୍କ ନାମ ଖୋଦିତ କରାଯିବ। ଏହି କାର୍ଯ୍ୟ ସମାପନ ପରେ ଧନୁକୁ ପ୍ରତିଟି ଜିଲ୍ଲାର ପ୍ରମୁଖ ସ୍କୁଲ ଓ କଲେଜ ପରିକ୍ରମା କରି ସମାଜରେ ଯେଉଁମାନେ ପ୍ରକୃତ ବୀର ସେମାନଙ୍କ ସମ୍ପର୍କରେ ଅବଗତ କରାଯାଇ ଆସନ୍ତା ଜାନୁଆରୀ ୨୨ ତାରିଖରେ ଅଯୋଧ୍ୟା ଶ୍ରୀରାମ



ମନ୍ଦିରର ମହାସଚିବ ଚମ୍ପତ ରାୟଙ୍କୁ ଅର୍ପଣ କରାଯିବ। ସେହିପରି ଅପରେସନ ସିନ୍ଦୂରର ସଫଳତା ପାଇଁ ଶ୍ରୀଜଗନ୍ନାଥଙ୍କ ଭୂମି ତରଫରୁ ବୀର ଯବାନଙ୍କୁ ଏହା ଉତ୍ସର୍ଗୀକୃତ କରାଯିବା ସହ କାରଗିଲରୁ ପେହେଲଗାଁଓ ପର୍ଯ୍ୟନ୍ତ ସମସ୍ତ ସହିଦ୍ ଯବାନଙ୍କ ପରିବାରକୁ ଏହି କାର୍ଯ୍ୟକ୍ରମରେ ସାମିଲ କରିବା ପାଇଁ ଲକ୍ଷ୍ୟ ରଖାଯାଇଛି ବୋଲି ଶ୍ରୀ ବିଶ୍ୱାଳ ସୂଚନା ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ପ୍ରତିକୂଳ ପରିସ୍ଥିତିରେ ଭୟ କରନ୍ତୁନି। ଧାର୍ମିକ ସମାବେଶରେ ସାମିଲ ହେବେ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ଉଧାର ଟଙ୍କା ଫେରି ପାଇବେ। ଦୀର୍ଘ ଦିନର ଆଶା ପୂରଣ ହେବ।

**ବୃଷ:** ଲୋକ ସମ୍ପର୍କ ବଢ଼ିବ। ଉଡ଼ା ଖବରକୁ ବିଶ୍ୱାସ କରନ୍ତୁନି। ସରକାରୀ ଚାକିରିଆଙ୍କ ପାଇଁ ଦିନଟି ଭଲ। ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ଆଶା କରିଥିବା ଦିଗରୁ ଅର୍ଥ ମିଳିବ। ମହିଳାମାନେ ପୂଜାର୍ଚ୍ଚନା କରିବେ।

**ମିଥୁନ:** କାର୍ଯ୍ୟରେ ବାଧା ଉପୁଜିପାରେ। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ଛୋଟ ଛୋଟ କଥାରୁ କଳହ ସୃଷ୍ଟି ହୋଇପାରେ। କୌଣସି କ୍ଷେତ୍ରରୁ ଆଘାତ ପାଇପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ।

**କର୍କଟ:** ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ପରିବାରବର୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଧାର୍ମିକ କାର୍ଯ୍ୟରେ ଯୋଗ ଦେବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ସିଂହ:** ଶତ୍ରୁଙ୍କୁ ଦୁର୍ବଳ ମନେ କରନ୍ତୁନି। ଖର୍ଚ୍ଚ ବଢ଼ିପାରେ। ସଫଳତା ପାଇବାକୁ କଠିନ ପରିଶ୍ରମ କରିବେ। ଉଧାର ଟଙ୍କା ଫେରି ପାଇବେ। ବିଦ୍ୟାର୍ଥୀମାନେ ଖେଳମନସ୍କ ହେବେ। ଲୋକ ସମ୍ପର୍କ ବୃଦ୍ଧି ପାଇବ।

**କନ୍ୟା:** ଗୁରୁଜନଙ୍କ ପରାମର୍ଶ ନେଇ ନୂତନ କାର୍ଯ୍ୟରେ ଯୋଗ ଦିଅନ୍ତୁ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ସନ୍ତୁଳିତ ଆହାର ଗ୍ରହଣ କରନ୍ତୁ। ନୂତନ ଜମି କ୍ରୟ କରିପାରନ୍ତି। ମାପି ଚୁପି କଥା ହୁଅନ୍ତୁ।

**ତୁଳା:** ଭୂମି, ଯାନବାହନ କିଣି ପାରନ୍ତି। ଅଭିଭାବକମାନେ ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁମିଳନ ଯୋଗ ରହିଛି। ପିଲାମାନେ ଖେଳକୁଦରେ ସମୟ ବିତାଇବେ।

**ବିଛା:** ଅଫିସ୍ କାର୍ଯ୍ୟ ପାଇଁ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ଅଚାନକ ଖୁସି ଖବର ମିଳିବ। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି। ଯାନବାହନ ଚଳାଚଳ ସମୟରେ ସତର୍କତା ଅବଲମ୍ବନ ଜରୁରି।

**ଧନୁ:** ସୃଜନଶୀଳତା ବୃଦ୍ଧି ପାଇବ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ପ୍ରେମ ବ୍ୟାପାରରେ ସଫଳ ହେବେ। କର୍ମକ୍ଷେତ୍ରରେ ବଡ଼ ଦାୟିତ୍ୱ ମିଳିପାରେ। ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁନି।

**ମକର:** ବନ୍ଧୁଙ୍କ ସହିତ ମନୋରଞ୍ଜନ କରିବେ। ପିଲାମାନେ ପଢ଼ାପ୍ରତି ଅଧିକ ଧ୍ୟାନ ଦେବେ। ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସକାରାତ୍ମକ ଚିନ୍ତାଧାରା ସହିତ ଆଗକୁ ବଢ଼ିବେ।

**କୁମ୍ଭ:** ଅଚାନକ ମନ ଭିତରେ ପରିବର୍ତ୍ତନ ଆସିପାରେ। ଆର୍ଥିକ ସମସ୍ୟା ରହିବନି। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଆୟ ଅନୁସାରେ ଅଧିକ ବ୍ୟୟ ହେବ। ଭଗବାନଙ୍କ ପୂଜାର୍ଚ୍ଚନା କରନ୍ତୁ। ଦାନ ଧର୍ମ କରିବେ।

**ମୀନ:** ଜମି କିଣାବିକା ଯୋଗ ରହିଛି। ଅଧିକ ଲାଭ ପାଇବା ଆଶାରେ ଭୁଲ୍ କରନ୍ତୁନି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ। ବ୍ୟକ୍ତିଗତ କଥାକୁ ଅନ୍ୟମାନଙ୍କ ଆଗେ ପ୍ରକାଶ କରନ୍ତୁନି।

## ଅବଶିଷ୍ଟାଂଶ

### ଆଗୁଆ ଆସିବ...

ରେକଡର୍ କରାଯାଇଛି। ନେପାଳରୁ ଆରମ୍ଭ କରି କାଶ୍ମୀର ପର୍ଯ୍ୟନ୍ତ ହିମାଳୟ ଉପତ୍ୟକାରେ ବରଫପାତ ବୃଦ୍ଧି ପାଇଛି। ପାଣିପାଗବିଜ୍ଞାନୀମାନେ ଏହାକୁ ଏକ ଶୁଭ ସଙ୍କେତ ବୋଲି ମନେ କରୁଛନ୍ତି। ଏହାଦ୍ୱାରା ଗ୍ଲାସିୟରର ଅନ୍ୟୂନ ୫ ବର୍ଷ ପାଇଁ ଅଧିକ ଜୀବନ୍ତ ରହିବ ଓ ଉତ୍ତରଭାରତର ନଦୀଗୁଡ଼ିକର ସ୍ରୋତ ଶୁଖିବ ନାହିଁ ବୋଲି କୁହାଯାଉଛି। ବୈଜ୍ଞାନିକମାନଙ୍କ ଆକଳନ ଅନୁସାରେ ଭାରତୀୟ ଉପମହାଦ୍ୱୀପର ତାପମାତ୍ରା ଗତ ୧୨୨ ବର୍ଷରେ ୦.୯୯ ଡ଼ିଗ୍ରୀ ବୃଦ୍ଧି ପାଇଛି, ମାତ୍ର ଚଳିତ ବର୍ଷ ଅର୍ଥାତ୍ ୨୦୨୫ ଶେଷ ସୁଦ୍ଧା ଏହି ବୃଦ୍ଧିରେ ଅଙ୍କୁଶ ଲାଗିବ ଓ ଲା ନିନା କାରଣ ଯୋଗୁ ତାପମାତ୍ରା ୦.୨ଡ଼ିଗ୍ରୀ କମ୍ ହେବ।

ଅନ୍ୟପଟେ ମୌସୁମୀ ପ୍ରତ୍ୟାବର୍ତ୍ତନ ଧାରା ଆରମ୍ଭ ହେବା ପରେ ଏବେ ଓଡ଼ିଶାରେ ପାଗ ମୁଖ୍ୟତଃ ଓ ଶୁଖିଲା ଓ ଖରାଟିଆ ରହିଛି। ରାଜ୍ୟକୁ ବଙ୍ଗୋପସାଗର ପଟୁ ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଆସିବା ମଧ୍ୟ କମିଛି। ଫଳରେ ରାତିରେ ମଧ୍ୟ ଧୀରେ ଧୀରେ ବା ହାଲୁକା ଥଣ୍ଡା ଅନୁଭୂତ ଆରମ୍ଭ ହୋଇଛି। ଗତ ୨୪ ଘଣ୍ଟାରେ ଦାରିଙ୍ଗବାଡ଼ିରେ ତାପମାତ୍ରା ୧୯ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ଅଧିକାଂଶ ସ୍ଥାନରେ ରାତିର ତାପମାତ୍ରା ୨୨-୨୪ ଡିଗ୍ରୀ ମଧ୍ୟରେ ରହୁଛି।

୧୭ ତାରିଖ ସୁଦ୍ଧା କେତେକ ଆଭ୍ୟନ୍ତରୀଣ ଅଞ୍ଚଳରେ ତାପମାତ୍ରା ପ୍ରାୟ ୨-୩ ଡିଗ୍ରୀ କମିପାରେ। କନ୍ଧମାଳ, କୋରାପୁଟ, ଗଜପତି, ମୟୂରଭଞ୍ଜ ଓ କେନ୍ଦୁଝରରେ ତାପମାତ୍ରା ସବୁଠାରୁ କମ୍ ରହିବ। ଏହି ସ୍ଥାନମାନଙ୍କରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ କମିବା ହେତୁ ଶିଶିରପାତ ସହ କୁହୁଡ଼ି ହେବାର ସମ୍ଭାବନା ରହିଛି। ବିଭିନ୍ନ ମଡେଲ୍ ଓ ପାଣିପାଗ ସଂସ୍ଥାର ସୂଚନା ଅନୁଯାୟୀ ବର୍ତ୍ତମାନ ଲା-ନିନା ସ୍ଥିତି ସୃଷ୍ଟି ହୋଇ ସାରିଛି। ତେଣୁ ଏବର୍ଷ ଭଲ ଶୀତର ଆକଳନ କରାଯାଇଛି।

### ୧୫.୬୭ ଲକ୍ଷ...

କରି ପାରି ନାହାନ୍ତି । ମୁଖ୍ୟତଃ ଉପାନ୍ତ ଓ ଦୁର୍ଗମ ଅଞ୍ଚଳରେ ନେଟୱର୍କ ସମସ୍ୟା ଯୋଗୁଁ ବହୁ ହିତାଧିକାରୀ ଇ-କେୱାଇସି ଅପଡେଟ୍ କରି ପାରି ନ ଥିବା ବେଳେ ଅନେକ ବୟସ୍କ ଓ ଶଯ୍ୟାଶାୟୀଙ୍କର ଇ-କେୱାଇସି ଅପଡେଟରେ ସମସ୍ୟା ରହିଛି। ଛୋଟ ପିଲା ଓ ବୟସ୍କ ବର୍ଗଙ୍କ ଫିଙ୍ଗର ପ୍ରିଣ୍ଟ ସମସ୍ୟା ରହିବାଯୋଗୁଁ ସେମାନଙ୍କର ଇ-କେୱାଇସି ହୋଇପାରି ନାହିଁ। ପୁନଶ୍ଚ ରାଜ୍ୟ ବାହାରେ ଅନ୍ୟ ରାଜ୍ୟରେ କାମ କରୁଥିବା ଲକ୍ଷଲକ୍ଷ ଲୋକ ମଧ୍ୟ ଇ-କେୱାଇସି କରି ପାରିନାହାନ୍ତି। ଯାହା ଫଳରେ ଏହି ଲୋକମାନେ ଆଗାମୀ ମାସରୁ ଆଉ ଚାଉଳ ପାଇବେ ନାହିଁ। ଲକ୍ଷାଧିକ ଲୋକ ଦାଦନ ଖଟିବାକୁ ଯାଇ ବାହାରେ ରହୁଥିବା ଶ୍ରମିକମାନେ ମଧ୍ୟ ଇ-କେୱାଇସି କରିପାରିନାହାନ୍ତି।

ସେପ୍ଟେମ୍ବର ୩୦ ତାରିଖକୁ ଇ-କେୱାସି କରିବାର ଶେଷ ତାରିଖ୍ ଭାବେ ଘୋଷଣା କରାଯାଇଥିଲା। ଏହି ଅବଧି ଭିତରେ ଅନେକ ଇ-କେୱାଇସି ହୋଇପାରି ନାହିଁ ଓ ଏହି ପ୍ରକ୍ରିୟାରେ ଅନେକ ସମସ୍ୟା ହେଉଥିବା ଡିଲର୍ ଆସୋସିଏସନ୍ ଏହା ପୂର୍ବରୁ ଅଭିଯୋଗ କରି ଆସିଛି। ନିକଟରେ ସରକାରଙ୍କ ପକ୍ଷରୁ ମିଳିଥିବା ଏକ ତାଲିକାରୁ ଜଣାପଡ଼ିଛି ଯେ ଗଞ୍ଜାମରୁ ସର୍ବାଧିକ ୧ ଲକ୍ଷ ୬୪ ହଜାର ହିତାଧିକାରୀ ଇ-କେୱାଇସି କରି ନାହାନ୍ତି। ସେହିପରି କଟକରୁ ୯୧ ହଜାର, ମୟୁରଭଞ୍ଜରୁ ୮୭ ହଜାର, ବଲାଙ୍ଗିରରୁ ୮୩ ହଜାର, ବାଲେଶ୍ୱରରୁ ୮୩ ହଜାର ଓ କଳାହାଣ୍ଡିରୁ ୮୨ ହଜାର ଲୋକ ଇ-କେୱାଇସି କରି ନ ଥିବା ଯୋଗୁଁ ତାଲିକାରୁ ବାଦ ପଡ଼ିଛନ୍ତି। ଅନେକ ଯୋଗ୍ୟ ହିତାଧିକାରୀ ନିଜର ଇ-କେୱାଇସି କରି ନ ଥିବା ସାମ୍ନାକୁ ଆସିଛି। ତେଣୁ ସରକାର ଅବଧି ବଢାଇବାକୁ ଦାବି ହୋଇ ଆସୁଥିଲା। ଯେମିତି ଯୋଗ୍ୟ ହିତାଧିକାରୀ ବାଦ ନ ପଡନ୍ତି ସରକାର ତା ଉପରେ ନଜର ଦେବା ଆବଶ୍ୟକ ବୋଲି ଦାବି ହୋଇଛି।

### ରୁପା ୨ ଲକ୍ଷ...

ରୁପା କିଲୋ ପିଛା ୨.୬ ଲକ୍ଷ ଟଙ୍କା ଛୁଇଁ ସର୍ବକାଳୀନ ରେକର୍ଡ ପ୍ରତିଷ୍ଠା ହୋଇଛି। କୌତୂହଳର ବିଷୟ ହେଉଛି ଯେ, ମାତ୍ର ୨୮୬ ଦିନରେ ରୁପା ମୂଲ୍ୟ ଦୁଇ ଗୁଣ ବଢ଼ିଯାଇଥିବାବେଳେ ସପ୍ତାହକରେ ଏହା ୩୩ ହଜାର ଟଙ୍କା ମହଙ୍ଗା ହୋଇଛି।

ଇଣ୍ଡିଆ ବୁଲିଅନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ନୂଆଦିଲ୍ଲୀର ବଜାରରେ ଆଜି ରୁପା ମୂଲ୍ୟ ଗୋଟିଏ ଦିନରେ ୭୦୦୦ ଟଙ୍କା ବୃଦ୍ଧି ଘଟି ପ୍ରତି କିଲୋଗ୍ରାମ ୧,୮୫,୦୦୦ ଟଙ୍କାରେ ପହଞ୍ଚିଛି। ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ପାର୍ବଣ ଋତୁ, ଶିଳ୍ପ ଚାହିଦା ବଢ଼ିବା ଏବଂ ବିଶ୍ୱ ଯୋଗାଣରେ ହ୍ରାସ ଯୋଗୁଁ ରୁପାର ମୂଲ୍ୟ ଅହେତୁକ ଭାବେ ବୃଦ୍ଧି ପାଉଛି। ରୁପା ମୂଲ୍ୟରେ ହେଉଥିବା ବୃଦ୍ଧି ଆଗକୁ ମଧ୍ୟ ଜାରି ରହିବ। ବଜାର ବିଶେଷଜ୍ଞଙ୍କ ମତରେ ଅଗାମୀ ଦିନରେ ରୁପା ଦର କିଲୋ ପିଛା ୭ ଲକ୍ଷ ଟଙ୍କା ସ୍ତର ଛୁଇଁବ। ଏକ ରିପୋର୍ଟ ଅନୁଯାୟୀ, ଚଳିତବର୍ଷ ଜାନୁଆରୀ ମାସରେ ରୁପା ମୂଲ୍ୟ କିଲୋ ପିଛା ପ୍ରାୟ ୭୯,୩୮୦ ଟଙ୍କା ରହିଥିଲା। ଚଳିତମାସରେ ନୂଆଦିଲ୍ଲୀ ବଜାରରେ ଏହା କିଲୋ ପିଛା ସର୍ବୋଚ୍ଚ ୧,୮୫,୦୦୦ ଟଙ୍କା ସ୍ତରରେ ପହଞ୍ଚିଛି। ଏହାର ଅର୍ଥ ହେଉଛି ଜାନୁଆରୀରୁ ଅକ୍ଟୋବର ପର୍ଯ୍ୟନ୍ତ ରୁପା ମୂଲ୍ୟ ପ୍ରାୟ ୧୩୩%ରୁ ଅଧିକ ବୃଦ୍ଧି ପାଇଛି। ଅପରପକ୍ଷେ ଚଳିତବର୍ଷ ଏ ପର୍ଯ୍ୟନ୍ତ ସୁନା ମୂଲ୍ୟରେ ପାଖାପାଖି ୫୦ ହଜାର ଟଙ୍କା ବୃଦ୍ଧି ଘଟିଛି। ୨୦୨୪ ଡିସେମ୍ବର ୩୧ରେ ନୂଆଦିଲ୍ଲୀରେ ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ମୂଲ୍ୟ ୭୬,୧୬୨ ଟଙ୍କା ଥିଲା, ଯାହା ଏବେ ୧,୨୮,୮୩୦ ଟଙ୍କାରେ ପହଞ୍ଚିଛି। ଏହି ସମୟ ମଧ୍ୟରେ ରୁପା ମୂଲ୍ୟ ମଧ୍ୟ ୧୦ ଗ୍ରାମ ପିଛା ୮୯,୩୦୮ ଟଙ୍କା ବୃଦ୍ଧି ପାଇଛି। ଅପରପକ୍ଷେ ଭୁବନେଶ୍ୱରରେ ଆଜି ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୧,୨୮,୩୪୦ ଟଙ୍କା ସ୍ତର ଟପିଯାଇଥିବାବେଳେ ୨୨ କ୍ୟାରେଟ୍ ସୁନା ଦର ୧୦ ଗ୍ରାମ ପିଛା ୧,୧୭,୬୫୦ ଟଙ୍କାରେ ପହଞ୍ଚିଛି।

### ଜଗିବ କିଏ ?...

ଅନ୍ୟ ସବୁ ବାଣ ଉପରେ କଟକଣା ରହିଛି। ଯଦି କେହି ବାଣ ଫୁଟାଉଛନ୍ତି ତେବେ ୧୨୫ ଡେସିବେଲ ଅର୍ଥାତ୍ କମ୍ ଶବ୍ଦ ସୃଷ୍ଟିକାରୀ ବାଣ ଫୁଟାଇ ପାରିବେ ପୁଣି ପାର୍କ, ହସ୍ପିଟାଲ୍, ଶିକ୍ଷାନୁଷ୍ଠାନ, କୋର୍ଟ, ଧାର୍ମିକ ସ୍ଥାନର ୧୦୦ ମିଟର ପରିଧି ମଧ୍ୟରେ ବାଣ ଫୁଟାଯାଇପାରିବ ନାହିଁ । ପୁନଶ୍ଚ ବାଣରେ ବୋରିଅମ ଓ ଅନ୍ୟ ନିଷିଦ୍ଧ ରାସାୟନିକ ବ୍ୟବହାର ଉପରେ କଟକଣା ଲଗାଯାଇଛି। ଏସବୁ ନିୟମ ପାଳନ ନ କଲେ ଓଡ଼ିଶା ବାଣ ଓ ଲାଉଡ୍‌ସ୍ପିକର ନିୟନ୍ତ୍ରଣ ଆଇନ ଅନୁସାରେ ସରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ । ତେଣୁ ଦୀପାବଳୀରେ ବାଣ ଫୁଟାଇବା ପରିବର୍ତ୍ତେ କେବଳ ଦୀପ ଜାଳିବାକୁ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼ ଅନୁରୋଧ କରିଛି।

ସାଧାରଣତଃ ଭୁବନେଶ୍ୱର, କଟକ, ବାଲେଶ୍ୱର, ରାଉରକେଲା, କଳିଙ୍ଗନଗର ଓ ତାଳଚେର ପରି ସହରରେ ସବୁ ସମୟରେ ପ୍ରଦୂଷଣର ମାତ୍ରା ଅଧିକ ରହିଥାଏ। ଗତବର୍ଷ ଦୀପାବଳି ପୂର୍ବ ଦିନ ଏଠାରେ ବାୟୁର ଗୁଣବତ୍ତା ମାନ (ଏକ୍ୟୁଆଇ) ୧୦୦ ଥିଲା ବେଳେ ଦୀପାବଳି ସନ୍ଧ୍ୟାରେ ବାଣ ଫୁଟାରୁ ଏହା ବଢ଼ି ୨୩୦ ରୁ ୩୪୦ ଏକ୍ୟୁଆଇ୍‌ରେ ପହଞ୍ଚିଥିଲା। ଦୀପାବଳିରେ ବାଣଫୁଟା ପରେ ପ୍ରଦୂଷଣକୁ ନେଇ ଅନେକ ସମସ୍ୟା ସୃଷ୍ଟି ହେଉଥିବାରୁ ସାରା ଦେଶରେ କିପରି ପ୍ରଦୂଷଣକୁ ରୋକାଯାଇପାରିବ ସେନେଇ ପରିବେଶବିତ୍‌ମାନେ ଚିନ୍ତା ପ୍ରକଟ କରିଛନ୍ତି। ବାଣରୁ ନିର୍ଗତ ଧୂଆଁ ଓ ଶିଳ୍ପ ବର୍ଜ୍ୟବସ୍ତୁ ବାୟୁମଣ୍ଡଳକୁ ପ୍ରବେଶ କରୁଛି। ଯେଉଁଥିରେ ଅଙ୍ଗାରକାମ୍ଳ, ଗନ୍ଧକାମ୍ଳ, ଜବଖାରକାମ୍ଳ ଓ ମିଥେନ ପରି ବିଷାକ୍ତ ଗ୍ୟାସ୍ ରହିଛି। ତେଣୁ ଦେଶର ବିଭିନ୍ନ ରାଜ୍ୟରେ ବାଣଫୁଟା ଉପରେ କଡ଼ାକଡ଼ି କଟକଣା ଲଗାଯାଇଛି। ଅନ୍ୟପକ୍ଷରେ ବାଣ ଫୁଟାଇବା ସମୟରେ ପାଖରେ ପାଣି ବା ବାଲି ରଖିବାକୁ ପରାମର୍ଶ ଦିଆଯାଇଛି। ବାଣକୁ ହାତରେ ଧରି ଫୁଟାଇବାକୁ ବାରଣ କରାଯାଇଛି। ବାଣ ଫୁଟାଇବା ସମୟରେ ନିଜକୁ ଦୂରରେ ରଖିବା ଓ ଫୁଟି ଯାଇଥିବା ବାଣକୁ ଆଉଥରେ ଫୁଟାଇବାକୁ ଚେଷ୍ଟା ନକରିବା, ବାଣ ଫୁଟାଇବା ସମୟରେ ଆଖିର ଯତ୍ନ ନେବାକୁ ସ୍ୱଚ୍ଛ ଚଷମା ବ୍ୟବହାର କରିବା ଆଦି ବିଷୟରେ ସତର୍କତା ଜାରି କରାଯାଇଛି। ବାଣ ଫୁଟାଇବା ସମୟରେ ସୁରକ୍ଷା ପ୍ରତି ଧ୍ୟାନ ଦେଇ ସୂତା ପୋଷାକ ପିନ୍ଧିବା ପାଇଁ ପରାମର୍ଶ ଦିଆଯାଇଛି।

### ସୋନପୁରର ୩ ଶ୍ରଦ୍ଧାଳୁ...

ମଟାରୀ(୫୬), ପୁଅ ଆଶୁତୋଷ ମଟାରୀ, ଝିଅ ଚିନ୍ମୟୀ ମଟାରୀ ଓ ପୁତ୍ରବଧୂ ଅଲିଭା ମଟାରୀ ଯାଇଥିଲେ। ମଙ୍ଗଳବାର ସକାଳ ପ୍ରାୟ ୯ଟାରେ ବୈଷ୍ଣଦେବୀଙ୍କ ଦର୍ଶନ ସାରି ସମସ୍ତେ ହେଲିକେପ୍ଟର୍‌ରେ କଟରା ଫେରିଥିଲେ। କଟରା ହେଲିପ୍ୟାଡ୍‌ରୁ ଗୋଟିଏ ଅଟୋ ଭଡ଼ା କରିଥିଲେ। ଅଟୋରେ ଦୁଇ ବନ୍ଧୁ ସପତ୍ନୀଙ୍କ ବସିଥିବା ବେଳେ ଅନ୍ୟମାନେ ଚାଲିଚାଲି ଆସୁଥିଲେ। ଜାମ୍ମୁ-କଟରା ଏକ୍ସପ୍ରେସ୍ ୱେରେ ଅଟୋ ଯାଉଥିବା ବେଳେ ଏକ ବୁଲାଣିରେ ବିପରୀତ ଦିଗରୁ ଆସୁଥିବା ଏକ ବସ୍ ଅଟୋକୁ ଧକ୍କା ଦେଇଥିଲା। ଏଥିରେ ଅଟୋଟି ଚୂରମାର୍ ହୋଇଯାଇଥିଲା। ଘଟଣାସ୍ଥଳରେ ବିଚିତ୍ର, ଯୋଗିନ୍ଦ୍ର ଓ ଅଟୋ ଚାଳକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ କବିତା ଓ ସ୍ନେହଲତା ଗୁରୁତର ଆହତ ହୋଇଥିଲେ। ପୁଲିସ ଓ ଉଦ୍ଧାରକାରୀ ଦଳ ସମସ୍ତଙ୍କୁ କଟରା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ଗୁରୁତର କବିତା ଓ ସ୍ନେହଲତାଙ୍କ ଅବସ୍ଥା ସଂକଟାପନ୍ନ ଥିବାରୁ ଦୁହିଁଙ୍କୁ ଜାମ୍ମୁକୁ ସ୍ଥାନାନ୍ତର କରାଯାଇଥିଲା। ତେବେ ରାସ୍ତାରେ କବିତାଙ୍କ ମୃତ୍ୟୁ ହୋଇଯାଇଥିଲା। ଜିଏମ୍‌ସି ଡାକ୍ତରଖାନାରେ ଗୁରୁତର ସ୍ନେହଲତାଙ୍କ ଚିକିତ୍ସା ଚାଲିଛି।

ମୃତ ବିଚିତ୍ର ତରଭା ବରିଷ୍ଠ ନାଗରିକ ସଂଘର ସମ୍ପାଦକ, ସରସ୍ୱତୀ ଶିଶୁ ମନ୍ଦିର କମିଟିର ସମ୍ପାଦକ ସହ ବହୁ ଅନୁଷ୍ଠାନ ସହ ଜଡ଼ିତ ଥିଲେ। ଯୋଗିନ୍ଦ୍ର ମଟାରୀ ବରିଷ୍ଠ ନାଗରିକ ସଂଘର ସହ ସମ୍ପାଦକ ଦାୟିତ୍ୱ ତୁଲାଉଥିଲେ। ଉଭୟ ବନ୍ଧୁ ଉତ୍କଳ ଗ୍ରାମ୍ୟ ବ୍ୟାଙ୍କରେ ଚାକିରି କରି ଅବସର ଗ୍ରହଣ କରିଥିଲେ। ଆଜି ଦୁର୍ଘଟଣା ଖବର ପ୍ରଚାରିତ ହେବା ପରେ ତରଭା ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

### ତାମିଲନାଡୁ ମଦ ଦୁର୍ନୀତି ମାମଲା

## ଇଡି ଚଢ଼଼ଉ ଉପରେ ପ୍ରଶ୍ନ ଉଠାଇଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ତାମିଲନାଡୁ ମଦ ଦୋକାନର ଲାଇସେନ୍ସ ସମ୍ବନ୍ଧିତ ରାଜ୍ୟ ମାର୍କେଟିଂ କର୍ପୋରେସନ ଲିମିଟେଡ (ଟିଏଏସଏମଏସି) ଦୁର୍ନୀତି ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଉପରେ ସୁପ୍ରିମକୋର୍ଟ ପ୍ରଶ୍ନ ଉଠାଇଛନ୍ତି। ରାଜ୍ୟ ପୁଲିସର କ୍ଷମତାରେ ଇଡି ଦଖଲ ଦେଉଥିବା କହିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇ ଏବଂ ଜଷ୍ଟିସ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ ଇଡିକୁ ପ୍ରଶ୍ନ କରିଥିଲେ ଯେ ରାଜ୍ୟ ପୁଲିସ ଏହି ମାମଲାର ଯାଞ୍ଚ କରିପାରି ନ ଥାଆନ୍ତା କି? ଏହି ମାମଲାରେ ଇଡି ଦଖଲ ଦେବା ଜରୁରୀ ଥିଲା କି? ଏହା ଦ୍ୱାରା ସଂଘୀୟ ବ୍ୟବସ୍ଥା ଉପରେ କି ପ୍ରଭାବ ପଡ଼ିବ? ଏହାର ରାଜ୍ୟ କ୍ଷମତାରେ ହସ୍ତକ୍ଷେପ ନୁହେଁ କି? ରାଜ୍ୟ ଯାଞ୍ଚ କରୁ ନଥିବା ଜାଣି ନିଜେ ଚାଲିଯିବେ କି? କୋର୍ଟ କୌଣସି ବାଦବିବାଦରେ ପ୍ରତିଯୋଗିତା ଚାହୁଁନାହାନ୍ତି। କିନ୍ତୁ ସଂଘୀୟ ବ୍ୟବସ୍ଥାରେ ରାଜ୍ୟ ଏବଂ କେନ୍ଦ୍ରରେ ସୀମା ରହିଛି। ସିଜେଆଇ କହିଥିଲେ ଯେ ଗତ ୬ ବର୍ଷ ହେଲା ସେ ଇଡିର ଅନେକ ମାମଲା ଦେଖିବାକୁ ପାଇଛନ୍ତି। କିନ୍ତୁ ଏହାକୁ ନେଇ କିଛି କହିବାକୁ ଚାହୁଁନି, ନଚେତ ଏହା ପୁଣିଥରେ ଗଣମାଧ୍ୟମରେ ରିପୋର୍ଟରେ ହୋଇଯିବ।

## ଇସ୍ତଫା ପାଇଁ ନୀତୀଶଙ୍କୁ ଅନୁମତି ମାଗିଲେ ସାଂସଦ

■ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଆଗରେ ବିଧାୟକଙ୍କ ବିକ୍ଷୋଭ

ପାଟନା, ୧୪।୧୦ (ଏଜେନ୍ସି): ବିଧାନସଭା ନିର୍ବାଚନ ପୂର୍ବରୁ ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଅକଳରେ ପଡ଼ିଛନ୍ତି। ମେଣ୍ଟରେ ଆସନ ବୁଝାମଣାକୁ ନେଇ ଅସନ୍ତୁଷ୍ଟ ଥିବା ନୀତୀଶଙ୍କ ସମସ୍ୟାକୁ ଦଳୀୟ ସାଂସଦ ଏବଂ ବିଧାୟକମାନେ ଶହେ ଗୁଣା ବଢ଼ାଇ ଦେଇଛନ୍ତି। ଆସନ ବଣ୍ଟନକୁ ବିରୋଧ କରି ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଆଗରେ ଜେଡିୟୁ ବିଧାୟକ ଏବଂ କର୍ମୀ ଧାରଣା ଦେଉଛନ୍ତି। ଏପରି ସମୟରେ ଭାଗଲପୁର ସାଂସଦ ଅଜୟ କୁମାର ମଣ୍ଡଳ ନିଜ ପଦରୁ ଇସ୍ତଫା ଦେବା ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖି ଅନୁମତି ମାଗିଛନ୍ତି। ନିଜ କ୍ଷେତ୍ରରେ ଆସନ ବଣ୍ଟନ ପାଇଁ ତାଙ୍କ ପରାମର୍ଶ ନିଆଯାଇ ନ ଥିବାରୁ ମଣ୍ଡଳ କ୍ଷୁବ୍ଧ ହୋଇଛନ୍ତି। ଏପରି ସ୍ଥିତିରେ ପଦରେ ରହିବାର କୌଣସି ଯଥାର୍ଥତା ନାହିଁ ବୋଲି ସେ ଉଲ୍ଲେଖ କରିଛନ୍ତି। ଚିଠିରେ ମଣ୍ଡଳ ଲେଖିଛନ୍ତି ଯେ ବିଧାୟକ ଏବଂ ସାଂସଦ ଭାବେ ୨୦-୨୫ ବର୍ଷ ହେଲା କ୍ଷେତ୍ରରେ ଲୋକଙ୍କ ସେବା କରିଆସୁଛନ୍ତି। ସେ ଜେଡିୟୁକୁ ପରିବାର ଭାବେ ଦେଖୁଥିଲେ। କିନ୍ତୁ ଗତ କିଛି ମାସ ହେଲା ତାଙ୍କୁ ଅଣଦେଖା କରାଯାଉଛି। ଅନ୍ୟପକ୍ଷରେ ବିଧାୟକ ଗୋପାଳ ମଣ୍ଡଳ ଆଜି ସକାଳୁ ନୀତୀଶଙ୍କ ଘରେ ଆଗରେ ବିକ୍ଷୋଭ କରିଛନ୍ତି। ମୁଖ୍ୟମନ୍ତ୍ରୀଙ୍କୁ ଭେଟି ଟିକଟ ନ ନେବା ପର୍ଯ୍ୟନ୍ତ ଏଠାରୁ ଉଠିବେ ନାହିଁ ବୋଲି କହିଥିଲେ। ଡିଏସ୍‌ପି ବୁଝାଇବା ସତ୍ତ୍ୱେ ସେ କିଛି ସମର୍ଥକଙ୍କ ସହ ସେମିତି ବସି ରହିଥିଲେ। ଏହା ଦେଖି କଡ଼ା ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ପରେ ପୁଲିସ ତାଙ୍କୁ ସେଠାରୁ ଉଠାଇ ନେଇଥିଲା।

## ରାସ୍ତା ଖାଲ ଯୋଗୁଁ ମୃତ୍ୟୁହେଲେ ମିଳିବ ୬ ଲକ୍ଷ

ମୁମ୍ବାଇ, ୧୪।୧୦ (ଏଜେନ୍ସି): ସଡ଼କ ଦୁର୍ଘଟଣା ଜନିତ ମାମଲାରେ ବମ୍ବେ ହାଇକୋର୍ଟ ଐତିହାସିକ ରାୟ ଦେଇଛନ୍ତି। ମହାରାଷ୍ଟ୍ରରେ ଖାଲ ଏବଂ ସ୍ୱରେଜ ନାଳ ଯୋଗୁଁ ମୃତ୍ୟୁ ହେଲେ ପୀଡ଼ିତ ପରିବାରଙ୍କୁ ୬ ଲକ୍ଷ ଏବଂ ଆହତଙ୍କୁ ୫୦ ହଜାରରୁ ୨.୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ କ୍ଷତିପୂରଣ ଦେବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏଭଳି ଦୁର୍ଘଟଣା ପାଇଁ ଠିକାଦାରଙ୍କ ସହିତ ପୌରପାଳିକା ଏବଂ ସରକାରୀ ଅଧିକାରୀ ଦାୟୀ ରହିବେ। ସବୁ ଯୋଗ୍ୟ ପୀଡ଼ିତଙ୍କୁ ୬ରୁ ୮ ସପ୍ତାହ ଭିତରେ କ୍ଷତିପୂରଣ ଦେବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏଥିରେ ବିଳମ୍ବ ହେଲେ କମିଶନର, ଜିଲ୍ଲାପାଳ, ସିଇଓଙ୍କ ଭଳି ଅଧିକାରୀଙ୍କୁ ଦାୟୀ କରାଯିବ। ତାଙ୍କଠାରୁ ସୁଧ ସହିତ ଟଙ୍କା ଆଦାୟ କରାଯିବ। ଏହି ଅର୍ଥ ଦାୟୀ ଅଧିକାରୀ, ଠିକାଦାର, ଇଞ୍ଜିନିୟରଙ୍କଠାରୁ ଆଦାୟ କରାଯିବ। ପ୍ରତି ବର୍ଷ ଖାଲ ଏବଂ ମୁକ୍ତ ଥିବା ଡ୍ରେନ ଯୋଗୁଁ ଅନେକ ଲୋକଙ୍କ ଜୀବନ ଯାଉଛି। ଏହା ଲଜ୍ଜାଜନକ। ଦୋଷ ଧାର୍ଯ୍ୟ ନ କଲେ ଏଭଳି ଘଟଣା ବନ୍ଦ ହେବନାହିଁ।

### ବିହାର ବିଧାନସଭା ନିର୍ବାଚନ

# ମେଣ୍ଟ ଅଙ୍କ ଅଡୁଆ

## ଆର୍‌ଜେଡି-କଂଗ୍ରେସ ଟଣାଓଟରା ଜାରି

ପାଟନା, ୧୪।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ଘୋଷଣା ହେବାକୁ ୭ ଦିନ ବିତିଗଲାଣି, କିନ୍ତୁ ବିରୋଧୀ ମେଣ୍ଟ 'ଇଣ୍ଡିଆ'ରେ ଏ ପର୍ଯ୍ୟନ୍ତ ଆସନ ବୁଝାମଣା ହୋଇପାରୁନି। ଭାଗବଣ୍ଟାକୁ ନେଇ କଂଗ୍ରେସ ଏବଂ ଆର୍‌ଜେଡି ମଧ୍ୟରେ ଟଣାଓଟରା ଜାରି ରହିଛି। କୌଣସି ଦଳ କମ୍ ଆସନରେ ଲଢ଼ିବାକୁ ପ୍ରସ୍ତୁତ ନାହାନ୍ତି। ଏହି ମତଭେଦ ଦିନକୁ ଦିନ ଉଗ୍ର ହେବାରେ ଲାଗିଛି। ଜନସୁରାଜ, ବିଜେପି ପ୍ରାର୍ଥୀ ଘୋଷଣା କରି ସାରିଥିବାବେଳେ 'ଇଣ୍ଡିଆ' ବେଳ ଗଡ଼ି ଗଡ଼ି ଚାଲିଛି। ଏପରି ସମୟରେ ମହାମେଣ୍ଟରେ ଆସନ ବୁଝାମଣାକୁ ନେଇ କୌଣସି ସାଲିସ କରାଯିବ ନାହିଁ ବୋଲି କଂଗ୍ରେସ ପକ୍ଷରୁ କୁହାଯାଇଛି। ଆସନକୁ ନେଇ ଏବେ ବି ଆର୍‌ଜେଡି ସହ ଟଣାଓଟରା ଲାଗି ରହିଛି।

**ତେଜସ୍ୱୀଙ୍କୁ ଭେଟିଲେନି ରାହୁଲ**

**ସାଲିସ କରିବୁନି:କଂଗ୍ରେସ**

**ଚିହ୍ନ ଦେଲେ ଲାଲୁ; ଫେରାଇନେଲେ ତେଜସ୍ୱୀ**

ଅନ୍ୟପକ୍ଷରେ ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବ ଦିଲ୍ଲୀରୁ ପାଟନା ଫେରି ଆସିଛନ୍ତି। କିନ୍ତୁ ସେ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କୁ ସାକ୍ଷାତ କରି ନ ଥିବା ଜଣାପଡ଼ିଛି। ଲୋକସଭା ଭଳି ବିଧାନସଭା ନିର୍ବାଚନର ନେତୃତ୍ୱ ମଧ୍ୟ ଲାଲୁ ଏବଂ ତେଜସ୍ୱୀ ନେବାକୁ ଚାହୁଁଛନ୍ତି। ବାପପୁଅ ନିଜ ହିସାବରେ ଆସନ ବାଣ୍ଟିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଚଳିତ ଥର ରାହୁଲ ନଇଁବାକୁ ପ୍ରସ୍ତୁତ ନାହାନ୍ତି। ସେ ବିହାର କଂଗ୍ରେସ ନେତାଙ୍କୁ ସ୍ପଷ୍ଟ ନିର୍ଦ୍ଦେଶ ଦେଇଛନ୍ତି। କାହା ଚାପର ଆସନ ବୁଝାମଣା ହେବନାହିଁ ବୋଲି କହିଛନ୍ତି। ଏହି କାରଣରୁ ପ୍ରଦେଶ କଂଗ୍ରେସର କୌଣସି ନେତା ଆସନ ବଣ୍ଟନକୁ ନେଇ ମୁହଁ ଖୋଲୁ ନାହାନ୍ତି।

ଏହି ପ୍ରସଙ୍ଗରରେ ଦିଲ୍ଲୀ ରାହୁଲଙ୍କୁ ଭେଟିବା ପାଇଁ ତେଜସ୍ୱୀ ଦିଲ୍ଲୀ ଯାଇଥିଲେ, ମାତ୍ର କଂଗ୍ରେସ ନେତା ତାଙ୍କୁ ସମୟ ଦେଇ ନ ଥିଲେ। ଏହା ପରେ ତେଜସ୍ୱୀ ଖାଲି ହାତରେ ଫେରି ଥିଲେ। କିନ୍ତୁ ବର୍ତ୍ତମାନର ପରିସ୍ଥିତିରେ ମେଣ୍ଟ ଆଗକୁ ବଢ଼ିପାରିବ ନାହିଁ ବୋଲି ସେ କଂଗ୍ରେସ ହାଇକମାଣ୍ଡଙ୍କୁ ସ୍ପଷ୍ଟ କରିଦେଇଛନ୍ତି। ଏହି କାରଣରୁ ପାଟନା ପହଞ୍ଚିବା ପରେ ଲାଲୁ ଯାଦବ ନିଜ ଲୋକଙ୍କୁ ଦଳୀୟ ଚିହ୍ନ ବାଣ୍ଟିବା ଆରମ୍ଭ କରିଦେଇଥିଲେ। ମାତ୍ର ତେଜସ୍ୱୀ ଏହା ଉପରେ ଅସନ୍ତୁଷ୍ଟ ହୋଇଥିଲେ। ଦଳୀୟ ନେତାଙ୍କୁ ବାପା ଦେଇଥିବା ଚିହ୍ନଗୁଡିକୁ ପୁଅ ଫେରାଇ ଆଣିଥିଲେ। ମହାମେଣ୍ଟର ସହଯୋଗୀ ଦଳ ସିପିଆଇ (ଏମଏଲ) ମଧ୍ୟ ପ୍ରାର୍ଥୀଙ୍କୁ ଟିକଟ ବଣ୍ଟନ କାର୍ଯ୍ୟ ଆରମ୍ଭ



କରିଦେଇଥିଲା। କିନ୍ତୁ କଂଗ୍ରେସ ଏ ପର୍ଯ୍ୟନ୍ତ ଏଥିରୁ ଦୂରେଇ ରହିଛି।

ଅନ୍ୟପଟେ ମହାମେଣ୍ଟରେ ତେଜସ୍ୱୀଙ୍କ ବଡ଼ ଭାଇ କହୁଥିବା ମୁକେଶ ସହାନୀଙ୍କ ସ୍ଥିତି ବି ଅସମ୍ଭାଳ ହେବାରେ ଲାଗିଛି। ସେ ପୂର୍ବରୁ ୬୦ ଆସନ ମାଗିଥିଲେ, କିନ୍ତୁ ଏବେ ୩୦ରେ ଦେବାକୁ କହୁଛନ୍ତି। ସେ ଉପ-ମୁଖ୍ୟମନ୍ତ୍ରୀ ହେବାର ଆଶାକୁ ବି ଭୁଲି ଗଲେଣି। କାରଣ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବା ପାଇଁ କଂଗ୍ରେସ ଚାହୁଁନାହିଁ। ଯଦି ମହାମେଣ୍ଟରେ ଆସନ ବୁଝାମଣା ନ ହୁଏ ଏବଂ ରାହୁଲ ଦିଲ୍ଲୀ ଭୁଲ୍‌କୁ ଦୋହରାନ୍ତି ତେବେ ଅକଳରେ ପଡ଼ିବେ ବୋଲି ରାଜନୈତିକ ବିଶେଷଜ୍ଞମାନେ କହିଛନ୍ତି।

## ଆସନ ବଣ୍ଟନ; ନୀତୀଶ ଅସନ୍ତୁଷ୍ଟ

ପାଟନା, ୧୪।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନକୁ ନେଇ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ଆସନ ବଣ୍ଟନ ହୋଇସାରିଛି। ମାତ୍ର ଆସନ ବଣ୍ଟନକୁ ନେଇ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଅସନ୍ତୁଷ୍ଟ ଥିବା ସୂଚନା ମିଳିଛି। ପୂର୍ବରୁ ହାମ୍ ମୁଖ୍ୟ ତଥା କେନ୍ଦ୍ରମନ୍ତ୍ରୀ ଜିତନ ରାମ ମାନ୍‌ଝୀ ଦଳକୁ ମିଳିଥିବା ଆସନକୁ ନେଇ କ୍ଷୁବ୍ଧ ହୋଇଥିଲେ। ଏବେ ନୀତୀଶଙ୍କ ଆଭିମୁଖ୍ୟ ମେଣ୍ଟ ପାଇଁ ସମସ୍ୟା ସୃଷ୍ଟି କରିଛି। ସେ ୯ଟି ଆସନର ଭାଗବଣ୍ଟାକୁ ନେଇ ଖୁସି ନାହାନ୍ତି। ତେଣୁ ପୁଣିଥରେ ଏହା ଉପରେ ବିଚାର କରିବା ପାଇଁ ବିଜେପିକୁ କହିଛନ୍ତି।

**ପ୍ରଥମ ପ୍ରାର୍ଥୀ ତାଲିକା ଜାରିକଲା ବିଜେପି**

**ବାଦ୍‌ପଡ଼ିଲେ ବାଚସ୍ପତି**



ଏହା ମଧ୍ୟରେ ବିଜେପି ପ୍ରଥମ ତାଲିକାରେ ୭୧ ଜଣଙ୍କୁ ଟିକଟ ଦେଇଛି। ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କୁ ତାରାପୁର ଏବଂ ବିଜୟ ସିହ୍ନାଙ୍କୁ ଲଖିସରାୟରୁ ପ୍ରାର୍ଥୀ କରାଯାଇଛି। ତେବେ ବାଚସ୍ପତି ନନ୍ଦକିଶୋର ଯାଦବଙ୍କ ଟିକଟ କାଟି ଦିଆଯାଇଛି। ତାଙ୍କ ସ୍ଥାନରେ ବିଜେପି ନେତା ତଥା ହାଇକୋର୍ଟ ଓକିଲ ରତ୍ନେଶ କୁଶ୍ୱାହଙ୍କୁ ମୈଦାନକୁ ଓହ୍ଲା ଯାଇଛି। କୁମ୍ହରାରରୁ ୫ ଥରର ବିଧାୟକ ଅରୁଣ କୁମାର ସିହ୍ନାଙ୍କ ଟିକଟ ମଧ୍ୟ କାଟି ଦିଆଯାଇଛି। ତାଙ୍କ ସ୍ଥାନରେ ସଞ୍ଜୟ ଗୁପ୍ତାଙ୍କୁ ସୁଯୋଗ ମିଳିଛି। ସେ ଦଳର ମହାମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ଏହି ତାଲିକାରେ ୧୩ ମନ୍ତ୍ରୀ ଏବଂ ୯ ମହିଳାଙ୍କ ନାମ ରହିଛି। ପୁଣିଥରେ ୪୮ ବିଧାୟକଙ୍କୁ ପ୍ରାର୍ଥୀ କରାଯାଇଛି। ଚଳିତ ଥର ବିଜେପି ୧୦୧ ଆସନରେ ନିର୍ବାଚନ ଲଢ଼ିବ। ଏଥିରୁ ୭୧ ଜଣଙ୍କ ନାମ ସାମ୍ନାକୁ ଆସିଯାଇଛି। ଆଉ ୩୦ ପ୍ରାର୍ଥୀଙ୍କ ନାମ ଘୋଷଣା ବାକି ରହିଛି। ବିହାରରେ ନଭେମ୍ବର ୬ ଏବଂ ୧୧ରେ ମତଦାନ ହେବ। ନଭେମ୍ବର ୧୪ରେ ଭୋଟ ଗଣତି ହେବ। ଅନ୍ୟପକ୍ଷରେ ଗାୟିକା ମୈଥିଳି ଠାକୁର ବିଜେପିରେ ସାମିଲ ହୋଇଛନ୍ତି। ଏଥିପାଇଁ ପାଟନାରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ନିର୍ବାଚନରେ ଲଢ଼ିବା ନେଇ ଦଳ ପକ୍ଷରୁ ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି। ତେବେ ସେ ଅଲିନଗରରୁ ନିର୍ବାଚନ ଲଢ଼ିପାରନ୍ତି।

## ଏସି ବସ୍‌ରେ ନିଆଁ; ୨୦ ଜୀବନ୍ତ ଦଗ୍ଧ



ଜୟପୁର, ୧୪।୧୦ (ଏଜେନ୍ସି): ରାଜସ୍ଥାନ ଜୈସାଲମେରର ଯୋଧପୁର ରାସ୍ତାରେ ମଙ୍ଗଳବାର ଅପରାହ୍ଣରେ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଠାରେ ଏକ ଚଳନ୍ତା ଏସି ସ୍ଲିପର ବସ୍‌ରେ ନିଆଁ ଲାଗି ଯାଇଛି। ଏଥିରେ ୨୦ ଜଣ ଜୀବନ୍ତ ଦଗ୍ଧ ହୋଇଯାଇଥିବା ସୂଚନା ମିଳିଛି। ୧୬ରୁ ଅଧିକ ଆହତ ହୋଇଛନ୍ତି। ସମସ୍ତଙ୍କୁ ଜୈସାଲମେରର ଜବାହାରି ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସର୍ଟ ସର୍କିଟରୁ ଅଗ୍ନିକାଣ୍ଡ ଘଟିଥିଲା ବୋଲି କୁହାଯାଉଛି। ଏହା ଦେଖୁ ଦେଖୁ ସାରା ବସ୍‌କୁ କବଳିତ କରି ନେଇଥିଲା। ଲୋକଙ୍କୁ ଜୀବନ ବଞ୍ଚାଇବାକୁ ବି ସମୟ ମିଳି ନ ଥିଲା। ଜୀବନ ବିକଳରେ କିଛି ଲୋକ ଝରକା ଭାଙ୍ଗି ରାସ୍ତାକୁ ଡେଇଁ ପଡିଥିଲେ। ଏଥିରେ ୨ ଶିଶୁ, ୪ ମହିଳାଙ୍କ ସମେତ ୧୬ରୁ ଅଧିକ ଲୋକ ୭୦ ପ୍ରତିଶତରୁ ଅଧିକ ଜଳି ଯାଇଛନ୍ତି। ଏହି ବସ୍‌ରେ ମୋଟ ୫୭ ଜଣ ଯାତ୍ରୀ ଥିଲେ। ତେବେ ସିଟି କାଉନସିଲର ସହାୟକ ଦମକଳ ଅଧିକାରୀ କୃଷ୍ଣପାଲ ସିଂହ ରାଠୋର କହିଛନ୍ତି ଯେ ଦୁର୍ଘଟଣାରେ ୧୦-୧୨ ଜଣଙ୍କ ଜୀବନ ଯାଇଛି। ଜିଲ୍ଲାପାଳ ପ୍ରତାପ ସିଂହଙ୍କ ଅନୁଯାୟୀ, ବସ୍‌ଟି ସମ୍ପୂର୍ଣ୍ଣ ଜଳି ଯାଇଛି। ୧୬ ଆହତଙ୍କୁ ଯୋଧପୁର ହସ୍ପିଟାଲକୁ ପଠାଇ ଦିଆଯାଇଛି। ବସ୍‌ରେ ଅନ୍ୟ ଯାତ୍ରୀଙ୍କ ମୃତଦେହ ପଡି ରହିଛି।

### ହରିୟାଣା ଆଇପିଏସ୍ ଆତ୍ମହତ୍ୟା ମାମଲା

## ଏଏସ୍‌ଆଇଙ୍କ ଆତ୍ମହତ୍ୟାରୁ ନୂଆ ମୋଡ଼

### ଦୁର୍ନୀତି ମାମଲାରେ ବଦନାମ ହେବାରୁ ଚରମ ନିଷ୍ପତ୍ତି ନେଇଥିଲେ ପୁରନ

ଚଣ୍ଡିଗଡ଼, ୧୪।୧୦ (ଏଜେନ୍ସି): ହରିୟାଣା ଆଇପିଏସ ୱାଇ ପୂରନଙ୍କ ଆତ୍ମହତ୍ୟାକୁ ନେଇ ରାଜ୍ୟ ରାଜ୍ୟନୀତି ଉଠୁଛି ପଡୁଛି। ଆଇଏଏସ ପତ୍ନୀ ଅମନୀତ ପି କୁମାର ଜିଦ୍‌ରେ ଅଟଳ ରହିଥିବାରୁ ଏ ପର୍ଯ୍ୟନ୍ତ ତାଙ୍କ ମୃତଦେହ ବ୍ୟବଚ୍ଛେଦ ହୋଇପାରି ନାହିଁ। ସେ ଡିଜିପି ଶତ୍ରୁଜିତ କପୁରଙ୍କ ବହିଷ୍କାର ଦାବି କରୁଥିବାବେଳେ ସରକାର ତାଙ୍କୁ ଛୁଟିରେ ପଠାଇ ଦେଇଛନ୍ତି। ପୁରନଙ୍କ ମାମଲାର ତଦନ୍ତ ଚାଲିଥିବାବେଳେ ରାଜ୍ୟର ଆଉ ଜଣେ ପୁଲିସ ଅଧିକାରୀ ତଥା ଆସିଷ୍ଟାଣ୍ଟ ସବ୍-ଇନସପେକ୍ଟର (ଏଏସଆଇ) ସନ୍ଦୀପ କୁମାର ମଙ୍ଗଳବାର ନିଜକୁ ଗୁଳି ମାରି ଆତ୍ମହତ୍ୟା କରିଛନ୍ତି। ଲାଢୌତ ରୋଡରେ ଥିବା ତାଙ୍କ ମାମୁଁ ଘରୁ ସନ୍ଦୀପଙ୍କ ମୃତଦେହ ମିଳିଛି। ଏହା ପୁରନଙ୍କ ମାମଲାକୁ ନୂଆ ମୋଡ ଦେଇଛି। ସନ୍ଦୀପ ମୃତ୍ୟୁ ପୂର୍ବରୁ ଭିଡିଓ ରେକର୍ଡିଂ ଏବଂ ୪ ପୃଷ୍ଠାର ସୁଇସାଇଡ ନୋଟ୍ ଲେଖି ଯାଇଛନ୍ତି। ରୋହତକ ସାଇବର ସେଲ୍‌ରେ ମୁତୟନ ହୋଇଥିବା ଏହି ଏଏସଆଇ ସତ୍ୟ ପାଇଁ ଜୀବନ ଦେଇଥିବା ଉଲ୍ଲେଖ କରିଛନ୍ତି। ଦେଶର ଲୋକେ ବଳିଦାନ ପରେ ଚେତିଥାନ୍ତି। ତେଣୁ ଭଗତ ସିଂହଙ୍କ ପରି ଲୋକଙ୍କୁ ସତ କ'ଣ ଜଣାଇବା ପାଇଁ ବଳିଦାନ ଦେଉଥିବା ସନ୍ଦୀପ କହିଛନ୍ତି।



ପୂର୍ବତନ ଆଇଜି ପୁରନ ଏବଂ ତାଙ୍କ ଗନ୍‌ମ୍ୟାନ ସୁଶୀଲ କୁମାରଙ୍କ ବିରୋଧରେ ଏଏସଆଇ ଗୁରୁତର ଅଭିଯୋଗ ଲଗାଇଛନ୍ତି। ପୁରନ ଜଣେ ଦୁର୍ନୀତିଗ୍ରସ୍ତ ଅଧିକାରୀ ଥିଲେ। ରୋହତକ ରେଞ୍ଜରେ ମୁତୟନ ହେବା ପରେ ସେ ବ୍ୟବସ୍ଥାକୁ ହାଇଜ୍ୟାକ କରି ନେଇଥିଲେ। ଜାତିଗତ ଭେଦଭାବ ଆରମ୍ଭ କରିଦେଇଥିଲେ। ଜାତି ଦେଖି ଅଧିକାରୀଙ୍କୁ ହଟାଇ ଦେଉଥିଲେ। ସଦର ଥାନାର ଏକ ହତ୍ୟା ମାମଲା ପାଇଁ ସେ ୫୦ କୋଟି ଟଙ୍କାର ଡିଲ୍ କରିଥିଲେ। ସଚ୍ଚୋଟ ଅଧିକାରୀଙ୍କ ବଦଳରେ ପୁରନ ଦୁର୍ନୀତିଗ୍ରସ୍ତଙ୍କୁ ମୁତୟନ କରିଥିଲେ। ଏମାନେ ଫାଇଲକୁ ପକାଇ ରଖୁଥିଲେ। ମାନିସକ ଉତ୍ପୀଡ଼ନ ଦେଇ ଟଙ୍କା ମାଗୁଥିଲେ। ବଦଳି ଚାହୁଁଥିବା ମହିଳା ଅଧିକାରୀଙ୍କୁ ମଧ୍ୟ ଯୌନ ଉତ୍ପୀଡ଼ନ ଦିଆଯାଉଥିଲା। ଦୁର୍ନୀତି ମାମଲା ସାମ୍ନାକୁ ଆସିବା ପରେ ପୁରନଙ୍କୁ ବଦଳି କରାଯାଇଥିଲା। ଦୁର୍ନୀତି ମାମଲାରେ ଧରା ପଡ଼ିଯିବା ଭୟରେ ପୁରନ ଆତ୍ମହତ୍ୟା କରିଥିଲେ। ଏହା ଉଜାଗର ହୋଇଗଲେ ପାରିବାରିକ ରାଜନୀତି ଉପରେ ପ୍ରଭାବ ପଡିବ ବୋଲି ସେ ଭୟ କରି ଚରମ ନିଷ୍ପତ୍ତି ନେଇଥିଲେ। ଡିଜିପି ଜଣେ ସଚ୍ଚୋଟ ବ୍ୟକ୍ତି। ଡିଜିପି ଚାଲିଗଲେ ମଲେଇ ଖାଇବେ ବୋଲି ଆଇଏଏସ ଲବି ଭାବୁଛନ୍ତି। ଏମାନେ ଦେଶକୁ ନଷ୍ଟ କରୁଛନ୍ତି। ସାରା ରାଜ୍ୟରେ ଜାତିର ବିଷ ଓଗାଳି ସଚ୍ଚୋଟ, କର୍ମଠଙ୍କୁ ପ୍ରତାଡ଼ନା ଦେଉଛନ୍ତି। ସେଥିପାଇଁ ଅନ୍ତିମ ସଂସ୍କାର କରାଯାଉ ନାହିଁ।

ସନ୍ଦୀପଙ୍କ ଅନୁଯାୟୀ, ଦେଶ ଏବଂ ସମାଜ ପାଇଁ ଆଗକୁ ବଢ଼ିବା ବହୁତ ଜରୁରୀ। ଦୁର୍ନୀତିଗ୍ରସ୍ତ ଅଧିକାରୀ ଦୁର୍ନୀତି ବିରୋଧୀ ଲଢେଇକୁ ଦୁର୍ବଳ କରିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଆମ ଶରୀରରେ ଦେଶଭକ୍ତି ଭରି ହୋଇ ରହିଛି ବୋଲି ଭୁଲି ଯାଇଛନ୍ତି। ମୋ ଭଳି ଶହେ ଜୀବନ ବାଜି ଲଗାଇ ଦେବୁ ପଛେ ଦେଶକୁ ନଇଁବାକୁ ଦେବୁନି। ସତ୍ୟର ହିଁ ବିଜୟ ହେବ। ଏହ ଲଢେଇ ପାଇଁ ମୁଁ ପ୍ରଥମ ଆହୂତି ଦେଉଛି। ଅନ୍ୟପକ୍ଷରେ ପୁରନ ମୃତ୍ୟୁ ପୂର୍ବରୁ ଅନେକ ଆଇଏଏସ, ଆଇପିଏସ ଅଧିକାରୀଙ୍କ ସମେତ ଓକିଲଙ୍କ ସହ କଥା ହୋଇଥିଲେ ବୋଲି ଜଣାପଡ଼ିଛି।

### ସରକାର ତାମସା ବନ୍ଦ କରନ୍ତୁ:ରାହୁଲ

ହରିୟାଣାର ବରିଷ୍ଠ ଆଇପିଏସ ଅଧିକାରୀ ୱାଇ ପୁରନଙ୍କ ଆତ୍ମହତ୍ୟାକୁ ୭ ଦିନ ବିତିଗଲାଣି। ମାତ୍ର ଏ ପର୍ଯ୍ୟନ୍ତ ମୃତଦେହର ବ୍ୟବଚ୍ଛେଦ ହୋଇପାରି ନାହିଁ। ଏହି ଘଟଣାକୁ ନେଇ ଅଡୁଆ ବଢୁଥିବାବେଳେ ଛିଡ଼ିବାର ନା ଧରୁନି। ମଙ୍ଗଳବାର ସକାଳେ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ପୀଡ଼ିତଙ୍କ ପରିବାରକୁ ସାକ୍ଷାତ କରିଛନ୍ତି। ଏହି ସମୟରେ ରାହୁଲ କହିଥିଲେ ଯେ ସରକାର ତାମସା ବନ୍ଦ କରନ୍ତୁ। ଆଇପିଏସଙ୍କ ପରିବାର ଉପରେ ଚାପ ପକାଯାଉଛି। ଏପରି ନ ହେବା ଉଚିତ। ସରକାରୀ ଅଧିକାରୀଙ୍କୁ ଗିରଫ କରାଯାଉ ଏବଂ ଦିବଂଗତକୁ ଅପମାନିତ କରା ନ ଯାଉ।

### ୧୦% କମିଶନ ଲାଗି ଗଲା ୨୫ ଶିଶୁଙ୍କ ଜୀବନ

# ୨.୫୬ ଟଙ୍କା ପାଇଁ ଡାକ୍ତର ଲେଖୁଥିଲେ କୋଲ୍‌ଡ୍ରିଫ

ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ଲୋକଙ୍କ ବିଶ୍ୱାସରେ ବିଷ ଦେଇ ଚାଲିଥିବା କମିଶନ ଖେଳର ପର୍ଦ୍ଦାଫାସ ହୋଇଛି। କୋଲ୍‌ଡ୍ରିଫ କଫ ସିରପକୁ ନେଇ ବିଚଳିତ କରିବା ଭଳି ମାମଲା ସାମ୍ନାକୁ ଆସିଛି। ଏଥିରେ ଦେଶରେ ମେଡିସିନ୍ ଲେଖିବା ପାଇଁ ଚାଲିଥିବା କମିଶନ ଖେଳର ପର୍ଦ୍ଦାଫାସ ହୋଇଛି। ସାମାନ୍ୟ କିଛି ଟଙ୍କାର ଲୋଭ ପାଇଁ ଡାକ୍ତର ରୋଗୀଙ୍କ ଜୀବନ ସହ ଖେଳିଥିଲେ। ମାତ୍ର ୧୦ ପ୍ରତିଶତ କମିଶନ ପାଇଁ ଡାକ୍ତର ଶିଶୁଙ୍କୁ ଏହି ବିଷାକ୍ତ କୋଲ୍‌ଡ୍ରିଫ ସିରପ ଲେଖୁଥିବା ଜଣାପଡ଼ିଛି। ଯେତିକି ଟଙ୍କା ଏହି କଫ ସିରପ ଲେଖିବା ପାଇଁ ଡାକ୍ତର ନେଉଥିଲେ ତାହାକୁ କେହି ସହଜରେ ବି ବିଶ୍ୱାସ କରିପାରିବେ ନାହିଁ। କେତେ ଟଙ୍କାରେ ଶିଶୁଙ୍କ ଜୀବନକୁ ବିକ୍ରି କରିଦିଆଗଲା ତାହା ବି କେହି କଳ୍ପନା କରିପାରିବେନି। ଡାକ୍ତର ଲେଖୁଥିବା କଫ ସରିପ ପିଇ ମଧ୍ୟପ୍ରଦେଶରେ ୨୩ ଶିଶୁ ପ୍ରାଣ ହରାଇ ଥିଲେ। ଗୋଟିଏ କଫ ସିରପ ପାଇଁ ଡାକ୍ତରଙ୍କୁ ୧୦ ପ୍ରତିଶତ ତଥା ମାତ୍ର ୨ଟଙ୍କା ୫୪ ପଇସା କମିଶନ ମିଳୁଥିଲା। ଏହି କଫ ସିରପ ବୋତଲ ମାତ୍ର ୨୪.୫୪ ଟଙ୍କାରେ ବିକ୍ରି ହେଉଥିଲା। ଏହାକୁ ଲେଖୁଥଇବାରୁ ପ୍ରତ୍ୟେକ ବୋତଲ ପିଛା ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଡାକ୍ତରଙ୍କୁ ୨ଟଙ୍କା ୫୪ ପଇସା କମିଶନ ପ୍ରଦାନ କରୁଥିଲା।

ପୁଲିସ ଅଭିଯୋଗ କରିଛି ଯେ ପରାସିଆର ସରକାରୀ ସ୍ୱାସ୍ଥ୍ୟକେନ୍ଦ୍ରରେ ମୁତୟନ ଶିଶୁରୋଗ ଡାକ୍ତର ପ୍ରବୀଣ

**ଭାରତର ତିନି କଫ ସିରପ ବିରୋଧରେ 'ହୁ'ରେ ଚେତାବନୀ**

**କୋଲଡ୍ରିଫ, ରେସ୍ପିଫ୍ରେସ ଟିଆର, ରିଲାଇଫ ସାମିଲ**

ସୋନି କ୍ରମାଗତ ଭାବେ କୋଲ୍ଡରିଫ ଲେଖିବା ଜାରି ରଖିଥିଲେ। କେନ୍ଦ୍ର ପକ୍ଷରୁ ଫିକ୍ସଡ-ଡୋଜ କମ୍ବିନେସନ (ଏଫଡିସି) ନିଷିଦ୍ଧ କରାଯାଇଥିବାବେଳେ ସେ ଘରୋଇ ଭାବେ ରୋଗୀ ଦେଖୁଥିବାବେଳେ ଏହାକୁ ଲେଖୁଥିଲେ। ଏହା ପିଇ ଶିଶୁଙ୍କ ଜୀବନ ଯାଉଥିବା ଜାଣି ବି ସୋନି ଏପରି କରୁଥିଲେ। ତାମିଲନାଡୁର ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଦ୍ୱାରା ପ୍ରସ୍ତୁତ କୋଲଡ୍ରିଫରେ ଡାଇଏଥିଲିନ ଗ୍ଲାଇକଲ (ଡିଇଜି) ମାତ୍ରା ଧାର୍ଯ୍ୟ ସୀମାଠାରୁ ୫୦୦ ଗୁଣ ଅଧିକ ଥିଲା। ଏହା ଶିଶୁଙ୍କ କିଡ୍‌ନୀ (ବୃକକ) ଉପରେ ପ୍ରଭାବ ପକାଉ ଥିଲା। ଫଳରେ ଶିଶୁଙ୍କ ଜୀବନ ଯାଇଥିଲା।



ଏବେ ଡ. ସୋନି ଏବଂ ଶ୍ରୀସେନର ମାଲିକ ରଙ୍ଗନାଥନ ପୁଲିସ ହେପାଜତରେ ଅଛନ୍ତି। ତାମିଲନାଡୁ ସରକାର ଏହି କମ୍ପାନୀକୁ ବନ୍ଦ କରିଦେଇଛନ୍ତି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) କମ୍ପାନୀର ବିଭିନ୍ନ ଠିକଣାରେ ଚଢ଼ଉ କରିଛି। ଅନ୍ୟପକ୍ଷରେ ଭାରତର ତିନି ଅପମିଶ୍ରିତ କଫ ସିରପକୁ ନେଇ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ (ହୁ) ସୋମବାର ଚେତାବନୀ ଜାରି କରିଛି। ଏଥିରେ ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସର କୋଲଡ୍ରିଫ, ରେଡନେକ୍ସ ଫାର୍ମାସ୍ୟୁଟିକାଲ୍ସର ରେସ୍ପିଫ୍ରେଶ ଟିଆର ଏବଂ ସେପ ଫାର୍ମାର ରିଲାଇଫ ସାମିଲ ରହିଛି।'ହୁ' ପକ୍ଷରୁ କୁହାଯାଇଛି ଯେ ଏହି ତିନୋଟି କଫ ସିରପ ଗମ୍ଭୀର ବିପଦ ସୃଷ୍ଟି କରିପାରେ। ଏହା ଜୀବନ ପାଇଁ ବିପଦ ସୃଷ୍ଟି କରୁଥିବା ରୋଗର କାରଣ ପାଲଟି ପାରେ। ଯଦି ଏହି ଔଷଧ ମିଳୁଛି ତେବେ ଏହାର ସୂଚନା ଦେବା ପାଇଁ 'ହୁ' ସବୁ ଦେଶଙ୍କୁ କହିଛି।

ଅକ୍ଟୋବର ୯ରେ ଏହି ସିରପକୁ ନେଇ 'ହୁ' ଭାରତକୁ ଜବାବ ମାଗିଥିଲା। କୌଣସି ଦେଶକୁ ଏହା ପଠା ଯାଇଛି କି ନାହିଁ ତାହାର ଉତ୍ତର ମାଗିଥିଲା। ଭାରତରେ ଔଷଧ ଉପରେ ନଜର ରଖୁଥିବା ସିଡିଏସସିଓ ପକ୍ଷରୁ ଏ ନେଇ କୁହାଯାଇଥିଲା ଯେ କୌଣସି ଅପମିଶ୍ରିତ ଔଷଧ ବାହାରକୁ ପଠାଯାଇ ନାହିଁ।

### ବାଂଲାଦେଶ, ନେପାଳ ପରେ ମାଡାଗାସ୍କର

## କ୍ଷମତା ବଦଳାଇଦେଲେ ଜେନ୍-ଜେଡ୍

ଅଣ୍ଟାନାନରିଭୋ, ୧୪।୧୦ (ଏଜେନ୍ସି): ପୁଣି ଜେନ୍-ଜେଡ୍ ଗୋଷ୍ଠୀ ଏକ ଦେଶରେ ରାଜନୈତିକ ପରିବର୍ତ୍ତନ ଆଣିଛନ୍ତି। ଚଳିତ ଥର ଏହି ଆନ୍ଦୋଳନ ଏସିଆରୁ ଆଫ୍ରିକାକୁ ବ୍ୟାପି ଯାଇଛି। ଶ୍ରୀଲଙ୍କା, ବାଂଲାଦେଶ, ନେପାଳ ପରେ ଏବେ ମାଡାଗାସ୍କରରେ ଜେନ୍-ଜେଡ୍ ଏକତା ପ୍ରଦର୍ଶନ କରି ସରକାରଙ୍କୁ ଗାଦିଚ୍ୟୁତ କରିଛନ୍ତି। ଜଳାଭାବରୁ ଆରମ୍ଭ ହୋଇଥିବା ଏହି ବିକ୍ଷୋଭ ପ୍ରଦର୍ଶନ ରାଷ୍ଟ୍ରପତି ଏଣ୍ଡ୍ରି ରାଜୋଏଲିନା ଦେଶ ଛାଡ଼ି ଫେରାର ହେବା ପରେ ଶାନ୍ତ ହୋଇଛି। ବିକ୍ଷୋଭକାରୀଙ୍କୁ ସେନାର ସମର୍ଥନ ମିଳିବା ପରେ ରାଷ୍ଟ୍ରପତି ଦେଶ ଛାଡ଼ି ପଳାଇଥିବା ବିରୋଧୀ ଦଳ ନେତା ସିଟେନି ରନ୍ଦ୍ରିୟାନା ସୋଲୋନିକୋ କହିଛନ୍ତି। ରାଷ୍ଟ୍ରପତି ସେନା ବିମାନରେ ଫ୍ରାନ୍ସ ପଳାଇ ଯାଇଥିବା ସୂଚନା ମିଳିଛି। ଏହା ପୂର୍ବରୁ ସୋମବାର ରାତିରେ ରାଷ୍ଟ୍ରପତି ସମ୍ବୋଧନ କରିବେ ବୋଲି ତାଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଥିଲା।

**ଜଳାଭାବରୁ ଆରମ୍ଭ ହୋଇଥିଲା ବିକ୍ଷୋଭ**

**ସେନା ବିମାନରେ ଫ୍ରାନ୍ସ ପଳାଇଲେ ରାଷ୍ଟ୍ରପତି**

ରିପୋର୍ଟ ଅନୁଯାୟୀ, ରବିବାର ଫ୍ରାନ୍ସ ସେନା ବିମାନରେ ଏଣ୍ଡ୍ରି ଦେଶ ଛାଡ଼ି ପଳାଇଛନ୍ତି। ସେ ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରନଙ୍କ ସହ ଏକ ଚୁକ୍ତି କରିଥିଲେ ବୋଲି କୁହାଯାଉଛି। ସେନାର ସବୁଠାରୁ ଶକ୍ତିଶାଳୀ ସ୍ପେସିଆଲ ୟୁନିଟ (କ୍ୟାପସାଟ) ସମର୍ଥନ ଦେବାକୁ ମନା କରିବାରୁ ଏଣ୍ଡ୍ରିଙ୍କ ସ୍ଥିତି ଦୁର୍ବଳ ହୋଇ ଯାଇଥିଲା। ଏହି ୟୁନିଟ ୨୦୦୯ର ପଟ ପରିବର୍ତ୍ତନ ପରେ କ୍ଷମତା ହାସଲ କରିବାରେ ତାଙ୍କୁ ସହାୟତା କରିଥିଲା। ଏବେ ସେହି କ୍ୟାପସାଟ ବିକ୍ଷୋଭକାରୀଙ୍କୁ ସୁରକ୍ଷା ଦେଇଥିଲା। କ୍ଷମତା ଅକ୍ତିଆର କରି ଗୁଳି ନ ଚଳାଇବାକୁ ସେନାକୁ ନିର୍ଦ୍ଦେଶ ଦେଇଥିଲା। ଏହା ଫଳରେ ଅନେକ ମନ୍ତ୍ରୀ ନିଜ ପଦରୁ ଇସ୍ତଫା ଦେଇଥିଲେ।

### ଦ୍ୱିତୀୟ ଟେଷ୍ଟରେ ୱେଷ୍ଟଇଣ୍ଡିଜ ୭ ୱିକେଟ୍‌ରେ ପରାସ୍ତ

# ଭାରତର କ୍ରମାଗତ ୧୦ମ ଟେଷ୍ଟ ସିରିଜ୍ ବିଜୟ

ନୂଆଦିଲ୍ଲୀ, ୧୪ ।୧୦ (ଏଜେନ୍ସି):




ସ୍ଥାନୀୟ ଅରୁଣ ଜେଟଲୀ ଷ୍ଟାଡିୟମରେ ଭ୍ରମଣକାରୀ ୱେଷ୍ଟଇଣ୍ଡିଜ ବିପକ୍ଷରେ ଚାଲିଥିବା ଅନ୍ତିମ ତଥା ୨ୟ ଟେଷ୍ଟକୁ ଭାରତ ୭ ୱିକେଟ୍‌ରେ ସହଜରେ ଜିତିନେଇଛି । ପୂର୍ବରୁ ପ୍ରଥମ ମ୍ୟାଚକୁ ଏକ ଇନିଂସ ଓ ୧୪୦ ରନରେ ଜିତିଥିବା ଘରୋଇ ଭାରତ ଏଥିସହ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିନେଇଛି । ୱେଷ୍ଟଇଣ୍ଡିଜ ବିପକ୍ଷରେ ଭାରତର ଏହା କ୍ରମାଗତ ୧୦ମ ଟେଷ୍ଟ ସିରିଜ ବିଜୟ ହୋଇଛି । ୨୦୦୨ରୁ ଏହି ଦୁଇ ଦଳ ମଧ୍ୟରେ ଖେଳାଯାଇଥିବା ସମସ୍ତ ଟେଷ୍ଟ ସିରିଜକୁ ଭାରତ ଜିତିଛି । ଏଥିସହ ଗୋଟିଏ ଦେଶ ବିପକ୍ଷରେ କ୍ରମାଗତ ଭାବେ ସର୍ବାଧିକ ଟେଷ୍ଟ ସିରିଜ ଜିତିବାରେ ଦକ୍ଷିଣ ଆଫ୍ରିକା ସହ ଭାରତ ସମକକ୍ଷ ହୋଇଛି । ଦକ୍ଷିଣ ଆଫ୍ରିକା ଦଳ ୧୯୯୮ରୁ ୨୦୨୪ ମଧ୍ୟରେ ୱେଷ୍ଟଇଣ୍ଡିଜ ସହ ଖେଳାଯାଇଥିବା ସମସ୍ତ ୧୦ଟି ସିରିଜ ଜିତିଥିଲା ।

ଦ୍ୱିତୀୟ ଟେଷ୍ଟରେ ୱେଷ୍ଟଇଣ୍ଡିଜ ପକ୍ଷରୁ ଧାର୍ଯ୍ୟ ୧୨୧ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଭାରତ ସୋମବାର ଚତୁର୍ଥ ଦିବସ ଷ୍ଟମ୍ପ ସୁଦ୍ଧା ଗୋଟିଏ ୱିକେଟ୍ ହରାଇ ୬୩ ରନ ସଂଗ୍ରହ କରିଥିଲା । ମଙ୍ଗଳବାର ମ୍ୟାଚର ଅନ୍ତିମ ତଥା ୫ମ ଦିବସରେ ଭାରତ ବିଜୟ ଲାଗି ଆବଶ୍ୟକ ଥିବା ୫୮ ରନ ଲାଗି ଆଉ ୨ଟି ୱିକେଟ ହରାଇଥିଲା । ଲୋକେଶ ରାହୁଲ ୫୮ ଓ ଧ୍ରୁବ ଜୁରେଲ ୬ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିବା ସହ ଦଳକୁ ବିଜୟୀ କରାଇଥିଲେ । ପୂର୍ବରାତିରୁ ଅପରାଜିତ ରହିଥିବା ସାଇ ସୁଦର୍ଶନ ୩୯ ରନରେ ଆଉଟ୍ ହୋଇଥିଲେ । ସେହିଭଳି ଅଧିନାୟକ ଶୁବମନ ଗିଲ୍ ମଧ୍ୟ ୧୩ ରନ କରି ପ୍ରତିପକ୍ଷ ଅଧିନାୟକ ରୋଷ୍ଟନ ଚେଜଙ୍କ ଶିକାର ହୋଇଥିଲେ । ୱେଷ୍ଟଇଣ୍ଡିଜ ପାଇଁ ଚେଜ୍ ୨ଟି ଓ ଜାମେଲ ୱାରିକାନ ଗୋଟିଏ ୱିକେଟ୍ ପାଇଥିଲେ । ପୂର୍ବରୁ ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଭାରତ ଯଶସ୍ୱୀ ଜୟସ୍ୱାଲ (୧୭୫) ଓ ଶୁବମନ (୧୨୯)ଙ୍କ ଶତକ ବଳରେ ୫ ୱିକେଟରେ ୫୧୮ ରନ କରି ପ୍ରଥମ ଇନିଂସ ଘୋଷଣା କରିଥିଲା । ଜବାବରେ ୱେଷ୍ଟଇଣ୍ଡିଜ ପ୍ରଥମ ପାଳିରେ ୨୪୮ ରନରେ ସୀମିତ ରହି ଫଲୋଅନ ହୋଇଥିଲା । ଫଲୋଅନ ପରେ ୱେଷ୍ଟଇଣ୍ଡିଜ ଦ୍ୱିତୀୟ ପାଳିରେ ଜନ୍ କ୍ୟାମ୍ପବେଲ୍ (୧୧୫) ଓ ସାଇ ହୋପ୍ (୧୦୩)ଙ୍କ ଶତକ ସହାୟତାରେ ୩୯୦ ରନର ସମ୍ମାନଜନକ ସ୍କୋର କରିଥିଲା । ଏଠାରେ ମୋଟ୍ ୮ଟି ୱିକେଟ୍ ନେଇଥିବା କୁଲଦୀପ୍ ଯାଦବ ମ୍ୟାଚର ଏବଂ ୮ ୱିକେଟ୍ ସହ ୧୦୪ ରନ କରିଥିବା ରବୀନ୍ଦ୍ର ଜାଡେଜା ସିରିଜର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ । ଜାଡେଜା ତାଙ୍କ ଟେଷ୍ଟ କ୍ୟାରିୟରରେ ୩ୟଥର ଲାଗି ସିରିଜର ଶ୍ରେଷ୍ଠ ଖେଳାଳି ପୁରସ୍କାର ହାସଲ କରିଛନ୍ତି । ଏଥିପୂର୍ବରୁ ସେ ୨୦୧୭ ଓ ୨୦୨୩ରେ ଅଷ୍ଟ୍ରେଲିଆ ବିପକ୍ଷ ଟେଷ୍ଟ ସିରିଜରେ ଶ୍ରେଷ୍ଠ ଖେଳାଳି ହୋଇଥିଲେ ।

**୧୯ରୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ ଆରମ୍ଭ**

ୱେଷ୍ଟଇଣ୍ଡିଜ ବିପକ୍ଷ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିବା ପରେ ଭାରତୀୟ ଦଳ ଏବେ ଅଷ୍ଟ୍ରେଲିଆ ଗସ୍ତ କରିବ । ଘରୋଇ ଅଷ୍ଟ୍ରେଲିଆ ବିପକ୍ଷରେ ଭାରତ ଆସନ୍ତା ସପ୍ତାହରୁ ସୀମିତ ଓଭର ସିରିଜ ଖେଳିବ । ଅକ୍ଟୋବର ୧୯ରୁ ଦୁଇ ଦଳ ମଧ୍ୟରେ ୩ ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଖେଳାଯିବ । ଏହାପରେ ପାଞ୍ଚମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଅକ୍ଟୋବର ୨୯ରୁ କାନବେରାରୁ ଆରମ୍ଭ ହେବ ।

**ଗୋଟିଏ ଦଳ ବିପକ୍ଷରେ କ୍ରମାଗତ ଟେଷ୍ଟ ସିରିଜ ବିଜୟ**

| ଦଳ | ସିରିଜ | ପ୍ରତିପକ୍ଷ | ସମୟ |
|---|---|---|---|
| ଭାରତ | ୧୦ | ୱେଷ୍ଟଇଣ୍ଡିଜ | ୨୦୦୨-୨୫ |
| ଦ.ଆଫ୍ରିକା | ୧୦ | ୱେଷ୍ଟଇଣ୍ଡିଜ | ୧୯୯୮-୨୪ |
| ଅଷ୍ଟ୍ରେଲିଆ | ୯ | ୱେଷ୍ଟଇଣ୍ଡିଜ | ୨୦୦୦-୨୨ |
| ଅଷ୍ଟ୍ରେଲିଆ | ୮ | ଇଂଲଣ୍ଡ | ୧୯୮୯-୨୦୦୩ |
| ଶ୍ରୀଲଙ୍କା | ୮ | ଜିମ୍ବାୱେ | ୧୯୯୬-୨୦ |

**ଭାରତ ମାଟିରେ କ୍ରମାଗତ ଟେଷ୍ଟ ମ୍ୟାଚ୍ ପରାଜୟ**

| ମ୍ୟାଚ୍ | ଦଳ | ସମୟ |
|---|---|---|
| ୭ | ଅଷ୍ଟ୍ରେଲିଆ | ୨୦୦୮-୧୩ |
| ୬ | ଶ୍ରୀଲଙ୍କା | ୧୯୮୬-୯୪ |
| ୬ | ନ୍ୟୁଜିଲାଣ୍ଡ | ୨୦୧୦-୧୬ |
| ୬ | ୱେଷ୍ଟଇଣ୍ଡିଜ | ୨୦୧୩-୨୫ |

**ଟେଷ୍ଟରେ ଗୋଟିଏ ଦଳ ବିପକ୍ଷରେ ସର୍ବାଧିକ ଅପରାଜେୟ ଧାରା**

| ଦଳ | ମ୍ୟାଚ୍ | ପ୍ରତିପକ୍ଷ | ସମୟ |
|---|---|---|---|
| ଇଂଲଣ୍ଡ | ୪୭ | ନ୍ୟୁଜିଲାଣ୍ଡ | ୧୯୩୦-୭୫ |
| ଇଂଲଣ୍ଡ | ୩୦ | ପାକିସ୍ତାନ | ୧୯୬୧-୮୨ |
| ୱେଷ୍ଟଇଣ୍ଡିଜ | ୨୯ | ଇଂଲଣ୍ଡ | ୧୯୭୬-୮୮ |
| ଭାରତ | ୨୭ | ୱେଷ୍ଟଇଣ୍ଡିଜ | ୨୦୦୨-୨୫ |
| ଅଷ୍ଟ୍ରେଲିଆ | ୨୪ | ଦ.ଆଫ୍ରିକା | ୧୯୧୧-୫୨ |
| ୱେଷ୍ଟଇଣ୍ଡିଜ | ୨୪ | ଭାରତ | ୧୯୪୮-୭୧ |

## ଜାତୀୟସ୍ତରରେ ଅଞ୍ଚଳ ମହାବିଦ୍ୟାଳୟ ଛାତ୍ରୀ ଜିତିଲେ ୩ ପଦକ



ଭୁବନେଶ୍ୱର, ୧୪ ।୧୦ (ସମିସ): ଦୁଇ ଦୁଇଟି ଜାତୀୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ପକ୍ଷରୁ ପ୍ରତିନିଧିତ୍ୱ କରି ଅଞ୍ଚଳ ମହାବିଦ୍ୟାଳୟର ଛାତ୍ରୀମାନେ ୩ଟି ପଦକ ବିଜୟୀ ହୋଇଛନ୍ତି । ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମରେ ଶେଷ ହୋଇଥିବା ୧୮ତମ ସିନିଅର ଜାତୀୟ ଗେଟବଲ୍ ଚାମ୍ପିଅନସିପ୍‌ରେ ମହାବିଦ୍ୟାଳୟର ଛାତ୍ରୀ ନମ୍ରତା କର୍ଣ୍ଣାଲ ସ୍ୱର୍ଣ୍ଣ ବିଜୟୀ ଓଡ଼ିଶା ମହିଳା ଦଳର ସଦସ୍ୟା ରହିଥିଲେ । ସେହିଭଳି ନମ୍ରତା ବ୍ୟକ୍ତିଗତ ଭାବେ ମଧ୍ୟ ରୌପ୍ୟ ପଦକ ସଫଳତା ପାଇଥିଲେ । ସେହିଭଳି ମଧ୍ୟପ୍ରଦେଶର ଭୋପାଳରେ ଅନୁଷ୍ଠିତ ୩୪ତମ ସର୍ବଭାରତୀୟ ଜିଭି ମାଭାଲାଙ୍କର ସୁଟିଂ ଚାମ୍ପିଅନସିପ୍‌ରେ ରଶ୍ମୀ ବାଗ ରୌପ୍ୟ ପଦକ ଜିତିଛନ୍ତି । ସେ କନିଷ୍ଠ ମହିଳା ୫୦ ମିଟର ସୁଟିଂ ଇଭେଣ୍ଟରେ ଦ୍ୱିତୀୟ ହୋଇଥିଲେ । ଉଭୟ ନମ୍ରତା ଓ ରଶ୍ମୀ ବର୍ତ୍ତମାନ ଅଞ୍ଚଳ ମହାବିଦ୍ୟାଳୟରେ ଯଥାକ୍ରମେ ସ୍ନାତକ ଶିକ୍ଷା ବିଭାଗର ପ୍ରଥମ ବର୍ଷ ଓ ସ୍ନାତକ ଇତିହାସ ବିଭାଗର ଅନ୍ତିମ ବର୍ଷର ଛାତ୍ରୀ । ଏହି ସଫଳତା ଲାଗି ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ଖଗେଶ୍ୱର ଦାଶ, କ୍ରୀଡ଼ା ସଂସଦର ଉପ-ସଭାପତି ଅଧ୍ୟାପକ ଷଡ଼ାନନ ଭୋଇ, ଖେଳ ଶିକ୍ଷକ ସଦାନନ୍ଦ ସାହୁ ଓ ସମସ୍ତ ପ୍ରାଧ୍ୟାପକ ଓ ପ୍ରାଧ୍ୟାପିକା ଦୁଇ ଛାତ୍ରୀଙ୍କୁ ଅଭିନନ୍ଦନ ଜଣାଇଛନ୍ତି ।

### ଆଇସିସି ମହିଳା ବିଶ୍ୱକପ୍‌ରେ ବର୍ଷା ବାଧକ

## ଶ୍ରୀଲଙ୍କା-ନ୍ୟୁଜିଲାଣ୍ଡକୁ ୧-୧ ପଏଣ୍ଟ

କଲମ୍ବୋ, ୧୪ ।୧୦ (ଏଜେନ୍ସି): ମଙ୍ଗଳବାର ଘରୋଇ ଶ୍ରୀଲଙ୍କା ଓ ନ୍ୟୁଜିଲାଣ୍ଡ ମଧ୍ୟରେ ଖେଳାଯାଇଥିବା ମହିଳା ଦିନିକିଆ ବିଶ୍ୱକପ୍‌ର ଏକ ମ୍ୟାଚ ବର୍ଷା ଲାଗି ବାତିଲ ହୋଇଛି । ଫଳରେ ଉଭୟ ଦଳ ୧ ପଏଣ୍ଟ ଲେଖାଏ ପାଇଛନ୍ତି । ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଶ୍ରୀଲଙ୍କା ୫୦ ଓଭରରେ ୬ ୱିକେଟ ହରାଇ ୨୫୮ ରନ ସଂଗ୍ରହ କରିଛି । ଦଳ ପକ୍ଷରୁ ଅଧିନାୟିକା ଚାମିରା ଆଟାପାଟ୍ଟୁ ୫୩ ଓ ନୀଳାକ୍ଷୀ ଡି ସିଲଭା ୨୮ ବଲରେ ଅପରାଜିତ ୫୫ ରନର ପାଳି ଖେଳିଥିଲେ । ନ୍ୟୁଜିଲାଣ୍ଡର ଅଧିନାୟିକା ସୋଫି ଡିଭାଇନଙ୍କୁ ୩ଟି ୱିକେଟ୍ ମିଳିଥିଲା । ଏହାପରେ ବର୍ଷା ଲାଗି ରହିବାରୁ ନ୍ୟୁଜିଲାଣ୍ଡ ଇନିଂସ ଆରମ୍ଭ ହୋଇପାରି ନ ଥିଲା । ବୁଧବାର ଇଂଲଣ୍ଡ ଓ ପାକିସ୍ତାନ ମଧ୍ୟରେ ମ୍ୟାଚ୍ ଖେଳାଯିବ ।

## ସୁଲତାନ ଜୋହର କପ୍‌ରେ ହାତ ମିଳାଇଲେ ଭାରତ-ପାକିସ୍ତାନ ଖେଳାଳି

ଜୋହର ବହରୁ, ୧୪ ।୧୦ (ଏଜେନ୍ସି): ମାଲେସିଆରେ ଚାଲିଥିବା ସୁଲତାନ ଜୋହର କପ୍ ଜୁନିଅର (୨୧ ବର୍ଷରୁ କମ୍) ବାଳକ ହକି ଟୁର୍ଣ୍ଣାମେଣ୍ଟରେ ମଙ୍ଗଳବାର ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ମଧ୍ୟରେ ଅନୁଷ୍ଠିତ ମ୍ୟାଚ୍ ଡ୍ର ରହିଛି । ନିର୍ଦ୍ଧାରିତ ୬୦ ମିନିଟ୍ ସମୟ ମଧ୍ୟରେ ଦୁଇ ଦଳ ୩ଟି ଲେଖାଏ ଗୋଲ୍ ସ୍କୋର କରିଥିଲେ । ଫଳରେ ମ୍ୟାଚ୍ ୩-୩ରେ ସମାପ୍ତ ହୋଇଥିଲା । ଭାରତ ପକ୍ଷରୁ ଅରଜିତ୍ ସିଂ ହୁଣ୍ଡାଲ, ସୌରଭ ଆନନ୍ଦ ଓ ମନମିତ୍ ସିଂହ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ । ଫଳରେ ଦୁଇ ଦଳ ଗୋଟିଏ ଲେଖାଏ ପଏଣ୍ଟ ଅର୍ଜନ କରିଛନ୍ତି । ଭାରତ ୩ଟି ମ୍ୟାଚରୁ ୭ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହିଛି । ଏହି ମ୍ୟାଚରେ ଭାରତ ଓ ପାକିସ୍ତାନ ଖେଳାଳି ପରସ୍ପର ହାତ ମିଳାଇବା ଘଟଣା ସବୁଠୁ ଚର୍ଚ୍ଚାର ବିଷୟ ରହିଥିଲା । ଅପରେସନ ସିନ୍ଦୁର ପରେ ଗତ ଏସିଆ କପ୍‌ରେ ଭାରତ ଓ ପାକିସ୍ତାନ ଖେଳାଳି ପରସ୍ପର ହାତ ମିଶାଇ ନ ଥିଲେ । ଯାହାକୁ ନେଇ ବଡ଼ ବିବାଦ ଦେଖାଦେଇଥିଲା ।

## ବାରବାଟୀରେ ଓଡ଼ିଶାର 'ବରୋଦା' ପରୀକ୍ଷା

କଟକ,୧୪।୧୦(ସମିସ): ୫ଥର ରଣଜୀ ଟ୍ରଫି ବିଜେତା ବରୋଦା ବିପକ୍ଷ ମ୍ୟାଚ୍‌ରୁ ଚଳିତ ରଣଜୀ ଟ୍ରଫି ଅଭିଯାନ ଆରମ୍ଭ କରିବ ଓଡ଼ିଶା । ବାରବାଟୀ ଷ୍ଟାଡିୟମର ଘରୋଇ ପରିବେଶରେ ବୁଧବାରଠାରୁ ମ୍ୟାଚ୍ ଖେଳାଯିବ । ବିଗତ ୧୩ ବର୍ଷରେ ଉଭୟ ଦଳ ୫ଥର ମୁହାଁମୁହିଁ ହୋଇଥିବାବେଳେ ବରୋଦା ଅପରାଜେୟ ରହିଛି । ପୁଣିଥରେ ରାଜ୍ୟ ଦଳର ମଙ୍ଗ ଧରିଥିବା ଶୁଭ୍ରାଂଶୁ ଶେଖର ସେନାପତି ଏହି ଧାରା ଭାଙ୍ଗିବା ଲକ୍ଷ୍ୟରେ ରହିଛନ୍ତି । ବାରବାଟୀର ନାଲିମାଟି ପିଚ୍‌ରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନେବାକୁ କ୍ରିକେଟ ସମୀକ୍ଷକଙ୍କ ଭିତରେ ଆଲୋଚନା ହେଉଛି । ଅନ୍ୟପକ୍ଷରେ ଦଳରେ ତିନି ନବାଗତ ସ୍ଥାନ ପାଇଥିବାବେଳେ ଗୌରବ ଚୌଧୁରୀ ବୁଧବାର ପଦାର୍ପଣ କରିବା ନେଇ ଆଶା ରହିଛି ।

ଭାରତୀୟ ଘରୋଇ କ୍ରିକେଟର ସିଜନ୍ ଚଳିତଥର ରଣଜୀ ଟ୍ରଫିରୁ ଆରମ୍ଭ ହେଉଛି । ବାରବାଟୀ ଷ୍ଟାଡିୟମରେ ଶକ୍ତିଶାଳୀ ବରୋଦାକୁ ପ୍ରଥମ ମୁକାବିଲାରେ ଓଡ଼ିଶା ଭେଟିବ । ୨୦୧୨ରୁ ଇତି ମଧ୍ୟରେ ଏହି ଦୁଇ ଦଳ ଭିତରେ ଖେଳାଯାଇଥିବା ୫ଟି ମ୍ୟାଚରୁ ୩ଟି ମ୍ୟାଚ୍‌ରେ ବରୋଦାକୁ ସହଜ ବିଜୟ ମିଳିଥିବା ବେଳେ ୨ଟି ମ୍ୟାଚ୍ ଡ୍ର ରହିଛି । ଏପରିକି ଗତ ସଂସ୍କରଣରେ ବରୋଦାକୁ ଇନିଂସ୍ ବିଜୟ ମିଳିଥିଲା । ୨୯ ବର୍ଷୀୟ ଅତିତ ସେଠ୍ ଚଳିତଥର ବରୋଦା ଦଳର ନେତୃତ୍ୱ ନେଉଛନ୍ତି । ଉପଅଧିନାୟକ ଭାର୍ଗବ ଭଟ୍ଟ, ଜ୍ୟୋସ୍ନିଲ ସିଂହ,ମହେଶ ପିଠିଆ, ବିଷ୍ଣୁ ସୋଲାଙ୍କି, ଲୁକମାନ ମେରିୱାଲା ଭଳି ଚର୍ଚ୍ଚିତ ଖେଳାଳି ଦଳରେ ରହିଛନ୍ତି । ତେବେ ବାରାବାଟୀରେ ବରୋଦାକୁ ଚ୍ୟାଲେଞ୍ଜ ଦେବା ପାଇଁ ପ୍ରସ୍ତୁତ ଅଛୁ ବୋଲି ଓଡ଼ିଶା ଅଧିନାୟକ ଶୁଭ୍ରାଂଶୁ କହିଛନ୍ତି । ବିଶେଷ ସୂତ୍ରରୁ ମିଳିଥିବା ସୂଚନା ମୁତାବକ, ଉପଅଧିନାୟକ ସ୍ୱସ୍ତିକ ସାମଲଙ୍କ ସହ ନବାଗତ ଗୌରବ ଚୌଧୁରୀ ଓପନିଂ ସମ୍ଭାଳିପାରନ୍ତି । ଏକଦିବସୀୟ ଏବଂ ଟି-୨୦ ଫର୍ମାଟରେ ରାଜ୍ୟ ପକ୍ଷରୁ ପ୍ରତିନିଧିତ୍ୱ କରି ସାରିଥିବା ଗୌରବ ରଣଜୀ ଟ୍ରଫିରେ ପଦାର୍ପଣ କରି ପାରନ୍ତି । ଏହାଛଡ଼ା ନବାଗତ ବାଦଲ ବିଶ୍ୱାଳଙ୍କୁ ମଧ୍ୟ ଚୂଡ଼ାନ୍ତ ଏକାଦଶରେ ସ୍ଥାନ ମିଳିପାରେ ବୋଲି କୁହାଯାଉଛି ।



## ଜାତୀୟ ଆଥ୍‌ଲେଟିକ୍ସରେ ତାମିଲନାଡୁର ବାଜିମାତ୍

ଭୁବନେଶ୍ୱର, ୧୪ ।୧୦ (ସମିସ): ଜାତୀୟ ଜୁନିଅର ଆଥ୍‌ଲେଟିକ୍ସର ୪୦ତମ ସଂସ୍କରଣ ମଙ୍ଗଳବାର କଳିଙ୍ଗ ଷ୍ଟାଡିୟମରେ ଉଦଯାପିତ ହୋଇଯାଇଛି । ଏଥିରେ ଓଭରଅଲ୍ ତାମିଲନାଡୁ ୨୮୯ ପଏଣ୍ଟ ରଖି ଚାମ୍ପିଅନ ହୋଇଛି । ୨୮୭ ପଏଣ୍ଟ ସହ ହରିୟାଣା ରନର୍ସଅପ୍ ହୋଇଛି । ଅନ୍ତିମ ଦିବସରେ ଓଡ଼ିଶାର ଆନି ସାଲବାମ ୧୬ ବର୍ଷରୁ କମ୍ ବାଳକ ଜାଭେଲିନ ଥ୍ରୋ'ରେ କାଂସ୍ୟ ପଦକ ବିଜୟୀ ହୋଇଥିଲେ । ଓଡ଼ିଶା ପ୍ରତିଯୋଗିତାରେ ଗୋଟିଏ ସ୍ୱର୍ଣ୍ଣ ଏବଂ ଦୁଇଟି ରୌପ୍ୟ ଓ ୩ଟି କାଂସ୍ୟ ପଦକ ଜିତିଛି ।

## ଏସୀୟ ଟିଟି: ଭାରତୀୟ ପୁରୁଷ ୬ଷ୍ଠ, ମହିଳା ୮ମ

ଭୁବନେଶ୍ୱର, ୧୪ ।୧୦ (ସମିସ): କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ଏସିଆନ୍ ଟେବଲ ଟେନିସ ଚାମ୍ପିଅନସିପ୍‌ରେ ପଦକ ଦୌଡ଼ରୁ ବାଦ୍ ପଡ଼ିସାରିଥିବା ଘରୋଇ ଭାରତୀୟ ପୁରୁଷ ୬ଷ୍ଠ ଓ ମହିଳା ଦଳ ୮ମ ସ୍ଥାନରେ ରହି ଅଭିଯାନ ଶେଷ କରିଛି । ମଙ୍ଗଳବାର କ୍ଲାସିଫିକେଶନ ମ୍ୟାଚରେ ପୁରୁଷ ଦଳ ୩-୦ରେ ଦକ୍ଷିଣ କୋରିଆଠାରୁ ମହିଳା ଦଳ ୩-୨ରେ ହଂକଂ ନିକଟରୁ ହାରିଥିଲା । ଅପରପକ୍ଷରେ ବୁଧବାର ଉଦ୍‌ଯାପନୀ ଦିବସରେ ଚୀନ ଓ ଜାପାନ ମଧ୍ୟରେ ମହିଳା ବିଭାଗ ଫାଇନାଲ ଖେଳାଯିବ । ପୁରୁଷ ବିଭାଗର ପ୍ରଥମ ସେମିରେ ହଂକଂ ୩-୨ରେ ଚାଇନିଜ ତାଇପେଇକୁ ପରାସ୍ତ କରି ଫାଇନାଲରେ ପହଞ୍ଚିଛି । ଚୀନ ଓ ଜାପାନ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଅନୁଷ୍ଠିତ ହେବ ।




# ଆଜିଠୁ ରଣଜୀ ଟ୍ରଫିର ୯୧ତମ ସଂସ୍କରଣ

ନୂଆଦିଲ୍ଲୀ, ୧୪ ।୧୦ (ଏଜେନ୍ସି)



ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ୯୧ତମ ସଂସ୍କରଣ ବୁଧବାରଠାରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବାକୁଯାଉଛି । ଆସନ୍ତା ଫେବ୍ରୁଆରୀ ୨୬ ପର୍ଯ୍ୟନ୍ତ ଚାଲିବାକୁ ଥିବା ଚଳିତ ରଣଜୀ ଟ୍ରଫି ଦୁଇଟି ପର୍ଯ୍ୟାୟରେ ଖେଳାଯିବ । ଅକ୍ଟୋବର ୧୫ରୁ ନଭେମ୍ବର ୧୯ ପର୍ଯ୍ୟନ୍ତ ପ୍ରଥମ ପର୍ଯ୍ୟାୟ ଅନୁଷ୍ଠିତ ହେବ । ଏହାପରେ ଜାନୁଆରୀ ୨୨ରୁ ଫେବ୍ରୁଆରୀ ୨୬ ପର୍ଯ୍ୟନ୍ତ ଅନ୍ତିମ ତଥା ଦ୍ୱିତୀୟ ପର୍ଯ୍ୟାୟ ଖେଳ ଅନୁଷ୍ଠିତ ହେବ । ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟ ମଧ୍ୟରେ ରହିଥିବା ସମୟରେ ସୟଦ ମୁସ୍ତାକ ଅଲି ଟ୍ରଫି (ଟି-୨୦) ଓ ବିଜୟ ହଜାରେ ଟ୍ରଫି (ଦିନିକିଆ) ଖେଳାଯିବାର କାର୍ଯ୍ୟସୂଚୀ ରହିଛି ।

ଏଥର ରଣଜୀ ଟ୍ରଫିରେ ମୋଟ୍ ୩୮ ଗୋଟି ଦଳ ଅଂଶଗ୍ରହଣ କରିବେ । ସେମାନଙ୍କ ମଧ୍ୟରୁ ୩୨ଟି ଦଳ ଏଲିଟ୍ ଗ୍ରୁପ୍‌ରେ ସ୍ଥାନ ପାଇଛନ୍ତି । ସେହିଭଳି ଅନ୍ୟ ୬ଟି ଦଳ ପ୍ଲେଟ୍ ଡିଭିଜନରେ ଖେଳିବେ । ଏଲିଟ୍ ପର୍ଯ୍ୟାୟରେ ୩୨ଟି ଦଳକୁ ୪ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇ ମ୍ୟାଚ୍ ଅନୁଷ୍ଠିତ ହେବ । ବୁଧବାରଠାରୁ ଆରମ୍ଭ ହେବାକୁ ଥିବା ପ୍ରଥମ ରାଉଣ୍ଡରେ ୧୯ଟି ମ୍ୟାଚ୍ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଖେଳାଯିବ । ଡିଫେଣ୍ଡିଂ ଚାମ୍ପିଅନ ବିଦର୍ଭ ବେଙ୍ଗାଲୁରୁରେ ନାଗାଲାଣ୍ଡ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ । ସେହିଭଳି ରେକର୍ଡ ୪୨ଥରର ବିଜେତା ମୁମ୍ବାଇ ପ୍ରଥମ ମ୍ୟାଚରେ ଘରୋଇ ଜମ୍ମୁ କାଶ୍ମୀରକୁ ଶ୍ରୀନଗରରେ ଭେଟିବ । ଗତ ସଂସ୍କରଣର ଉପବିଜେତା କେରଳା ପ୍ରଥମ ମ୍ୟାଚରେ ମହାରାଷ୍ଟ୍ର ସହ ଖେଳିବ ।

**ଏଲିଟ୍ ଗ୍ରୁପ୍ ତାଲିକା**

**ଗ୍ରୁପ୍-ଏ**: ଓଡ଼ିଶା, ଉତ୍ତରପ୍ରଦେଶ, ଆନ୍ଧ୍ରପ୍ରଦେଶ, ତାମିଲନାଡୁ, ଝାଡ଼ଖଣ୍ଡ, ବରୋଦା, ନାଗାଲାଣ୍ଡ, ବିଦର୍ଭ

**ଗ୍ରୁପ୍-ବି**: ସୌରାଷ୍ଟ୍ର, କର୍ଣ୍ଣାଟକ, କେରଳ, ମହାରାଷ୍ଟ୍ର, ଗୋଆ, ଚଣ୍ଡିଗଡ଼, ମଧ୍ୟପ୍ରଦେଶ ଓ ପଞ୍ଜାବ

**ଗ୍ରୁପ୍-ସି**: ରେଳବାଇ, ହରିୟାଣା, ବେଙ୍ଗଲ, ଉତ୍ତରାଖଣ୍ଡ, ଗୁଜରାଟ, ଆସାମ, ସର୍ଭିସେସ, ତ୍ରିପୁରା

**ଗ୍ରୁପ୍-ଡି**: ହାଇଦରାବାଦ୍, ଦିଲ୍ଲୀ, ରାଜସ୍ଥାନ, ଛତିଶଗଡ଼, ଜମ୍ମୁ କାଶ୍ମୀର, ମୁମ୍ବାଇ, ପୁଡୁଚେରୀ, ହିମାଚଳ ପ୍ରଦେଶ

**ପ୍ଲେଟ ଗ୍ରୁପ୍**: ବିହାର, ଅରୁଣାଚଳ ପ୍ରଦେଶ, ସିକ୍କିମ, ମଣିପୁର, ମେଘାଳୟ, ମିଜୋରାମ


PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS